୨୬ତମ ପ୍ରତିଷ୍ଠା ଦିବସ ସମାରୋହ

ସମ୍ପୂର୍ଣ୍ଣ ନିରପେକ୍ଷ ସାଧାରଣ ଲୋକଙ୍କ ଖବର କାଗଜ

# ପର୍ଯ୍ୟବେକ୍ଷକ

PARYABEKHYAK ପର୍ଯ୍ୟବେକ୍ଷକ

Vol.26 . No.241 Bhubaneswar Wednesday November 06 2024 | ୨୬ତମ ବର୍ଷ ସଂଖ୍ୟା-୨୪୧ ଭୁବନେଶ୍ୱର, ବୁଧବାର, ନଭେମ୍ବର ୦୬, ୨୦୨୪ | (୮ ପୃଷ୍ଠା) | ମୂଲ୍ୟ-୧.୫୦ ₹ 1.50 | (Air Surcharge - 0.50P) | Member-INS

## ନଇଁଲା ଇସ୍କନ; ଅଦିନିଆ ରଥଯାତ୍ରା ବନ୍ଦ



ଭୁବନେଶ୍ୱର,୫।୧୧(ପି.ଏନ): ଗଜପତି ମହାରାଜା ଦିବ୍ୟସିଂହଦେବଙ୍କ ବୟାନ୍ ପରେ ନଇଁଲା ଇସ୍କନ । କରିବାକୁ ଯାଇଥିବା ଅଦିନିଆ ରଥଯାତ୍ରାକୁ ବନ୍ଦ କରିଛି। ଆସନ୍ତା ୯ ତାରିଖରେ ଆମେରିକା ହ୍ୟୁଷ୍ଟନ୍‌ରେ ହେବନି ଇସ୍କନ ରଥଯାତ୍ରା। ଓଡିଆ ଶ୍ରଦ୍ଧାଳୁଙ୍କ ଭାବାବେଗକୁ ବିଚାର କରି ଇସ୍କନ ପକ୍ଷରୁ ଏପରି ନିଷ୍ପତ୍ତି ନିଆଯାଇଛି। ରଥଯାତ୍ରା ବଦଳରେ ସେଦିନ ହେବ ଗୌର ନିତାଇ ସଂକୀର୍ତ୍ତନ ଯାତ୍ରା। ପ୍ରେସ ରିଲିଜ ଜରିଆରେ ଇସ୍କନ ପରିଚାଳନା ପରିଷଦ ପକ୍ଷରୁ ଏନେଇ ସୂଚନା ଦିଆଯାଇଛି।

## ନଭେମ୍ବର ୨୫ରୁ ସଂସଦର ଶୀତ ଅଧିବେଶନ, ୨୦ ଯାଏ ଚାଲିବ



ଭୁବନେଶ୍ୱର,୫।୧୧(ପି.ଏନ): ସଂସଦର ଶୀତ ଅଧିବେଶନ ଆସନ୍ତା ନଭେମ୍ବର ୨୫ରୁ ଆରମ୍ଭ ହେବ। ଏହା ଡିସେମ୍ବର ୨୦ ଯାଏ ଚାଲିବ ବୋଲି ଆଜି ସଂସଦୀୟ ବ୍ୟାପାର ମନ୍ତ୍ରୀ କରି ରିଜିଜୁ ସୂଚନା ଦେଇଛନ୍ତି।୨୫ରୁ ଅଧିବେଶନ ଆରମ୍ଭ ହେଉଥିବା ବେଳେ ଏହାର ଦ୍ୱିତୀୟ ଦିନ ଅର୍ଥାତ ନଭେମ୍ବର ୨୬ ବା ସମ୍ବିଧାନ ଦିବସରେ କେନ୍ଦ୍ରୀୟ ହଲ୍‌ରେ ସ୍ୱତନ୍ତ୍ର କାର୍ଯ୍ୟକ୍ରମ ଅନୁଷ୍ଠିତ ହେବ। ସମ୍ବିଧାନ ଲାଗୁ ହେବାର ୭୫ ବର୍ଷ ପୂର୍ତ୍ତି ପାଇଁ ଏପରି କାର୍ଯ୍ୟକ୍ରମ କରାଯିବ।

## ସ୍ତ୍ରୀଙ୍କୁ ହତ୍ୟା କରି କାନ୍ଦି କାନ୍ଦି ଗଡୁଥିଲେ ସ୍ୱାମୀ!



ଭୁବନେଶ୍ୱର,୫।୧୧(ପି.ଏନ): ସ୍ତ୍ରୀଙ୍କୁ ହତ୍ୟା କରି କାନ୍ଦି କାନ୍ଦି ଗଡି ଯାଇଥିଲେ ସ୍ୱାମୀ! ଆଉ ନିଜକୁ ନିରଦ୍‌ଦୋଷ ପ୍ରମାଣିତ କରିବାକୁ ଚେଷ୍ଟା କରୁଥିଲେ। ହେଲେ ହତ୍ୟାକାରୀ ସ୍ୱାମୀଙ୍କ ସବୁ ଅଭିନୟର ପୋଲ୍ ଖୋଲିଗଲା। ପୁଲିସ୍‌ର ସନ୍ଦେହୀ ଆଖିରୁ ଖସି ପାରିଲା ନାହିଁ ହତ୍ୟାକାରୀ ଅଭିଯୁକ୍ତ। ଘର ଘନ ଜେରା ବେଳେ ନିଜେ ହତ୍ୟା କରି ଅଭିନୟ କରୁଥିବା ସ୍ୱୀକାର କରିଥିବା ପୁଲିସ୍ କହିଛି। ଏପରି ବୀଭତ୍ସ ହତ୍ୟାକାଣ୍ଡ କୋରାପୁଟ ଜିଲ୍ଲାରେ ଘଟିଛି।ନନ୍ଦପୁର ଥାନା ହାଣ୍ଡଲ ତୋଟା ଗାଁର ମହେନ୍ଦ୍ର ଖରା। ୮ ମାସ ତଳେ ସେ ସାବିତ୍ରୀ ଖରାଙ୍କୁ ବିବାହ କରିଥିଲେ। ବିବାହ ପରେ ସବୁ କିଛି ଠିକ୍‌ଠାକ୍ ଚାଲିଥିଲା। ହେଲେ ହଠାତ୍ ପରିବାର ଭିତରେ ସୃଷ୍ଟି ହେଲା ବିବାଦ। ସ୍ୱାମୀ ଓ ସ୍ତ୍ରୀଙ୍କ ମଧ୍ୟରେ କହଳ ଆରମ୍ଭ ହେଲା। ଯେଉଁଥିପାଇଁ ପ୍ରତିଶୋଧ ପରାୟଣା ହୋଇପଡିଲେ ମହେନ୍ଦ୍ର। ପତ୍ନୀଙ୍କୁ ରାସ୍ତାରୁ ହଟାଇବା ପାଇଁ ଯୋଜନା ପ୍ରସ୍ତୁତ ଆରମ୍ଭ କରିଥିଲେ। ସେଥିପାଇଁ ସେ ନିଜର ଦୁଇ ସହଯୋଗୀ ମହେଶ ମାଳି ଓ ସୋମନାଥ ମାଳିଙ୍କ ସହଯୋଗ ଲୋଡିଥିଲେ। ହେଲେ ଏ ସମ୍ପର୍କରେ କୌଣସି ସୂଚନା ପାଇନଥିଲେ ସାବିତ୍ରୀ।

## କିଏ ହେବେ ଓଡିଶା ପିସିସି ସଭାପତି ?

ଭୁବନେଶ୍ୱର,୫।୧୧(ପି.ଏନ): କିଏ ହେବେ ଓଡିଶା ପିସିସି ସଭାପତି। ସରିଛି ଚୟନ ପ୍ରକ୍ରିୟା। ଏଆଇସିସି ଦ୍ୱାରା ନିଯୁକ୍ତ ଦୁଇ ପର୍ଯ୍ୟବେକ୍ଷକ ଶୁଣିଛନ୍ତି ନେତାଙ୍କ ପ୍ରସ୍ତାବ। ଖୁବଶୀଘ୍ର ହାଇକମାଣ୍ଡଙ୍କୁ ରିପୋର୍ଟ ଦେବା ସହ ପିସିସି ସଭାପତିଙ୍କ ନାଁ ଘୋଷଣା କରାଯିବ। ତେବେ ରେସରେ ଦୁଇ ବରିଷ୍ଠ ନେତା ଭକ୍ତଚରଣ ଦାସ ଓ ମହମ୍ମଦ ମୋକିମଙ୍କ ନାଁକୁ ନେଇ ଆରମ୍ଭ ହୋଇଛି ଚର୍ଚ୍ଚା। କାହା ମୁଣ୍ଡରେ ହାଇକମାଣ୍ଡ ସୁନା କଳସ ଢାଳିବେ ତାହାକୁ ଅପେକ୍ଷା କରିଛନ୍ତି ରାଜ୍ୟ କଂଗ୍ରେସ ନେତା ଓ କର୍ମୀ।ସରିଲା ମାନସ ମଂଥନ, ଆସିଲା ନାଁ। ନେତା ବି କହିଲେ ମୁଖିଆ କେମିତି ହେବା ଦରକାର। ରେସର ଆଗରେ ଭକ୍ତ ଓ ମୋକିମ । ପର୍ଯ୍ୟବେକ୍ଷକଙ୍କ ରିପୋର୍ଟରେ ହାଇକମାଣ୍ଡ ମାରିବେ ମୋହର। କଂଗ୍ରେସ ନେତା ଭକ୍ତ ଚରଣ ଦାସ କିମ୍ବା ମହମ୍ମଦ ମୋକିମ । ଏହି ଦୁଇ ନେତାଙ୍କ ମଧ୍ୟରୁ ଜଣେ ଧରିବେ ଓଡିଶା କଂଗ୍ରେସ ମଙ୍ଗ । ଏଆଇସିସି ଦ୍ୱାରା ନିଯୁକ୍ତ ପର୍ଯ୍ୟବେକ୍ଷକ ଚରଣ ଦାସ ମହନ୍ତ ଓ ମିନାକ୍ଷୀ ନଟରାଜନ ଓଡିଶା ନେତାଙ୍କ ଠାରୁ ମୁଖୀଆ ଚୟନ ମତ ନେଇ ଫେରିବା ପରେ କଂଗ୍ରେସ ଅନ୍ଦର ମହଲରେ ଏଲହି ଦୁଇନେତାଙ୍କୁ ନେଇ ଜୋରଦାର ଚର୍ଚ୍ଚା ।ବିଧାୟକ ତାରା ପ୍ରସାଦ ବାହୀନପତୀ ଖୋଲାଖୋଲି ଭାବେ ଭକ୍ତ ଚରଣ ଦାସଙ୍କୁ ପରବର୍ତ୍ତୀ ପିସିସି ସଭାପତି କରିବାକୁ ଚୟନ କମିଟି ସଦସ୍ୟଙ୍କୁ ପ୍ରସ୍ତାବ ଦେଇଛନ୍ତି । ତାରାଙ୍କ ସହ ଅଧିକାଶ ବିଧାୟକ ଓ ନେତାଙ୍କ ପ୍ରସ୍ତାବ ବି ଭକ୍ତ ଦାସଙ୍କୁ ପିସିସି ସଭାପତି କରିବା ସପକ୍ଷରେ ପ୍ରସ୍ତାବ ଦେଇଛନ୍ତି । ଦିଲ୍ଲୀରେ ମଧ୍ୟ ଭକ୍ତଙ୍କ ଦବଦବା ଥିବାରୁ ପିସିସି ସଭାପତି ରେସରେ ସେ ଅଧିକ ଶକ୍ତିଶାଳୀ ହୋଇଛନ୍ତି । ଅନ୍ୟପଟେ ପୂର୍ବତନ ବିଧାୟକ ମହମ୍ମଦ ମୋକିମଙ୍କୁ ପିସିସି ସଭାପତି କରିବା ଲାଗି ମଧ୍ୟ ଅନ୍ୟଲକ ଗୋଷ୍ଠୀ ଜୋରଦାର ପ୍ରସ୍ତାବ ଦେଇଛନ୍ତି ଚୟନ କମିଟି ପାଖରେ । ପିସିସି ରେସରେ ଆଗରେ ଥିବା ଦୁଇନେତା ଭକ୍ତ ଚରଣ ଦାସ ଓ ମହମ୍ମଦ ମୋକିମ କିନ୍ତୁ କହିଛନ୍ତି ହାଇକମାଣ୍ଡ ସଭାପତି ଦାୟିତ୍ୱ ନେଇ ଯାହା ନିଷ୍ପତି ନେବେ । ଆମେ କଂଗ୍ରେସ ପାଇଁ କାମ କରୁଛୁ ।ବରିଷ୍ଠ ନେତା ଭକ୍ତ ଚରଣ ଦାସ ଦଳର ବରିଷ୍ଠ ନେତା ସହ ବିଭିନ୍ନ ରାଜ୍ୟର ପର୍ଯ୍ୟବେକ୍ଷକ ଦାୟିତ୍ୱ ତୁଲାଇ ଆସିଛନ୍ତି। ଜଣେ ଆଦିବାସୀ ଚେହେରା। ସେହିପରି ସଂଖ୍ୟାଲଘୁ ସମ୍ପ୍ରଦାୟର ସହ କଂଗ୍ରେସର ସଙ୍କଟ ସମୟରେ ପୂର୍ବତନ ବିଧାୟକ ମହମ୍ମଦ ମୋକିମ ହାଇକମାରଣ୍ଡ ଦେଇଥିବା ଦାୟିତ୍ୱକୁ ସଫଳତାର ସହ ତୁଲାଇଛନ୍ତି ।

## ସୁରକ୍ଷାକର୍ମୀଙ୍କ ଉପରକୁ ଗୁଳି ମାଡ କଲେ ଆତଙ୍କବାଦୀ, ଏନକାଉଣ୍ଟର ଜାରି



ଭୁବନେଶ୍ୱର,୫।୧୧(ପି.ଏନ): ଜମ୍ମୁ-କଶ୍ମୀରର ବାନ୍ଦିପୋରାରେ ଆଜି ସୁରକ୍ଷାକର୍ମୀ ଓ ଆତଙ୍କବାଦୀଙ୍କ ମଧ୍ୟରେ ପ୍ରବଳ ଗୁଳି ବିନିମୟ ଆରମ୍ଭ ହୋଇଛି। ଗୁଇନ୍ଦା ସୂଚନା ଆଧାରରେ ଆଜି ସୁରକ୍ଷାକର୍ମୀମାନେ ଉପତ୍ୟକାର ଉତ୍ତରପୂର୍ବ ଅଞ୍ଚଳରେ ସର୍ଚ୍ଚ ଅପରେସନ ଆରମ୍ଭ କରିଥିଲେ। ସେମାନେ ବାନ୍ଦିପୁରର ଚୁନ୍ତାୱାଡି କୈସ୍ତାନ ଅଞ୍ଚଳକୁ କର୍ଡନ କରୁଥିବା ବେଳେ ସେଠାରେ ରହିଥିବା ଆତଙ୍କବାଦୀମାଦେ ଗୁଳି ମାଡ ଆରମ୍ଭ କରିଦେଇଥିଲେ। ଏହାର ଜବାବ ମଧ୍ୟ ସୁରକ୍ଷାକର୍ମୀଙ୍କ ପକ୍ଷରୁ ଦିଆଯାଇଛି।

### ଅସନ୍ତୋଷ ଝାଡିଲେ ଜଗୁନି; କହିଲେ- ଜାଣିଶୁଣି ମନ୍ଦିରକୁ ଭାଙ୍ଗି ଦେଲେ

ଭୁବନେଶ୍ୱର,୫।୧୧(ପି.ଏନ): କୋଟି ଓଡିଆ ଆରାଧ୍ୟ ମହାପ୍ରଭୁଙ୍କ ମେଘନାଦ ପାଚେରୀରେ ଫାଟ ସୃଷ୍ଟି ହୋଇଛି। ଏହାକୁ ନେଇ ଆରମ୍ଭ ହୋଇଛି ବୟାନବାଜି। ଏହି ବୟାନବାଜି ଭିତରେ ଆଜି ମୁହଁ ଖୋଲିଛନ୍ତି ମହାପ୍ରଭୁ ଶ୍ରୀ ଜଗନ୍ନାଥଙ୍କ ମୁଖ୍ୟ ବାଡଗ୍ରାହୀ ଜଗନ୍ନାଥ ସ୍ୱାଇଁ ମହାପାତ୍ର ଓରଫ ଜଗୁନି। ଆଉ ନାଁ ନନେଇ ପୂର୍ବ ସରକାରଙ୍କୁ ଟାର୍ଗେଟ କରିଛନ୍ତି। ଅସନ୍ତୋଷ ଝାଡି ସେ କହିଛନ୍ତି ଜାଣିଶୁଣି ମନ୍ଦିରକୁ ଭାଙ୍ଗିଦେଲେ। ଜଗୁନିଙ୍କ ସହିତ ସ୍ୱର ମିଳାଇଛି ବିଜେପି। ଏହାର ଜବାବ ରଖିଛି ବିଜେଡି।ମହାପ୍ରଭୁଙ୍କ ମେଘନାଦ ପାଚେରୀରେ ଫାଟ ନେଇ ଜଗନ୍ନାଥ ସ୍ୱାଇଁ ମହାପାତ୍ର କହିଛନ୍ତି, ଶ୍ରୀମନ୍ଦିର ପରିକ୍ରମା ପ୍ରକଳ୍ପ କାମ ବେଳେ ଜେସିବି ଲଗାଇ ଭାଙ୍ଗିଲେ। ଚାରିକଡ ମଠ, ମନ୍ଦିର, ଘର ସବୁ ଜେସିବିରେ ଭାଙ୍ଗିଦେଲେ। ଏହାଦ୍ୱାରା ମନ୍ଦିର ଚାରିକଡୁ ସପୋର୍ଟ କମିଗଲା। ଯେଉଁଥିପାଇଁ ପାଚେରୀ ଚାରିଆଡ ? ଫାଟିଗଲା। ଏହାକୁ ସଂପୂର୍ଣ୍ଣ ମରାମତି ନକଲେ ଏହା ପୂରା ଭାଙ୍ଗିଯିବ। ବର୍ତ୍ତମାନ ସ୍ଥିତି ଯାହା ଏଏସ୍ ?ଆଇ ଏହାକୁ ସ୍ୱତନ୍ତ୍ର ଭାବେ କାମ କରୁ। ପ୍ରଧାନମନ୍ତ୍ରୀ ନିଜେ ହସ୍ତକ୍ଷେପ କଲେ ପୂରା କାମ ହେବ ବୋଲି ଜଗୁନି କହିଛନ୍ତି।

## ନନ୍ଦନକାନନ ଏକ୍ସପ୍ରେସ ଟ୍ରେନ ଉପରକୁ ଗୁଳିମାଡ



ଭୁବନେଶ୍ୱର,୫।୧୧(ପି.ଏନ): ନନ୍ଦନକାନନ ଏକ୍ସପ୍ରେସ ଟ୍ରେନ ଉପରକୁ ଗୁଳିମାଡ ଖବର ବର୍ତ୍ତମାନ ସାମ୍ନାକୁ ଆସିଛି । ଭଦ୍ରକ ଓ ବାଉଦପୁର ସେକ୍ସନ ମଝିରେ ଟ୍ରେନ ଉପରକୁ ଗୁଳିମାଡ ହୋଇଛି । ଟ୍ରେନ ଉପରକୁ ଦୁଇ ରାଉଣ୍ଡ ଗୁଳିମାଡ ହୋଇଥିବା ସୂଚନା ମିଳିଛି । ଗୁଳିମାଡରେ ଗାର୍ଡ ବଗିର ଝରକା କାଚ ଭାଙ୍ଗିଛି । ତେବେ କିଏ ଗୁଳି କରିଛି ତାହା ଅସ୍ପଷ୍ଟ ରହିଛି । ଜିଆରପି ଓ ସ୍ଥାନୀୟ ପୋଲିସର ଛାନଭିନ୍ ଜାରି ରହିଛି ।

## ପୂରା ପରିବାର ନିଶ୍ଚିହ୍ନ: ବାପା-ମା'ଙ୍କ ସହ ୩ ପିଲାଙ୍କ ଗୁଳିବିଦ୍ଧ ମୃତଦେହ ଉଦ୍ଧାର



ଭୁବନେଶ୍ୱର,୫।୧୧(ପି.ଏନ): ନିଶ୍ଚିହ୍ନ ହୋଇଯାଇଛି ଗୋଟିଏ ପରିବାର। ସ୍ୱାମୀ-ସ୍ତ୍ରୀ ଓ ୩ ପିଲାଙ୍କ ସହ ଆଗକୁ ବଢୁଥିବା ପରିବାର ସବୁ ସଦସ୍ୟଙ୍କ ଗୁଳିବିଦ୍ଧ ମୃତଦେହ ଆଜି ପୁଲିସ୍ ? ଉଦ୍ଧାର କରିଛି। ପ୍ରଥମେ ପୁଲିସ୍ ୪୫ ବର୍ଷୀୟ ମହିଳା, ତାଙ୍କର ଦୁଇ ପୁଅ ଓ ଗୋଟିଏ ଝିଅର ଗୁଳିବିଦ୍ଧ ମୃତଦେହ ଉତ୍ତର ପ୍ରଦେଶର ବାରାଣସୀ ସ୍ଥିତ ଘରୁ ଉଦ୍ଧାର କରିଥିଲା। ତେବେ ମହିଳାଙ୍କ ସ୍ୱାମୀଙ୍କ ପତ୍ତା ମିଳି ନଥିଲା। ପୁଲିସ୍ ଭାବୁଥିଲା ଯେ ନିଜ ହାତରେ ବ୍ୟକ୍ତି ଜଣଙ୍କ ନିଜ ସଂସାରକୁ ଉଜାଡି ଦେଇଛନ୍ତି। ହେଲେ କିଛି ଘଣ୍ଟା ପରେ ଗୋଟିଏ ନିର୍ମାଣଧୀନ କୋଠାରୁ ବ୍ୟକ୍ତିଙ୍କ ଗୁଳି ବିଦ୍ଧ ମୃତଦେହ ମିଳିବା ପରେ ପୂରା ଘଟଣାରେ ନୂଆ ଟ୍ୱିଷ୍ଟ ଆସିଛି।କୁହାଯାଉଛି ଯେ ପରିବାର ୪ ଜଣଙ୍କୁ ଗୁଳି କରିବା ପରେ ବ୍ୟକ୍ତି ଜଣଙ୍କ ଆତ୍ମହତ୍ୟା କରିଛନ୍ତି। ହେଲେ ପୁଲିସ୍ ଘଟଣାର ସବୁ ଦିଗକୁ ଦୃଷ୍ଟିରେ ରଖି ତଦନ୍ତ ଆରମ୍ଭ କରିଛି।ଆଜି ଭାନିେ ଅଞ୍ଚଳର ଲୋକମାନେ ସକାଳୁ ଉଠିବା ମାତ୍ରେ ପୂରା ସ୍ତବ୍ଧ ହୋଇଯାଇଥିଲେ। ରାଜେନ୍ଦ୍ର ଗୁପ୍ତାଙ୍କ ଘରେ ଭଡାରେ ରହୁଥିବା ପ୍ରାୟ ୨୦ଟି ପରିବାର ପାଇଁ ଆସିଥିଲା ଚକିତ କରିବା ଭଳି ଖବର। ପଡୋଶୀମାନେ ଦେଖିବାକୁ ପାଇଥିଲେ ଯେ ରାଜେନ୍ଦ୍ର ଗୁପ୍ତାଙ୍କ ଘର ବନ୍ଦ ରହିଛି। ଘରେ କାମ କରୁଥିବା ମହିଳା ଭିତରକୁ ଯିବା କ୍ଷଣି କାନ୍ଦବୋବାଳିରେ ଫାଟି ପଡିଥିଲା ପୂରା ପରିବେଶ।

## ମୁଖ୍ୟମନ୍ତ୍ରୀ ବସ୍-ବାଇକ୍ ମୁହାଁମୁହିଁ: ଜଣେ ମୃତ; ୨ ଆହତ, ୮ମାସର ଶିଶୁ ସୁରକ୍ଷିତ

ଭୁବନେଶ୍ୱର,୫।୧୧(ପି.ଏନ): କୁହାଯାଇଥାଏ ଯାହାକୁ ରଖିବେ ଅନନ୍ତ, କି କରିପାରେ ବଳବନ୍ତ। ଦୃଶ୍ୟ ଆଜି ସମସ୍ତଙ୍କୁ ବିଚଳିତ କରିଛି। ଶୁଣିଲାରୁ ଲୋମ ଟାଙ୍କୁରି ଉଠୁଛି। କାହିଁକି ନା ଗଂଜାମ ଜିଲ୍ଲା ପୋଲସରା ବ୍ଲକ୍ ? ଅନ୍ତର୍ଗତ ଗମ୍ଭାରିଆ ନାଳ ନିକଟରେ ମୁଖ୍ୟମନ୍ତ୍ରୀ ବସ୍ ଓ ବାଇକ୍ ମଧ୍ୟରେ ମୁହାଁମୁହିଁ ଧକ୍କା ହେବା ଫଳରେ ଜଣଙ୍କର ମୃତ୍ୟୁ ଘଟିଥିବା ବେଳେ ଦୁଇଜଣ ଆହତ ହୋଇଛନ୍ତି। କିନ୍ତୁ ଏହି ଭୟଙ୍କର ସଡକ ଦୁର୍ଘଟଣାର ସମ୍ମୁଖୀନ ହୋଇଥିବା ୮ମାସର ଶିଶୁର କୌଣସି କ୍ଷତି ହୋଇନାହିଁ। ଏତେ ବଡ ଦୁର୍ଘଟଣାର ସମ୍ମୁଖୀନ ହୋଇଥିଲେ ବି ଶିଶୁଟି ସଂପୂର୍ଣ୍ଣ ସୁରକ୍ଷିତ ଅଛି। ଶିଶୁଟିକୁ ସମସ୍ତେ ଭାଗ୍ୟବାନ ବୋଲି ପ୍ରଶଂସା କରୁଛନ୍ତି। ତେବେ ଏହି ଘଟଣାରେ ବିନାୟକ ଶବରଙ୍କ ମୃତ୍ୟୁ ହୋଇଛି। ଆହତମାନେ ହେଲେ ପ୍ରିୟଙ୍କା ଶବର ଓ ମନୁ ଶବର। ଆଜି ଅପରାହ୍ଣ ଗୋଟାଏ ବେଳେ ବେଗୁନିଆପଡ଼ା ଥାନା ଅଧୀନ ବଡ଼ପଦର ଗ୍ରାମର ବିନାୟକ ଶବର ଓ ଅନ୍ୟ ଦୁଇଜଣ ବାଇକରେ ସିଂହାସନୀ ପଟରୁ ଆସୁଥିଲେ। ସେହି ସମୟରେ ପୋଲସରାରୁ ସିଂହାସନୀ ଅଭିମୁଖେ ଯାଉଥିଲା ମୁଖ୍ୟମନ୍ତ୍ରୀ ବସ୍ ସହ ଗମ୍ଭାରିଆ ନାଳ ନିକଟରେ ମୁହାଁମୁହିଁ ଧକ୍କା ଲାଗିଥିଲା। ଘଟଣାସ୍ଥଳରେ ବିନାୟକଙ୍କ ମୃତ୍ୟୁ ଘଟିଥିବା ବେଳେ ପ୍ରିୟଙ୍କା ଶବର ଓ ମନୁ ଶବର ଆହତ ହୋଇଛନ୍ତି।

## ଜନ ନାୟକ ଡ. ହରେକୃଷ୍ଣ ମହତାବଙ୍କ ୧୨୫ ତମ ଜନ୍ମ ଜୟନ୍ତୀକୁ ଜାତୀୟସ୍ତରରେ ପାଳିବାକୁ କେନ୍ଦ୍ରର ନିଷ୍ପତ୍ତି



ଭୁବନେଶ୍ୱର,୫।୧୧(ପି.ଏନ): ରାଜ୍ୟ ପାଇଁ ଖୁସି ଖବର । ରାଜ୍ୟର ପ୍ରଥମ ମୁଖ୍ୟମନ୍ତ୍ରୀ ଉତ୍କଳ କେଶରୀ ଡକ୍ଟର ହରେକୃଷ୍ଣ ମହତାବଙ୍କ ୧୨୫ ତମ ଜୟନ୍ତୀକୁ ଜାତୀୟ ଉତ୍ସବ ଭାବେ ପାଳନ କରାଯିବ । ଏହି ନିଷ୍ପତ୍ତି କେନ୍ଦ୍ର ତରଫରୁ ନିଆଯାଇଛି । ଆସନ୍ତା ୨୧ ତାରିଖରେ ଡକ୍ଟର ମହତାବଙ୍କ ଜୟନ୍ତୀ ପାଳନ ହେବାକୁ ଯାଉଛି ।ତେବେ ଚଳିତ ବର୍ଷ ଏହା ୧୨୫ ତମ ଜୟନ୍ତୀ ହୋଇଥିବାରୁ ଏହି ଦିନଟିକୁ ଜାତୀୟ ଉତ୍ସବ ଭାବେ ପାଳିବାକୁ କେନ୍ଦ୍ର ସରକାର ନିଷ୍ପତି ନେଇଥିବା ମୁଖ୍ୟମନ୍ତ୍ରୀ ମୋହନ ମାଝୀ ସୂଚନା ଦେଇଛନ୍ତି ।ମୁଖ୍ୟମନ୍ତ୍ରୀ ଏକ ଟ୍ୱିଟ ମାଧ୍ୟମରେ ସୂଚନା ଦେଇଛନ୍ତି କି, ଭାରତ ସରକାର ଉତ୍କଳ କେଶରୀ ଡାକ୍ତର ହରେକୃଷ୍ଣ ମହତାବଙ୍କ ୧୨୫ ତମ ଜନ୍ମ ଜୟନ୍ତୀକୁ ଏକ ଜାତୀୟ ଉତ୍ସବ ଭାବେ ପାଳନ କରିବାକୁ ନିଷ୍ପତ୍ତି ନେଇଛନ୍ତି । ଓଡିଶାର ଏହି ଜନନାୟକଙ୍କ ପ୍ରତି ଏହି ସବୁଠାରୁ ବଡ ଶ୍ରଦ୍ଧାଞ୍ଜଳି ଓ ଓଡିଆ ଅସ୍ମିତା ପ୍ରତି ସମ୍ମାନ ହେବ ।ଏଥିପାଇଁ ମୁଖ୍ୟମନ୍ତ୍ରୀ ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦି, ସ୍ୱରାଷ୍ଟ୍ରମନ୍ତ୍ରୀ ଅମିତ ସାହ ଓ ସଂସ୍କୃତି ମନ୍ତ୍ରୀଙ୍କୁ କୃତଜ୍ଞତା ଜଣାଇଛନ୍ତି ।୨୧ ନଭେମ୍ବର ୧୮୯୯ରେ ଜନ୍ମିତ ଏହି ଜନନାୟକ ଇଣ୍ଡିଆନ ନାସନାଲ କଂଗ୍ରେସରେ ଯୋଗଦେଇଥିଲେ । ସେ ସ୍ୱାଧୀନତା ସଂଗ୍ରାମରେ ଅଂଶଗ୍ରହଣ କରିଥିଲେ । ଦେଶ ସ୍ୱାଧୀନତାର ଗୋଟିଏ ବର୍ଷ ଆଗରୁ ୧୯୪୬ରେ ପ୍ରଥମ ମୁଖ୍ୟମନ୍ତ୍ରୀ ହୋଇଥିଲେ । ତାଙ୍କ ପ୍ରଥମ ମୁଖ୍ୟମନ୍ତ୍ରୀତ୍ୱ କାଳ ୧୯୫୦ରେ ଶେଷ ହୋଇଥିଲା । ପରେ ୧୯୫୬ରୁ ୬୧ ଯାଏଁ ରାଜ୍ୟର ମୁଖ୍ୟମନ୍ତ୍ରୀ ହୋଇଥିଲେ । ୨ ଜାନୁଆରୀ ୧୯୮୭ରେ ସେ ଶେଷ ନିଶ୍ୱାସ ତ୍ୟାଗ କରିଥିଲେ ।ସମାଜ ସେବା କ୍ଷେତ୍ରରେ ମଧ୍ୟ ତାଙ୍କର ରହିଛି ବଳିଷ୍ଠତା । ସମାଜ ସଂସ୍କାର ଓ ସଚେତନତା ପାଇଁ ତାଙ୍କ ଦ୍ୱାରା ପ୍ରତିଷ୍ଠିତ ହୋଇଥିଲା ଓଡିଆ ଖବର କାଗଜ ପ୍ରଜାତନ୍ତ୍ର , ଯାହା ଆଜି ମଧ୍ୟ ପ୍ରକାଶିତ ହେଉଛି ।

## ରକ୍ତାକ୍ତ ହୋଇ ଥାନା ଭିତରେ ପଶିଗଲେ ଯୁବକ



ଭୁବନେଶ୍ୱର,୫।୧୧(ପି.ଏନ): ରକ୍ତାକ୍ତ ହୋଇ ଥାନା ଭିତରେ ପଶିଗଲେ ଯୁବକ। ଆଜି ଅପରାହ୍ଣରେ ଏପରି ବୀଭତ୍ସ କାଣ୍ଡ ଗଞ୍ଜାମ ଜିଲ୍ଲା ଭଞ୍ଜନଗର ଥାନା ସମ୍ମୁଖରେ ଘଟିଛି। ଏହି ମାମଲାରେ ପୁଲିସ୍ ଅଭିଯୁକ୍ତକୁ ଅଟକ ରଖି ପଚରାଉଚରା କରୁଛି।ବିପ୍ର ଗୌଡ ଜଣେ ହେଉଛନ୍ତି କ୍ଷୀର ବ୍ୟବସାୟୀ। ଘରକୁ ଘର ବୁଲି କ୍ଷୀର ଦିଅନ୍ତି। ସବୁଦିନ ପରି ସେ ଆଜି ଅପରାହ୍ଣରେ କ୍ଷୀର ଦେବା ପାଇଁ ଯାଇଥିଲେ। କ୍ଷୀର ବିକି ସାରିବା ପରେ ସେ ଘରକୁ ଫେରୁଥିଲେ। ତେବେ ଥାନା ସମ୍ମୁଖରେ ଜଡ଼ାଘାଟୁଣୀ ଗାଁର ବିଦୁର ଗୌଡ଼ ତାଙ୍କୁ ଏକ କାତିରେ ଆକ୍ରମଣ କରିଥିଲେ। ରକ୍ତ ଜୁଡୁବୁଡୁ ହୋଇ ଜୀବନ ବିକଳରେ ଦୌଡି ଥିଲେ ବିପ୍ର।

## ଭାରତୀୟ ସମ୍ବିଧାନର ୭୫ବର୍ଷ ପୂର୍ତ୍ତିଅବସରରେ ରାଜ୍ୟସ୍ତରୀୟ ସମତା ସ୍ୱରାଜ୍ୟ ସଂକଳ୍ପ ସମ୍ମିଳନୀ

ଭୁବନେଶ୍ୱର,୫।୧୧(ପି.ଏନ): ଭାରତୀୟ ସମ୍ବିଧାନର ୭୫ ବର୍ଷ ପୂର୍ତ୍ତି ଅବସରରେ ଭୁବନେଶ୍ୱର ସ୍ଥିତ ଲୋହିଆ ଏକାଡେମୀ ପରିସରରେ ୟୁସୁଫ୍ ମେହେର ଅଲ୍ଲୀ ସେଣ୍ଟର ପକ୍ଷରୁ ଦୁଇ ଦିନିଆ ରାଜ୍ୟସ୍ତରୀୟ ସମତା ସ୍ୱରାଜ୍ୟ ସଂକଳ୍ପ ସମ୍ମିଳନୀ ଉଦଘାଟିତ ହୋଇଯାଇଛି । ବିଶିଷ୍ଟ ଭାଷାବିତ୍ ପଦ୍ମଶ୍ରୀ ଦେବୀପ୍ରସନ୍ନ ପଟ୍ଟନାୟକ ଗଛରେ ଜଳଦାନ ପୂର୍ବକ ସମ୍ମିଳନୀର ଉଦଘାଟନ କରିଥିବା ବେଳେ ଉଦଘାଟନୀ ଉତ୍ସବରେ ସଭାପତିତ୍ୱ ଲୋହିଆ ଏକାଡେମୀର ସମ୍ପାଦକ ଦେବପ୍ରସାଦ ରାୟ କରିଥିଲେ । ଏହି ଅବସରରେ ଅତିଥିମାନେ କହିଲେ ଯେ, ଭାରତୀୟ ସ୍ୱାଧୀନତା ଆନ୍ଦୋଳନର ଅବଦାନ ହେଉଛି ଯେ ଆମ ସମ୍ବିଧାନ ଦେଶର ଚାଷୀ, ଆଦିବାସୀ, ମହିଳା, ଯୁବକ ଛାତ୍ର ସମସ୍ତଙ୍କୁ ସମାନ ଅଧିକାର ପ୍ରଦାନ କରିବା। ମହାତ୍ମା ଗାନ୍ଧୀଙ୍କ ଆଦର୍ଶରେ ଡ. ବାବାସାହେବ ଆମ୍ବେଦକର, ଜବାହରଲାଲ ନେହେରୁ, ସର୍ଦ୍ଦାର ପଟେଲ, ଡ଼. ରାଜେନ୍ଦ୍ର ପ୍ରସାଦଙ୍କ ନେତୃତ୍ୱରେ ସମ୍ବିଧାନ ପ୍ରଣୟନ ସଭା ମାଧ୍ୟମରେ ସମସ୍ତଙ୍କୁ ସମତା ଓ ସ୍ୱରାଜ୍ୟ ପହଞ୍ଚାଇବା ଉଦ୍ଦେଶ୍ୟରେ ଭାରତୀୟ ସମ୍ବିଧାନ ପ୍ରଣୟନ ହୋଇଥିଲା । ଆମ ସମ୍ବିଧାନର ମୁଖବନ୍ଧରୁ ହିଁ ଏହାର ବ୍ୟାପକତା ପ୍ରତିଫଳିତ ହୋଇଥାଏ। ତେବେ ସମସ୍ତଙ୍କୁ ମିଳୁଥିବା ସମାନ ଅଧିକାରକୁ ବିରୋଧ କରି ଶାସକ ଗୋଷ୍ଠୀ ପକ୍ଷରୁ ଭାରତୀୟ ସମ୍ବିଧାନକୁ ବଦଳେଇ ଦେବା ପାଇଁ ଏକ ଷଡଯନ୍ତ୍ର ଆରମ୍ଭ ହୋଇଛି ।








# ଟି ଟାଇମ୍

## ଥକ୍କାପଣ ଦୂର କରିବ ପ୍ରୋଟିନ୍ ଖାଦ୍ୟ

ଅଧିକାଂଶ ସମୟ ଲୋକଙ୍କର ଅଭିଯୋଗ ରହିଆସିଛି ଯେ, ସେମାନେ ଅଳ୍ପ କାମ ରେ ଜଲଦି ଥକିପଡ଼ନ୍ତି । କିଛି ବ୍ୟକ୍ତି ଏଭଳି ବି ଅଛନ୍ତି ଯିଏ କିଛି କାମ ନ କରି ମଧ୍ୟ ଥକ୍କା ଅନୁଭବ କରିଥାନ୍ତି। ଶରୀରରେ ଶକ୍ତିର କମି ଫଳରେ ଜଣେ ବ୍ୟକ୍ତି ଥକ୍କା ଅନୁବବ କରିଥାଏ । ତେଣୁ ଶରୀରକୁ ଶକ୍ତିଶାଳୀ ବନାଇବାପାଇଁ ଆପଣ ଆପଣଙ୍କ ଖାଦ୍ୟରେ ଦିନଚର୍ଯ୍ୟାରେ ପ୍ରୋଟିନ୍ ଯୁକ୍ତ ଖାଦ୍ୟ ସାମିଲ କରନ୍ତୁ । ପୂରା ଦିନ ପାଣି କିମ୍ବା କିଛି ତରଳ ପଦାର୍ଥ ପିଇବା ଉଚିତ୍ । ପାଣି ଶରୀରର ହାନୀକାରକ ତତ୍ତ୍ୱକୁ ବାହାରକୁ ବାହାର କରି ଶାରୀରିକ ପ୍ରଣାଳୀରେ ନୂତନ ଶକ୍ତି ସୃଷ୍ଟି କରିଥାଏ । ସର୍ବତ, ଫଳରସ, ନଡ଼ିଆ ପାଣି ଭଳି ପାଣି ଜିନିଷ ପିଇବା ଉଚିତ୍ । ଶାରୀରିକ ସତେଜ ରହିବା ପାଇଁ ପ୍ରୋଟୀନ୍ ଯୁକ୍ତ ଖାଦ୍ୟ ନିଜ ଖାଦ୍ୟରେ ଗ୍ରହଣ କରିବା ଉଚିତ୍ । କାର୍ବୋହାଇଡ୍ରେଟ୍ରୁ ଶରୀରକୁ ଶକ୍ତି ମିଳିଥାଏ। ଫଳମାନଙ୍କ ମଧ୍ୟରେ କମଳା, ଆତାବି, ଲିଚି ଆଦି ଖାଇବା ଉଚିତ୍ । ଏଥିରେ ପ୍ରଚୁର ମାତ୍ରାରେ ଗ୍ଲୁକୋଜ ରହିଥାଏ । କ୍ଷୀରରେ ମହୁ ମିଶାଇ ଓ କଦଳୀର ସେକ୍ ପିଇଲେ ଶରୀରକୁ ଭଲ ଶକ୍ତି ମିଳିଥାଏ । ସବୁଠାରୁ ମହତ୍ତ୍ୱପୂର୍ଣ୍ଣ କଥା ହେଉଛି ଆପଣ ପୂରା ଦିନ ଯେତେ କାମ କରିଲେ ମଧ୍ୟ ୭ରୁ ୮ ଘଣ୍ଟାର ନୀଦ ପୂରା କରିବା ଉଚିତ୍ । ଏଭଳି କଲେ ପର ଆପଣଙ୍କୁ ସଠିକ୍ ଶକ୍ତି ମିଳିପାରିବ । ଯେବେ ବି ଥକ୍କାପଣ ଅନୁଭବ ହୁଏ ତେବେ ୧୫ କିମ୍ବା ୨୦ମିନିଟ୍ର ବିଶ୍ରାମ ଯେମିତି ହେଲେ ନେବେ । ନୀଦ ପୂରା ନହେଲେ ଶରୀରର ଓଜନ ମଧ୍ୟ ବଢ଼ିଥାଏ ଓ ଥକ୍କାପଣ ଜଲଦି ଆସିଯାଇଥାଏ ।

## ପୁରାଣ କାହାଣୀ

# ରାମଙ୍କ ପିତୃସତ୍ୟ ପାଳନ



ମନ୍ଥରା କଥାରେ କୈକେୟୀ ରାଜା ଦଶରଥଙ୍କୁ ଏକଦା ପ୍ରତିଜ୍ଞା କରିଥିବା ଦୁଇଟି ବର ପ୍ରଦାନ କରିବା ଛଳରେ ଏହି ଦୁଇ ବର ମାଗିଲେ ଯେ, ରାମ ବାର ବର୍ଷ ପାଇଁ ବନବାସ କରିବାକୁ ଯିବେ ଓ ତାଙ୍କ ପୁତ୍ର ଭରତ ରାଜା ହେବେ। ରାଜା ଦଶରଥ ଅତିଶୟ ଦୁଃଖରେ ତାଙ୍କ ସତ୍ୟ ରକ୍ଷା କଲେ। ଏହା ଶୁଣି ରାମ ଧୀର ଚିତ୍ତରେ ପିତୃ-ସତ୍ୟ ପାଳନ ନିମନ୍ତେ କିଞ୍ଚିତ ଦୁଃଖ ପ୍ରକାଶ କଲେ ନାହି। ରାମଙ୍କର ଏହି ମହନୀୟତା ହିଁ ସାରା ରାମାୟଣରେ ଅନେକ ରୂପରେ ପ୍ରକାଶିତ ହୋଇଛି। ରାମଙ୍କର ଶତ ବାରଣ ସତ୍ତ୍ୱେ,ବନବାସ ବେଳେ ରାମଙ୍କର ଅନୁସରଣ କରିବା ପାଇଁ ଦେବୀ ସୀତା ଏବଂ ଭ୍ରାତା ଲକ୍ଷ୍ମଣ ଇଚ୍ଛା ପ୍ରକାଶ କଲେ। ରାମଙ୍କର ବାରଣର ଉତ୍ତରରେ ସୀତା କହନ୍ତି, ଆପଣଙ୍କ ପାଦ ଯେଉଁ ବନପ୍ରଦେଶରେ ପଡିମ ତାହା ମୋ ପାଇଁ ଅଯୋଧା ଆଉ ଆପଣଙ୍କ ବିନା ଆଯୋଧା ମଧ୍ୟ ମୋ ପାଇଁ ନର୍କ ସଦୃଶ। ଇତି ମଧ୍ୟରେ ଭାରତ, ଟିଏ କି ମାତୃଳଙ୍କ ଗୃହକୁ ବୁଲି ଯାଥିଲେ, ଏଖବର ଶୁଣି ଗଭୀର ଦୁଃଖ ପ୍ରକାଶ କଲେ। ରାଜା ହେବାର ସୁଯୋଗ ପରିତ୍ୟାଗ କରି ସେ ଭ୍ରାତା ରାମଙ୍କୁ ଦେଖା କରିବା ପାଇଁ ସେ ବନ ଗମନ କରି ରାମଙ୍କୁ ଦେଖା କଲେ। ରାମଙ୍କୁ ବହୁତ ଅନୁନୟ ବିନୟ ପୂର୍ବକ ଫେରିଆସିବାକୁ ଏବଂ ରାଜ୍ୟ ଭାର ଗ୍ରହଣ କରିବାକୁ ଆକୁଳ ପ୍ରାର୍ଥନା କଲେ। କିନ୍ତୁ ରାମ ପିତୃ-ସତ୍ୟ ପାଳନ ନିମନ୍ତେ ସମସ୍ତ ଅନୁରୋଧକୁ ପ୍ରତ୍ୟାଖ୍ୟାନ କରି ବନବାସ ପୂର୍ବରୁ ରାଜ୍ୟକୁ ଫେରିବାକୁ ମନା କରିଦେଲେ। ତେବେ ଏକ ବିରଳ ଭ୍ରାତୃ ଭକ୍ତିର ଉଦାହରଣ ସ୍ୱରୂପ ଭରତ ଭ୍ରାତା ରାମଙ୍କ କଠଉ ଯୋଡିକ ମସ୍ତକରେ ଧାରଣ ପୂର୍ବକ ଫେରି ଆସିଲେ ଏବଂ ସିଂହାସନରେ ରାମଙ୍କ କଠଉ ସ୍ଥାପନ ପୂର୍ବକ ରାମଙ୍କ ପ୍ରତିନିଧି ଭାବରେ ରାଜ୍ୟ ଶାସନ କରିବାକୁ ଲାଗିଲେ।

## ଆଜିର ଭାଗ୍ୟ

**ମେଷ** – କାର୍ଯ୍ୟ ହାସଲ କ୍ଷେତ୍ରରେ ଜଣେ ପୂର୍ବତନ ବନ୍ଧୁ ସାହାଯ୍ୟ କରିବେ। ଆନୁଷ୍ଠାନିକ କାମରେ ସଫଳତା ପାଇବେ। ବ୍ୟବସାୟରେ ସାମାନ୍ୟ କ୍ଷତି ହୋଇପାରେ। ପରିବହନରେ ଉନ୍ନତି କରିବେ। ମହିଳାଙ୍କ ଭାତୃ ସମ୍ପର୍କ ବୃଦ୍ଧି ପାଇବ।

**ବୃଷ** – ଅନ୍ୟମାନଙ୍କୁ ନିଜ ଆଡକୁ ଆକର୍ଷିତ କରିବା ପାଇଁ ବିଭିନ୍ନ ପ୍ରକାର ଚେଷ୍ଟା କରିବେ। ବନ୍ଧୁଙ୍କର ସହାନୁଭୂତି ଲାଭ କରିପାରନ୍ତି। ସ୍ଥଗିତ କାମକୁ ତ୍ୱରାନିତ କରିବେ। ମହିଳାମାନେ ସାଥିଙ୍କ ବାଟକୁ ଚାହିଁ ବସିବେ। ଦୂର ସ୍ଥାନକୁ ଭ୍ରମଣ ଯୋଗ ରହିଛି।

**ମିଥୁନ** – କର୍ମକ୍ଷେତ୍ରରେ କେତେକ ଦିଗରୁ ଚାପର ସମ୍ମୁଖୀନ ହୋଇପାରନ୍ତି। ଧୈର୍ଯ୍ୟ ହରାନହୋଇ ପରିସ୍ଥିତିର ସାମ୍ନା କରିବେ। ସାମ୍ବାଦିକତା କ୍ଷେତ୍ରରେ ପ୍ରତିବନ୍ଧକର ସମ୍ମୁଖୀନ ହେବେ। ବ୍ୟବସାୟରେ ବନ୍ଧୁ ସମ୍ପର୍କ ପ୍ରେ ଓ ପ୍ରଣୟ କ୍ଷେତ୍ରରୁ ଅନୁକୂଳ ଫଳ ମିଳିବ।

**କର୍କଟ** – ବନ୍ଧୁଙକ ନିକଟୁ ସାହାଯ୍ୟ ପଅତିଶୃତି ପାଇ ଆସ୍ୱସ୍ତି ଅନୁଭବ କରିବେ। ପାରିବାରିକ ଅସ୍ଥିରତା ଓ ଅର୍ଥାଭାବ ପାଇଁ ମାନସିକ ଦ୍ୱନ୍ଦ ଭିତରେ ସମୟ କଟାଇବେ। ଆତ୍ମିୟମାନଙ୍କ ପରାମର୍ଶ ନେଇ କାର୍ଯ୍ୟ କ୍ଷେତ୍ରରେ ଉପକୃତ ହେବେ।

**ସିଂହ** – ସମସ୍ୟାର ସମାଧାନ ପାଇଁ ବନ୍ଧୁଙ୍କ ଉପରେ ନିର୍ଭର କରିବାକୁ ପଡିପାରେ। କର୍ମକ୍ଷେତ୍ରରେ ନୂତନ ଯୋଜନା ଆରମ୍ଭ କରିପାରନ୍ତି। ବକେୟା ଟଙ୍କା ମିଳିବାର ଯୋଗ ରହିଛି। ପ୍ରତିଷ୍ଠିତ ବ୍ୟକ୍ତିଙ୍କ ପରୋକ୍ଷରେ ସାହାଯ୍ୟ ପ୍ରାପ୍ତି ହୋଇପାରେ।

**କନ୍ୟା** – ହଠାତ୍ ଅର୍ଥ ସମ୍ପର୍କକୁ ନେଇ ଭାତୃ ବିବାଦ ଦେଖାଦେଇପାରେ। ପ୍ରେମରେ ପ୍ରତାରଣା ପାଇ କର୍ମକ୍ଷେତ୍ରରେ ପରିସ୍ଥିତିର ଚାପ ବୃଦ୍ଧି ପାଇବ। ସାମାନ୍ୟ ଶାରୀରିକ ଅସୁସ୍ଥତା ଅନୁଭବ କରିବେ। ମହିଳାଙ୍କ କ୍ଷେତ୍ରରେ ବିଭିନ୍ନ ପ୍ରକାରର ଶତ୍ରୁମାନେ କଟୁ କଥା କହିବେ।

**ତୁଳା** – ଇଚ୍ଛା ନଥିଲେ ମଧ୍ୟ ସମୟ ଓ ପରିସ୍ଥିତିକୁ ନେଇ ବନ୍ଧୁଙ୍କ ସହ ବିତର୍କ ସୃଷ୍ଟି ହୋଇପାରେ। ନିଜ ଲୋକମାନେ ଇର୍ଷା ପରାୟଣ ହୋଇ ପରିସ୍ଥିତିକୁ ଜଟିଳ ରୂପ ଦେବାରେ ସମର୍ଥ ହେବେ। ଅର୍ଥ ସଂଗ୍ରହରେ ତତ୍ପରତା ପ୍ରକାଶ କରିବେ।

**ବିଛା** – ପଡୋଶୀଙ୍କ ସହ ସମ୍ପର୍କ ମଧୁର ରଖିବାକୁ ଚେଷ୍ଟା କରିବେ। ବନ୍ଧୁଙ୍କ ସହ ସୌହାର୍ଦ୍ଦ୍ୟପୂର୍ଣ୍ଣ ଆଲୋଚନାରୁ ମନ ଖୁସି ରହିବ। ବିବାଦୀୟ ପରିସ୍ଥିତିର ଦୃଢ଼ ମୁକାବିଲା କରିବେ। ମହିଳାମାନେ ଭାବ ପ୍ରବଣତା ପ୍ରକାଶ କରିବେ।

**ଧନୁ** – ସୁନ୍ଦର ମଧୁର କଥା କହି ଅନ୍ୟମାନଙ୍କୁ ଆକର୍ଷିତ କରି କାର୍ଯ୍ୟ ହାସଲ କରିବେ। ଶାରୀରିକ ଅସୁସ୍ଥତା ଫେରି ପାଇବ। ପାରିବାରିକ କ୍ଷେତ୍ର, ଯାତ୍ରା ଓ ଦାମ୍ପତ୍ୟ ଜୀବନରୁ ସୁଫଳ ପାଇବେ। ଦୂର ସ୍ଥାନକୁ ଯାତ୍ରା କରିପାରନ୍ତି। ମହିଳାଙ୍କ ମନୋବଳ ଦୃଢ଼ ରହିବ।

**ମକର** – କୌଣସି ଅପରିଚିତ ବ୍ୟକ୍ତିଙ୍କ ଦ୍ୱାରା ଗୁରୁତ୍ୱ ପୂର୍ଣ୍ଣ କାର୍ଯ୍ୟ ହସଲ କରିବେ। ଭାବୁଥିବା କାମଟିକୁ ସମ୍ପୂର୍ଣ୍ଣ କରିବା ପାଇଁ ବନ୍ଧୁଙ୍କର ସାହାଯ୍ୟ ଭିକ୍ଷ୍ୟା କରିବେ। ଦାମ୍ପତ୍ୟ ଜୀବନରେ ତିକ୍ତତା ଦେଖାଦେଇପାରେ। ମହିଳାମାନେ ଅଶାନ୍ତି ରହିବେ।

**କୁମ୍ଭ** – ଯେତେ ତ୍ୟାଗ ସ୍ୱିକାର କଲେ ମଧ୍ୟ ବନ୍ଧୁ ସହକର୍ମୀ ଓ ପଡୋଶୀଙ୍କର ଭୁଲ୍ ଧାରଣାକୁ ବଦଳାଇ ପାରିବେ ନାହିଁ। ଆୟ ଅପେକ୍ଷା ବ୍ୟୟ କ୍ରମଶଃ ବୃଦ୍ଧି ପାଇବ। ସ୍ତ୍ରୀଙ୍କ ସ୍ୱାସ୍ଥ୍ୟ ପାଇଁ ଚିନ୍ତିତ ରହିବେ। ଆକସ୍ମିକ ଭାବେ ଉପହାର ଦ୍ରବ୍ୟ ଲାଭ ହୋଇପାରେ।

**ମୀନ** – କର୍ମକ୍ଷେତ୍ରରେ ସହଜ ସୁବିଧରେ କାମ ହାସଲ କରିବେ। ବନ୍ଧୁଙ୍କର ଆଦର ମନକୁ ଖୁସି ରଖିବ। ସଭା, ସମିତି, ରାଜନୀତି କ୍ଷେତ୍ରରେ ପ୍ରଶଂସିତ ହେବେ। ମହିଳାମାନେ ଅନ୍ୟଙ୍କ ସେବାରେ ବ୍ୟସ୍ତ ରହିବେ।

## ପଲ୍ଲୀ କବି ନନ୍ଦ କିଶୋର ବଳ



ଓଡିଶା ସାହିତ୍ୟର ପ୍ରାକ୍- ଆଧୁନିକ କାଳରେ ଜଣେ କବି ଥିଲେ। ସେ ଓଡିଶାର ପୁରପଲ୍ଲୀ ଉପରେ କାବ୍ୟ ରଚନା କରିଥିବାରୁ ତାଙ୍କୁ ପଲ୍ଲୀ କବି ବୋଲି ସମ୍ବୋଧନ କରାଯାଏ। ସେ ଓଡିଶାର କଟକ ଜିଲ୍ଲା ଅନ୍ତର୍ଗତ କୁସୁପୁର ଗାଆଁରେ ଜନ୍ମଗ୍ରହଣ କରିଥିଲେ। ପିତାଙ୍କ ନାମ ଥିଲା ଭଜନାନନ୍ଦ ଜେନା ଓ ମାତାଙ୍କର ନାମ ହିରଣ୍ମୟୀ ଦେବୀ। ଶୈଶବରେ ସେ "ରସାନନ୍ଦ ଜେନା" ନାମରେ ପରିଚିତ ଥିଲେ। ପିଉସୀ ପୋଷ୍ୟପୁତ୍ର କରିନେବା ପରେ ସେ ନନ୍ଦକିଶୋର ବଳ ଭାବରେ ପରିଚିତ ହେଲେ। ବାଲ୍ୟ ଜୀବନ କୁସୁପୁରରେ ହିଁ କଟିଥିଲା। ଗାଁ ସ୍କୁଲରୁ ଆରମ୍ଭ କରି, ସେ କଟକ ଟାଉନ ସ୍କୁଲ, ରେଭେନ୍ସା କଲିଜିଏଟ ସ୍କୁଲ, କେନ୍ଦ୍ରାପଡା ଉଚ୍ଚ ଇଂରାଜୀ ବିଦ୍ୟାଳୟ ଓ ରେଭେନ୍ସା ମହାବିଦ୍ୟାଳୟରେ ଶିକ୍ଷାଲାଭ କରିଥିଲେ। ଭକ୍ତି କବି ବଧୂସୂଦନ ରାଓଙ୍କ ଦ୍ୱାରା ପ୍ରତିଷ୍ଠିତ କଟକରେ ଟାଉନ ସ୍କୁଲରୁ ନନ୍ଦ କିଶୋର ନିଜର ଚାକିରି ଜୀବନ ଆରମ୍ଭ କରିଥିଲେ। କିଛି ବର୍ଷ ପରେ, ସେ ସ୍କୁଲ ସବ୍ଇନସିପେକ୍ଟର ଭାବେ ପଦୋନ୍ନତି ପାଉଥିଲେ। ଏହି ଚାକିରିରେ ବାରମ୍ବାର ଗସ୍ତ ଓ ବଦଳି ଯୋଗୁଁ ତାଙ୍କ ଦେହ ଖରାପ ହେଉଥିଲା। ଏହି କାରଣରୁ ସେ ସ୍ୱେଚ୍ଛାକୃତ ଅବସର ନେଇ ଗାଁରେ ରହିବାକୁ ସ୍ଥିର କରିଥିଲେ। କିନ୍ତୁ ଚିକିତ୍ସା ପାଇଁ ତାଙ୍କୁ ପୁନର୍ବାର କଟକ ଆସିବାକୁ ପଡିଥିଲା। ୧୯୨୮ ମସିହା ଜୁଲାଇ ୧ ତାରିଖରେ ଇହଲିଳା ସମ୍ବରଣ କରିଥିଲେ। ରଚନାବଳୀନନ୍ଦ କିଶୋର, କଲେଜରେ ପଢ଼ିଲା ବେଳୁହିଁ ପ୍ରବନ୍ଧ ଲେଖିବା ଆରମ୍ଭ କରିଥିଲେ। ନିଜର ପ୍ରଥମ ପ୍ରଥମ ପ୍ରବନ୍ଧକୁ ସେ "ପଲ୍ଲୀ ଚିତ୍ର" ନାମରେ କବିତାର ରୂପ ଦେଇଥିଲେ। ତାଙ୍କର ରଚନାବଳୀରେ ପଲ୍ଲୀ ପ୍ରକୃତିର ସୁନ୍ଦର ବର୍ଣ୍ଣନା ଫୁଟିଉଠିଥାଏ। ପିଲାମାନଙ୍କ ପାଇଁ ତାଙ୍କଦ୍ୱାରା ରଚିତ "ନାନା ବାୟା ଗୀତ" ଓଡିଶାର ପୁରପଲ୍ଲିରେ ବେଶ୍ ପ୍ରଚଳିତ। ସେ ୧୦୦ରୁ ଅଧିକ ସନେଟ ମଧ୍ୟ ଲେଖିଛନ୍ତି। ତାଙ୍କର ସନେଟ ଗୁଡିକ ପ୍ରକୃତି ଓ ଜନଜୀବନର ଛବିରେ ପୁଷ୍ଟ। ୧୯୨୫ରେ ସେ କନକଲତା (ଉପନ୍ୟାସ) ନାମରେ ଉପନ୍ୟାସଟିଏ ମଧ୍ୟ ରଚିଯାଇଛନ୍ତି।

## ରଣବୀର-କ୍ୟାଟ୍ରିନାଙ୍କୁ ନେଇ ଚର୍ଚ୍ଚା



ରଣବୀର କପୁର ଓ କ୍ୟାଟ୍ରିନା କୈଫଙ୍କ ଅଭିନୀତ ଫିଲ୍ମ 'ଜଗା ଜାସୁସ୍'ର ପ୍ରଥମ ପୋଷ୍ଟର ରିଲିଜ କରାଯାଇଛି। ୟୁଟିଭି ମୋଶନ ପିକଚର୍ସର ଟ୍ୱିଟରରେ ଏହି ପୋଷ୍ଟର ରିଲିଜ କରାଯାଇଛି। ଯେଉଁଥିରେ ଉଭୟ ରଣବୀର ଓ କ୍ୟାଟ୍ରିନାଙ୍କୁ ଓଟପକ୍ଷୀ ଉପରେ ବସି ଯାଉଥିବାର ଦେଖିବାକୁ ମିଳିଛି। ଦୁଇଜଣଙ୍କ ଲୁକ୍ ମଧ୍ୟ ଖୁବ୍ ମଜାଳିଆ ହୋଇଛି। ଯାହାକୁ ଦେଖିବା ପରେ ଫିଲ୍ମ ରିଲିଜର ଅପେକ୍ଷାରେ ରହିଛନ୍ତି ଦର୍ଶକ। ଫିଲ୍ମକୁ ନେଇ ବ୍ୟଗ୍ରତାର ଅନ୍ୟ ଏକ କାରଣ ହେଉଛି ବ୍ରେକଅପ୍ ପରେ ପୁଣିଥରେ ରଣବୀର ଓ କ୍ୟାଟ୍ରିନାଙ୍କୁ ଏଥିରେ ଏକାଠି ଦେଖିବାକୁ ମିଳିବ। ଯାହା ସେମାନଙ୍କ ପ୍ରଶଂସକଙ୍କ ପାଇଁ ଖୁସିର ମୁହୂର୍ତ୍ତ। ତେବେ ଅନୁରାଗ ବସୁଙ୍କ ନିର୍ଦ୍ଦେଶିତ ଏହି ଫିଲ୍ମଟି ଚଳିତ ବର୍ଷ ୨୭ ନଭେମ୍ବରରେ ରିଲିଜ କରାଯାଇଥା'ନ୍ତା। ମାତ୍ର ରଣବୀର ଓ କ୍ୟାଟ୍ରିନାଙ୍କ ବ୍ରେକଅପ୍ ଏବଂ ଦୁଇଜଣଙ୍କ ବ୍ୟସ୍ତ ସିଡ୍ୟୁଲକୁ ନେଇ ଫିଲ୍ମଟି ନିର୍ଦ୍ଧାରିତ ସମୟରେ ଶେଷ ହୋଇପାରିନଥିଲା। ତେଣୁ ଏହାର ରିଲିଜ ଡେଟ୍କୁ ଘୁଞ୍ଚାଯାଇ ଆସନ୍ତା ବର୍ଷ ଅପ୍ରେଲ ୭ ତାରିଖକୁ ରଖାଯାଇଛି।

## ଉଚ୍ଚ ରକ୍ତଚାପରୁ ରକ୍ଷା କରିବ ଗଭୀର ନିଃଶ୍ୱାସ



ଶରୀରରେ ଯେକୌଣସି ରୋଗର ଉପସ୍ଥିତି ଅଧିକାଂଶ ଲୋକଙ୍କୁ ବହୁତ ଡେରିରେ ଜଣା ପଡ଼ିଥାଏ । ସେଭଳି ଏକ ରୋଗ ହେଉଛି ଉଚ୍ଚ ରକ୍ତଚାପ । ଉଚ୍ଚ ରକ୍ତଚାପକୁ ସାଇଲେଣ୍ଟ କିଲର କୁହାଯାଏ । ଯଦି ଆପଣ ସେଭଳି ସ୍ଥିତିରେ ଗତି କରୁଛନ୍ତି ଓ ଔଷଧପତ୍ର ଖାଇବା ଝାମେଲାରୁ ମୁକୁଳିବାକୁ ଚାହୁଁଛନ୍ତି ତେବେ ଆପଣ ଆପଣଙ୍କ ଲାଇଫ ଷ୍ଟାଇଲକୁ ବଦଳାନ୍ତୁ । ଦୀର୍ଘ ଶ୍ୱାସକ୍ରିୟାରେ ଆରାମ-କିଛି ବ୍ୟକ୍ତିଙ୍କର ରକ୍ତଚାପ ସନ୍ଧ୍ୟା ତୁଳନାରେ ସକାଳ ସମୟରେ ଅଧିକ ଥାଏ । ଏହାର କାରଣ ରାତିରେ ଅମ୍ଳଜାନର ଅଭାବ। ବିପି ନିୟନ୍ତ୍ରଣ ରଖିବା ପାଇଁ ଅମ୍ଳଜାନର ମୁଖ୍ୟ ଭୂମିକା ରହିଛି । ଏଥିପାଇଁ ଦିନବେଳେ ଶାନ୍ତ ପରିବେଶରେ ବସି ୧୦ ରୁ ୧୫ ଥର ପେଟ ଭିତରୁ ଦୀର୍ଘ ନିଃଶ୍ୱାସ ନେବା ଉଚିତ୍ । ଏସ୍ଏମ୍ଏସ୍ ଡାକ୍ତରଖାନାର ଫିଜିସିଆନ୍ ଡା. ସି.ଏଲ୍.ନବଲଙ୍କ କହିବା ଅନୁସାରେ ଗଭୀର ନିଃଶ୍ୱାସ ପ୍ରଶ୍ୱାସ ନେଲେ ଶରୀରରେ ଅମ୍ଳଜାନ ଓ ରକ୍ତ ସଞ୍ଚାଳନ ସୁଚାରୁ ରୂପେ ହୋଇଥାଏ । ତା'ସହିତ ମାନସିକ ରୂପରେ ଶାନ୍ତି ମିଳିଥାଏ ।

## ସ୍ୱର୍ଗଦ୍ୱାର ପାଲଟିଛି ଗଛ

ଇଣ୍ଡୋନେସିଆର ଦକ୍ଷିଣ ସୁଲାବେସି ପ୍ରାନ୍ତରେ ଏଭଳି ଏକ ଗଛ ରହିଛି ଯାହାକୁ ନେଇ ସେଠାକାର ଲୋକଙ୍କର ଏକ ଅନ୍ଧବିଶ୍ୱାସ କରିଛି । କଥା କ'ଣ ସେହି ଗଛ ନିଜେ ହିଁ ସେ ଅଞ୍ଚଳର ସ୍ୱର୍ଗଦ୍ୱାର ପାଲଟିଛି । ସେଠାକାର ଅନେକ ଲୋକ ତାଙ୍କ ପିଲାମାନଙ୍କର ମୃତ୍ୟୁ ପରେ ତାଙ୍କ ମୃତ ଦେହକୁ ମାଟିରେ ପୋତିବା ବଦଳରେ ଗଛ ମଧ୍ୟରେ ହିଁ ପୋତିଥାନ୍ତି । ସେମାନଙ୍କ ମାନ୍ୟତା ରହିଛି ସେପରି କଲେ ସେମାନଙ୍କର ପିଲାମାନଙ୍କୁ ପ୍ରକୃତି ତାଙ୍କ ମଧ୍ୟରେ ଆଶ୍ରୟ ଦେଇଥାଏ । ଏହି ଖାସ୍ ପ୍ରକାରର ଗଛ ସେଠାକାର ତାନା ତୋରାଜା ନାମକ ସ୍ଥାନରେ ଅବସ୍ଥିତ । ସେ ଗାଁର ପିଲାମାନେ ମରିଯିବା ପରେ ଗଛରେ ତାଙ୍କର ସମାଧି ବନାଇବା ପାଇଁ ଗଛର ଗଣ୍ଡିକୁ ପ୍ରଥମେ ଖୋଳି ସ୍ଥାନ ବନାଇଥାନ୍ତି ପରେ ତାଙ୍କ ଶିଶୁର ଶବକୁ ଗୋଟିଏ କପଡ଼ାରେ ଗୁଡ଼ାଇ ସେହି ଗଛ ମଧ୍ୟରେ ରଖିଦିଅନ୍ତି । ତା'ପରେ ଗାତକୁ ପୋତିବା ପାଇଁ ଗଛ ଗଣ୍ଡିରେ ପ୍ରସ୍ତୁତ ପ୍ରାଇବର ଚଦର ବ୍ୟବହାର କରନ୍ତି । ଗଛ ମଧ୍ୟରେ କେବଳ ସେହି ପିଲାମାନଙ୍କୁ ପୋତାଯାଏ ଯାହାର ଦାନ୍ତ ଉଠିନଥିବ । ସମୟକ୍ରମେ ସେହି ଖାଲ ସ୍ଥାନ ଆପେ ଆପେ ପୂରିଯାଏ । ଏହାକୁ ଦେଖି ଗାଁଲୋକ ମାନି ନିଅନ୍ତି ତାଙ୍କ ମରିଯାଇଥିବା ଶିଶୁକୁ ପ୍ରକୃତିର କୋଳକୁ ଚାଲିଗଲା ।

## ବିଲେଇଙ୍କୁ ମିଳୁଛି ସରକାରୀ ଚାକିରି, ମୋଟା ଦରମା



ଲଣ୍ଡନ ଗୋଟିଏ ପଟେ ଦେଶରେ ବେରୋଜଗାରୀ ସମସ୍ୟା ବୃଦ୍ଧି ପାଉଥିଲା ବେଳେ ଅନ୍ୟପଟେ ଏଠି ବିଲେଇକୁ ପ୍ରଦାନ କରାଯାଉଛି ସରକାରୀ ଚାକିରି ଏବଂ ଚାକିରି ବାବଦରେ ମିଳୁଛି ମୋଟା ଦରମା। ନିକଟରେ ଦେଶର କ୍ୟାବିନେଟ୍ ଦୁଇ ବିଲେଇକୁ ସରକାରୀ ନିଯୁକ୍ତି ପାଇଁ ମଞ୍ଜୁର ଦେଇଛି। ଇବି ଏବଂ ଓସି ନାମକ ଏହି ଦୁଇ ବିଲେଇ ଏବେ ବ୍ରିଟିସ ସରକାରଙ୍କ କ୍ୟାବିନେଟ୍ କାର୍ଯ୍ୟାଳୟରେ ଚାକିରି କରୁଛନ୍ତି। ବିଲେଇଙ୍କୁ ନିଯୁକ୍ତି ଦିଆଯିବା ପୂର୍ବରୁ ବିଧିବଦ୍ଧ ଭାବେ ବିଜ୍ଞାପନ ଦିଆଯାଇଥିଲା। ବିଜ୍ଞାପନରେ ସେମାନଙ୍କର ଯୋଗ୍ୟତା ସହ ବାୟୋଡାଟା ମଧ୍ୟ ମଗାଯାଇଥିଲା। ଏହି ନିଯୁକ୍ତି ପାଇଁ ଅନେକ ଆବେଦନ ପତ୍ର ମିଳିଥିଲା ବେଳେ ଦକ୍ଷତାକୁ ଦୃଷ୍ଟିରେ ରଖି ଦୁଇ ବିଲେଇଙ୍କୁ ନିଯୁକ୍ତି ଦିଆଯାଇଛି। ଏମାନଙ୍କର ଦାୟିତ୍ୱ ହେଉଛି କ୍ୟାବିନେଟ୍ କାର୍ଯ୍ୟାଳୟରୁ ମୂଷା ମାରିବା। ଗତକିଛି ବର୍ଷ ଧରି ଏଠାର କ୍ୟାବିନେଟ୍ କାର୍ଯ୍ୟାଳୟରେ ମୂଷାଙ୍କ ଉତ୍ପାତ ବୃଦ୍ଧି ପାଉଥିଲା ବେଳେ ସେମାନଙ୍କ ଦ୍ୱାରା ଅତ୍ୟନ୍ତ ଗୁରୁତ୍ୱପୂର୍ଣ୍ଣ କାଗଜପତ୍ର ନଷ୍ଟ ହେବାରେ ଲାଗିଛି। ଯେଉଁ କାରଣରୁ ସରକାର ବାଧ୍ୟରେ ମୂଷା ନିୟନ୍ତ୍ରଣ ପାଇଁ ବିଲେଇ ନିଯୁକ୍ତି ଦେଇଛନ୍ତି।

## ଶୀତ ଋତୁରେ ରୋଗ ବେଶୀ



ଶୀତଋତୁ ଆସିଲେ ବିଭିନ୍ନ ପ୍ରକାର ରୋଗ ମଧ୍ୟ ସାଙ୍ଗରେ ଆଣି ଆସିଥାଏ । ଯେପରି ଥଣ୍ଡା, ସଂକ୍ରମଣ, ତ୍ୱଚା ଫାଟିବା ଇତ୍ୟାଦି । କେତେକ ଲୋକଙ୍କର ଭାବନା ରହିଥାଏ କି ସନସ୍କ୍ରିନ୍ର ପ୍ରୟୋଗ କେବଳ ଗ୍ରୀଷ୍ମ ଦିନମାନଙ୍କରେ କରାଯାଇଥାଏ କିନ୍ତୁ ଏପରି ଭାବିବା ସମ୍ପୂର୍ଣ୍ଣ ରୂପେ ଭୁଲ୍ । ଥଣ୍ଡା ଦିନମାନଙ୍କରେ ସୂର୍ଯ୍ୟ ଭୂପୃଷ୍ଠର ସବୁଠାରୁ ନିକଟତର ହୋଇଥାନ୍ତି । ଏଥିପାଇଁ ସୂର୍ଯ୍ୟଙ୍କ କିରଣ ଅଧିକ କ୍ଷତି ପହଞ୍ଚାଇଥାଏ । ଥଣ୍ଡା ଦିନମାନଙ୍କରେ କସରତ କରିବା କ୍ଷତିକାର ହୋଇପାରେ । ଏପରି ଭାବିବା ବିଲ୍‌କୁଲ୍ ଭୁଲ୍ । ବାସ୍ ଏହି କଥାର ଧ୍ୟାନ ରଖନ୍ତୁ କି ବାହାରକୁ ବାହାରିବା ପୂର୍ବରୁ ନିଜକୁ ଥଣ୍ଡାରୁ ବଞ୍ଚେଇବାର ସମସ୍ତ ଉପାୟକୁ ସାଙ୍ଗରେ ଧରି ଯାଆନ୍ତୁ । ଥଣ୍ଡା ଦିନମାନଙ୍କରେ ମଦ୍ୟପାନ କରିବା ଦ୍ୱାରା ଶରୀର ଗରମ ପହଞ୍ଚାଇଥାଏ ବୋଲି ଅନେକଙ୍କର ଭାବନା ରହିଥାଏ । କିନ୍ତୁ ବାସ୍ତବରେ ଏହା ଅଳ୍ପ କିଛି ସମୟ ପାଇଁ ଆପଣଙ୍କ ଶରୀରକୁ ଗରମ ରଖିଥାଏ । ଲମ୍ବା ସମୟ ପର୍ଯ୍ୟନ୍ତ ଏହା କାମ କରିନଥାଏ । ଅଧିକ ସମୟ ପର୍ଯ୍ୟନ୍ତ ଥଣ୍ଡାରେ ଘରଠୁ ବାହାରେ ରହିବା ଦ୍ୱାରା ରୋଗ ଆକ୍ରାନ୍ତ ହେବାର ଆଶଙ୍କା ଅଧିକ ରହିଥାଏ । ଏପରି ବିଲ୍‌କୁଲ୍ ନୁହେଁ । ଏହି ମୌସୁମୀରେ ଥଣ୍ଡା, କାଶ, କେବଳ ବ୍ୟାକ୍ଟେରିୟା ଏବଂ ସଂକ୍ରମଣ କାରଣରୁ ହିଁ ହୋଇଥାଏ । ଥଣ୍ଡା ମୌସୁମିରେ ଅଧିକ ଚିନ୍ତା ରହିଥାଏ । ଭିଟାମିନ୍ ସି ଇମ୍ୟୁନିଟିକୁ ବଢେଇଥାଏ ଏବଂ ଥଣ୍ଡା ଦିନମାନଙ୍କରେ ହେଉଥିବା ରୋଗ ମାନଙ୍କଠାରୁ ବଞ୍ଚେଇଥାଏ ।




# ତୁ' ମୋତେ ନ ଖା', ମୁଁ ତୋତେ ନଖାଏ

ଆମେ ଯେତେ ନିଶା ଖାଉ, ତା ମଧ୍ୟରେ ଧୂମପାନ ଅନ୍ୟତମ। ଧୂମପାନ ତମାଖୁ ସେବନର ଅନ୍ତର୍ଗତ। ସିଗାରେଟ୍, ବିଡ଼ି ଏବଂ ପିକା ଇତ୍ୟାଦି ସମାଜର ଅଶେଷ କ୍ଷତି କରୁଥିଲେ ହେଁ; ଏହାକୁ ନିଷେଧ କରିବାରେ ସେମିତି କିଛି ଆଖିଦୃଶିଆ କଡ଼ା ଆଇନ୍ ନାହିଁ। ତମାଖୁ ସେବନ ଏବଂ ଧୂମପାନ କାରଣରୁ ଅଧୁନା ପୃଥିବୀରେ ପ୍ରତି ଦଶ ସେକେଣ୍ଡରେ ଜଣେ ମରୁଛନ୍ତି। ଆଶା କରାଯାଏ ଯେ, ଏହାର ବହୁଳ ବ୍ୟବହାର ଉପରେ ଲଗାମ ନଲଗାଇଲେ ଅଥବା ଏହାକୁ ସଂପୂର୍ଣ୍ଣ ବାରଣ ନକଲେ, ପ୍ରତି ସେକେଣ୍ଡରେ ଜଣେ ଲେଖାଏଁ ମରିବା ସୁନିଶ୍ଚିତ। ଆମ ଭାରତରେ ତମାଖୁ ସେବନଜନିତ ସଂଖ୍ୟା ଏବେ ୧୨କୋଟିରୁ ଊର୍ଦ୍ଧ୍ୱ ଏବଂ ଏଥିରେ ପ୍ରତିବର୍ଷ ମରନ୍ତି ପ୍ରାୟ ନଅକୋଟି। ଏକ ସ୍ୱାସ୍ଥ୍ୟ ସୂଚନାରୁ ଜଣାପଡ଼ିଛି ଯେ, ଭାରତର ୬୦ଲକ୍ଷ ହୃଦ୍‌ରୋଗୀଙ୍କ ମଧ୍ୟରୁ ୩୦ଲକ୍ଷ ହୃଦ୍‌ରୋଗୀ ହେଉଛନ୍ତି ତମାଖୁ ବା ଧୂମପାନ ସେବନଜନିତ ରୋଗୀ। ଭାରତରେ ଥିବା କର୍କଟ ରୋଗୀଙ୍କ ମଧ୍ୟରେ ୯୦% ତମାଖୁ ସେବନଜନିତ କର୍କଟ ରୋଗୀ, ମୁଖଗହ୍ୱର କର୍କଟ ରୋଗର ମୁଖ୍ୟ କାରଣ। ଯଦି ସତର୍କତା ଅବଲମ୍ବନ କରାନଯାଏ ତେବେ ନିକଟ ଭବିଷ୍ୟତରେ ଏହା ଆଶାତୀତ ଭାବେ ବୃଦ୍ଧି ପାଇବ। ତମାଖୁରେ ୭୦୦୦ ପ୍ରକାର ରାସାୟନିକ ପଦାର୍ଥ ଅଛି ଯାହା ମଧ୍ୟରୁ ଅଧିକାଂଶ ଉପାଦଳନା ପ୍ରବେଶ କରି ବିଭିନ୍ନ ରୋଗର କାରଣ ହୋଇଥାଏ। ଏହା ଶରୀରକୁ ପ୍ରତ୍ୟକ୍ଷ ବା ପରୋକ୍ଷଭାବେ ପ୍ରଭାବିତ କରିବା ସହ କର୍କଟ, ହୃତ୍‌ପିଣ୍ଡ ସଂକ୍ରାନ୍ତୀୟରୋଗ, ଫୁସ୍‌ଫୁସ୍ ଜନିତ ରୋଗ ଏବଂ ହୃଦ୍‌ଘାତରେ କାରଣ ହୋଇଥାଏ । ଶୁଣି ଆଶ୍ଚର୍ଯ୍ୟ ହେବେ ଯେ, ବିଶ୍ୱର ସର୍ବାଧିକ ମୁଖ କର୍କଟ ରୋଗୀ ଭାରତରେ ହିଁ ଅଛନ୍ତି । ଏହାର ମୁଖ୍ୟ କାରଣ ସେହି ଧୂମପାନ ଏବଂ ତମାଖୁ ସେବନ। ଏବେ କଅଁଳ ବୟସର ପିଲାମାନେ ବିଶେଷକରି ୧୩-୧୫ ବର୍ଷର ପିଲାଏ ସର୍ବାଧିକ ଧୂମପାନ କରୁଛନ୍ତି। ଏହା ଏମିତି ଏକ ନିଶା, ଯାହା ଥରେ ମାତ୍ର ଅଭ୍ୟାସରତ ହୋଇଗଲେ, ସାରା ଜୀବନ ଛାଡ଼ି ହୁଏନାହିଁ ଏବଂ ତାହା ତୁମକୁ ଗୋଡ଼ାଇ ଗୋଡ଼ାଇ ଖାଏ।

ଗବେଷଣାରୁ ଜଣାପଡ଼ିଛି ଯେ, ପ୍ରତିଟି ସିଗାରେଟ୍ ସେବନ ଦ୍ୱାରା ମଣିଷର ଆୟୁ ୫ମିନିଟ୍ କମିଥାଏ । ଖଣ୍ଡିଏ ହୁକା ଟାଣିଲେ ୧୧ମିନିଟ୍ ଆୟୁ କମେ ଯାହାକି ୨୦ଟି ବିଡ଼ି ଟଣା ସହିତ ସମାନ। ଏହା ଅର୍ଥ ନୁହେଁ ବିଡ଼ିରେ କମ୍ ନିକୋଟିନ୍ ଅଛି ବୋଲି ତାକୁ ଖାଇବା। ଆମେ ମନେରଖିବା ଉଚିତ୍ ଯେ ପ୍ରାଣଘାତୀ ଆକ୍ରମଣ ପାଇଁ ଟୋପାଏ ବିଷପାନ ଯେପରି, ସେମିତି ବିଡ଼ି ଓ ସିଗାରେଟ୍ ଖାଉଥିବା ଲୋକଙ୍କ କଥା। ବିଡ଼ି ବା ସିଗାରେଟ୍ ଅଭ୍ୟାସ କରୁଥିବା ଲୋକଙ୍କର ଆୟୁଷର ୬ରୁ ୧୦ ବର୍ଷ ପୂର୍ବରୁ ମୃତ୍ୟୁବରଣ ହୋଇଥାଏ।

ଏବେ ତ ଉଭୟ ପୁରୁଷ ଏବଂ ମହିଳାମାନେ ତମାଖୁ ସହିତ ଧୂମପାନ କରୁଛନ୍ତି। ଆମ ଭାରତରେ ଏହିପରି ପୁରୁଷ ସେବନକାରୀ ସଂଖ୍ୟା ୫୬.୪% ଏବଂ ନାରୀମାନଙ୍କ ସଂଖ୍ୟା ୪୪.୬%। ଆମ ଦେଶରେ ଏକ ତୃତୀୟାଂଶ ଜନସଂଖ୍ୟା ଏଥିରେ ଅଭ୍ୟସ୍ତ।

ବିଶ୍ୱ ତମାଖୁ ସର୍ବେକ୍ଷଣ ୨୦୧୦ ଅନୁସାରେ ଯୁବକମାନଙ୍କର ୫୨% ଘରେ, କର୍ମକ୍ଷେତ୍ରରେ ୩୦% ଏବଂ ଜନତା ପରିବହନରେ ୧୭.୫% ତମାଖୁ ସେବନ ପ୍ରତି ଉନ୍ମୁକ୍ତ ଅଟନ୍ତି। ଉଲ୍ଲେଖଯୋଗ୍ୟ ଯେ ଯେଉଁମାନେ ଏହାକୁ ସେବନ କରନ୍ତି, ସେମାନେ ତ ଏହାର ଶିକାର ହୁଅନ୍ତି, ତାଙ୍କ ସହିତ ବା ତାଙ୍କ ସଂସ୍ପର୍ଶରେ ଆସୁଥିବା ବ୍ୟକ୍ତି, ଗର୍ଭବତୀ ମହିଳା ଓ ଶିଶୁ ଯେଉଁମାନେ ଅଣଧୂମପାନକାରୀ, ସେମାନେ ଘରେ ବା' କର୍ମକ୍ଷେତ୍ରରେ ଯେଉଁଠି ଥାଆନ୍ତି, ୨୫.୩୦% ହୃଦରୋଗ ଏବଂ ୨୦-୩୦% ଫୁସ୍‌ଫୁସ୍‌ଜନିତ ରୋଗରେ ଆକ୍ରାନ୍ତ ହୁଅନ୍ତି। ଅନ୍ତଃରାଷ୍ଟ୍ରୀୟ ଗବେଷଣାରୁ (ଏସ୍.ଏଚ୍.ଏସ୍) ଏହା ମଣିଷ ପାଇଁ ପଦାଙ୍କିତ କାରଣ ହୋଇଛି। ଏସ୍.ଏଚ୍.ଏସ୍‌ରେ ୭୦୦୦ ବିଷାକ୍ତ ରାସାୟନିକ ମଧ୍ୟରୁ ୬୯ ଗୋଟି କର୍କଟ ରୋଗର କାରଣ। ନିକଟରେ ଏକ ସର୍ବେକ୍ଷଣରୁ ଜଣାଯାଇଛି ଯେ, ତମାଖୁ ସେବନ କାରଣରୁ ଆମେରିକାରେ ପ୍ରତିବର୍ଷ ପ୍ରାୟ ପାଞ୍ଚଲକ୍ଷ ଲୋକ କ୍ୟାନ୍‌ସରର ଶିକାର ହୋଇଥାଆନ୍ତି । ଆମେରିକାର ରୋଗ ନିୟନ୍ତ୍ରଣ ଓ ମୁକାବିଲା କେନ୍ଦ୍ର (ସିଡ଼ିସି)ର ତଥ୍ୟାନୁଯାୟୀ କ୍ୟାନ୍‌ସର ଅର୍ଦ୍ଧାଧିକ ମାମଲା ଫୁସ୍‌ଫୁସ୍ ଓ ଶ୍ୱାସନଳୀ ସମ୍ବନ୍ଧିତ। ଏତଦ୍‌ଭିନ୍ନ ମୁହଁ, ପେଟ ଓ କିଡ୍‌ନୀ କ୍ୟାନସର ହେବାର ସମ୍ଭାବନା ମଧ୍ୟ ତମାଖୁ ସେବନରୁ ବୋଲି ସତର୍କ କରାଯାଇଛି। ଦେଶର ଆର୍ଥିକ କ୍ଷେତ୍ରରେ ଏହାର ପ୍ରଭାବ ମଧ୍ୟ ବେଶ୍ କ୍ଷତିକାରକ; ପାଖାପାଖି ୧୬୭ ଶହ କୋଟି ଡଲାର।

ଏସ୍.ଏଚ୍.ଏସ୍ ପ୍ରତି ଉନ୍ମୁକ୍ତ ପିଲାମାନେ ହଠାତ୍ ପ୍ରାଥମିକ ଲକ୍ଷଣ ସହ (ଏସ୍.ଆଇ.ଡ଼ି.ଏସ୍) ତୀବ୍ର ଶ୍ୱାସ, କଣ୍ଠ ସମସ୍ୟା, ଶ୍ୱାସନଳୀ ପ୍ରଦାହ ଏବଂ ଅତିଶୟ ଆଜମା ନିମନ୍ତେ ବର୍ଦ୍ଧିତ ବିପଦରେ ଥାଆନ୍ତି। ଏସ୍.ଏଚ୍.ଏସ୍ ପ୍ରତି ଯୁବକମାନଙ୍କର ଉନ୍ମୁକ୍ତ, ହୃତପିଣ୍ଡ ଓ ଧମନୀ ରୋଗ, କୋରୋନରୀ ହୃଦୟ ରୋଗ ଏବଂ ବାୟୁ କୋଷ ଫୁସ୍ ଫୁସ୍ କର୍କଟର କାରଣ ହୋଇଥାଏ।

୨ ଅକ୍ଟୋବର ୨୦୦୮ରେ ଭାରତ ସରକାର ସର୍ବସାଧାରଣ ସ୍ଥାନରେ "ଧୂମପାନ ନିଷେଧ" ଉପରେ ସଂଶୋଧିତ ଆଇନ୍ ଲାଗୁ କରିଛନ୍ତି। ଏହା ଏକ ଦଣ୍ଡନୀୟ ଅପରାଧ ବୋଲି ଘୋଷଣା କରିଛନ୍ତି। ସର୍ବସାଧାରଣ ସ୍ଥାନରେ ଧୂମପାନ କରୁଥିବା ବ୍ୟକ୍ତିଙ୍କୁ ୨୦୦ଟଙ୍କା ଜୋରିମନା ଦେବାର ନିୟମ ଥିଲା। ଏହାକୁ ଧରାଇଦେବାରେ ସ୍ୱାସ୍ଥ୍ୟ ଓ ଗୃହ ବିଭାଗ ତରଫରୁ କର୍ମଚାରୀମାନଙ୍କୁ ନେଇ ସ୍ୱେଚ୍ଛାସେବୀ ସଂଗଠନ ମାଧ୍ୟମରେ ବ୍ୟବସ୍ଥା ଅଛି। ସରକାରୀ କର୍ମଚାରୀ ତାଙ୍କ କାର୍ଯ୍ୟାଳୟରେ ଧୂମପାନ କଲେ ୫୦୦ଟଙ୍କା ଏବଂ ଦୁଇଜଣ ମିଶି ଧୂମପାନ କଲେ ୧୦ ହଜାର ଟଙ୍କାର ଜୋରିମାନା କଥା ବି ଅଛି।

ଏସବୁ ସତ୍ତ୍ୱେ ଧୂମପାନକାରୀଙ୍କ ସଂଖ୍ୟା ବଢ଼ି ରହିଛି। ଆଇନ୍ ତା' ପୋଥି ଭିତରେ ନୀରବ। କର୍ମୀଙ୍କ କଥା ଛାଡ଼। ମଦ କୁହେ; ତୁମେମାନେ ମୋତେ ଖାଉନ, ମୁଁ ତୁମକୁ ଖାଉଛି। ଏବେ ଧୂମପାନ କଥା ସେୟା, ଆମେ କ'ଣ କହିବା ଯେ ଧୂମପାନ ଆମକୁ ଖାଉ !

ଧୂମପାନ ନିଷେଧ ପାଇଁ ଆମ ଜାତୀୟ ସରକାର ନାନାବିଧ ପଦକ୍ଷେପ ନେଇଛନ୍ତି। ସିଗାରେଟ୍ ଟାଣିବା ଓ ତମାଖୁ ଚୋବାଇବାରେ କଡ଼ା କଟକଣା ଜାରିକରିବାରେ ସ୍ୱାସ୍ଥ୍ୟ ମନ୍ତ୍ରଣାଳୟ ତରଫରୁ ଏକ କମିଟି ଗଠନ କରାଯାଇଥିଲା। ଗତ ସେପ୍ଟେମ୍ବର ୨୦୧୪ରେ କମିଟି ତାଙ୍କ ସୁପାରିଶ ଦେଇଛନ୍ତି। ଏହା ଏକ ସ୍ପର୍ଶକାତର ବିଷୟ ହେତୁ ଆଗାମୀ ଶୀତକାଳୀନ ଅଧିବେଶନରେ ସଂସଦରେ ପାରିତ ହୋଇ ନିୟମରେ ପରିଣତ ହେବାର ଅଛି। ଏହା ଯଦି ହୁଏ, ତେବେ ପୂର୍ବ ଆଇନ୍‌ର ସଂଶୋଧିତ ରୂପରେ ସର୍ବସାଧାରଣ ସ୍ଥାନରେ ଧୂମପାନ କଲେ ପୂର୍ବ ପ୍ରଚଳିତ ୨୦୦ ଟଙ୍କା ପରିବର୍ତ୍ତେ ଏହା ୨୦ ହଜାର ଟଙ୍କା ଜୋରିମନା ହେବ। ସିଗାରେଟ୍‌ର ବ୍ୟବହାର ରୋକିବା ଏବଂ ହ୍ରାସ ପାଇଁ ଏଣିକି ପ୍ୟାକେଟ୍‌ରୁ ଖୋଲି କେହି ଖୁଚୁରା ବିକିପାରିବେ ନାହିଁ। କାରଣ ଖୋଲା ସିଗାରେଟ୍ ପାନ ବିଡ଼ି ସିଗାରେଟ୍ ଦୋକାନରେ ଅଧିକ ବିକ୍ରି ହୋଇଥାଏ। ତେବେ ପ୍ୟାକେଟ୍ ବିକ୍ରି ଉପରେ ବି ପ୍ରଶ୍ନବାଚୀ ଅଛି। ପ୍ୟାକେଟ୍‌ଟିଏ ପାଖରେ ଥିଲେ ଅଧିକ ପିଇବାକୁ ଇଚ୍ଛା ହୁଏ। ପୁନଶ୍ଚ କଂପାନୀମାନଙ୍କୁ ସତର୍କ କରାଇ କୁହାଯାଇଛି ଯେ ସେମାନେ ପ୍ୟାକେଟ୍ ଉପରେ ୮୦% ସ୍ଥାନରେ ବୈଧାନିକ ସତର୍କତାସ୍ୱରୂପ ଫଟୋ ସହିତ ଚେତାବନୀକୁ ଦୃଶ୍ୟମାନ ବଡ଼ ଆକାରରେ ସ୍ଥାନିତ କରିବେ। ପୂର୍ବରୁ ଏହାକୁ ଖିଲାଫ କଲେ ୫୦୦୦ ଟଙ୍କା ଜୋରିମନା ଦେବାକୁ ଥିଲା। ଏବେ ଏହାକୁ ୫୦ ହଜାର ଟଙ୍କାକୁ ବୃଦ୍ଧି କରାଯାଇଛି। ଖାଲି ସେତିକି ନୁହେଁ, ତମାଖୁ ସେବନ ନିମନ୍ତେ ସର୍ବନିମ୍ନ ବୟସ୍ ୧୮ରୁ ୨୫କୁ ବୃଦ୍ଧି କରାଯାଇଛି। ଏହା କେତେଦୂର କାର୍ଯ୍ୟକାରୀ ହେବ, ତାହା କେବଳ ଦେଖିବାକୁ ବାକି ରହିଲା।

ପ୍ରତିବର୍ଷ ୧୧ ଅକ୍ଟୋବରକୁ ଧୂମପାନ ନିଷେଧ ଦିବସ ରୂପେ ପାଳନ କରିବାକୁ ଘୋଷଣା କରାଯାଇଛି। ଏହା ମାଧ୍ୟମରେ ଛାତ୍ରଛାତ୍ରୀ, ଶିକ୍ଷକ, ବୁଦ୍ଧିଜିବୀ ଏବଂ ସର୍ବସାଧାରଣଙ୍କ ମଧ୍ୟରେ ସଚେତନତା ସୃଷ୍ଟି କରାଇ ଧୂମପାନ ସେବନରୁ ନିବୃତ୍ତ କରାଇବାକୁ ପ୍ରବର୍ତ୍ତାଯାଉଛି।

ଧୂମପାନ କେବଳ ଆମ ରୋଗର ଏକ ମାରାତ୍ମକ କାରଣ ନୁହେଁ। ଏହା ଏକ ନିହାତି ଅସଭ୍ୟତା ଏବଂ ଅଭଦ୍ରତା। ଏ ନେଇ ଗାନ୍ଧି କହିଛନ୍ତି- ***"ଯେବେଠାରୁ ମୁଁ ବଡ଼ ହୋଇଛି, ମୁଁ କେବେବି ଧୂମପାନ କରିବାକୁ ଇଚ୍ଛା କରିନାହିଁ ଏବଂ ସର୍ବଦା ଧୂମପାନ ଅଭ୍ୟାସକୁ ଅସଭ୍ୟ, ଘୃଣ୍ୟ ଓ କ୍ଷତିକାରକ ବୋଲି ବିବେଚନା କରିଛି। ମୁଁ କେବେବି ବୁଝିପାରିନାହିଁ ଯେ ସମଗ୍ର ବିଶ୍ୱରେ ଧୂମପାନ ପାଇଁ ଏତେ ଆବେଗ କାହିଁକି ? ଧୂମପାନ କରୁଥିବା ଲୋକମାନଙ୍କ ଦ୍ୱାରା ପୂର୍ଣ୍ଣ ହୋଇଥିବା ଏକ ରେଳଡ଼ବାରେ ବସିବାକୁ ମୁଁ ସହ୍ୟ କରିପାରିବି ନାହିଁ। -ସତ୍ୟ ସହିତ ମୋ ପରୀକ୍ଷା।"***

# କାଥୋଲିକ ଓ ପ୍ରୋଟେଷ୍ଟାଣ୍ଟ ବିବାଦ

ଆମ ଦେଶର ଜାତିଗତ ବିବାଦ ସଂପର୍କୀୟ ଘଟଣା ସବୁବେଳେ ଆମେ ବହୁଳ ଭାବରେ ଆଲୋଚନା କରି ସେ ସମୟର ନିର୍ଯାତନା ପାଇଁ ଏବେ ମଧ୍ୟ କିଛି ନିର୍ଦ୍ଦିଷ୍ଟ ଜାତି ବା ସଂପ୍ରଦାୟଙ୍କୁ ଦାୟୀ କରି ନିନ୍ଦା ଓ ଭତ୍ସନା ଜାରି ରଖିଛୁ । ପ୍ରତିଦିନ ମନୁଙ୍କ ସପ୍ତପୁରୁଷଙ୍କୁ ଶ୍ରାଦ୍ଧ କରାଯାଉଛି । ବ୍ରାହ୍ମଣମାନଙ୍କ ମୁହଁରେ କଳା ବୋଳାଯାଉଛି । ଆମ ଦେଶରେ ଜାତିଗତ ବିଭେଦ ପାଇଁ କେବେ ରକ୍ତପାତ ହୋଇ ନଥିଲା । ସମୟ ଅନୁଯାୟୀ ଲୋକମାନେ ଅତୀତକୁ ଭୁଲି ସଂହତିର ଜୀବନ କଟାଇଲା ବେଳକୁ ଆମ ନେତାମାନେ ଲୋକମାନଙ୍କୁ ଶାନ୍ତିରେ ରଖାଇ ଦେଉନାହାନ୍ତି । ଦଳିତ, ଅନୁସୂଚିତ ବୋଲି ଅନେକ ଶବ୍ଦ ସୃଷ୍ଟି କରି ସବୁବେଳେ ଅତୀତକୁ ଉଖୁରାଉଛନ୍ତି । ନାନାପ୍ରକାର ସଂରକ୍ଷଣରେ ଦେଶକୁ ଶତ ବିଭକ୍ତ କରି ନିଜର ଭୋଟବ୍ୟାଙ୍କ ସୃଷ୍ଟି କରି ଚାଲିଛନ୍ତି ।

ମଧ୍ୟଯୁଗରେ ଖାଲି ଭାରତ ନୁହେଁ, ପୃଥିବୀର ସବୁଆଡେ ଭୟଙ୍କର ଧର୍ମଗତ ବିଭେଦ ଲାଗିଥିଲା । ଯେଉଁ ୟୁରୋପୀୟମାନେ ଆଜି ସାହେବ ହୋଇଛନ୍ତି, କ୍ରୀତଦାସ ପ୍ରଥା ଭଳି ଜଘନ୍ୟ ପ୍ରଥାକୁ ଶହ ଶହ ବର୍ଷ ବଂଚ-ାଇ ରଖିଥିଲେ । ମଣିଷକୁ ପଶୁଠାରୁ ଆହୁରି ହୀନ କରିଥିଲେ । ଖ୍ରୀଷ୍ଟଆନମାନେ ସେମାନଙ୍କର ଜାତିଭେଦ ନାହିଁ କହି ଆମକୁ ଘୃଣା କରନ୍ତି, ସେମାନଙ୍କର କାଥୋଲିକ ଓ ପୋଟେଷ୍ଟାଣ୍ଟମାନଙ୍କ ମଧ୍ୟରେ ବିବାଦ ହୋଇ ଶହ ଶହ ଜିଅନ୍ତା ମଣିଷକୁ କିପରି ପୋଡି ମାରୁଥିଲେ, ତାହାର ସାକ୍ଷୀ ଇତିହାସ ହିଁ ରହିଛି ।

ପ୍ରଥମ ଖ୍ରୀଷ୍ଟାବ୍ଦରେ ପ୍ରାଚୀନ ଇସ୍ରାଏଲ ଭୂମି (ଜୁଡାଇ)ର ଜେସସ କ୍ରାଏଷ୍ଟ ଖ୍ରୀଷ୍ଟଧର୍ମ ପ୍ରଚାର କରିଥିଲେ । ଏକ ନୂତନ ଧର୍ମ ଆଗମନରେ ଆତଙ୍କିତ ହୋଇ ସେଠାର ମୂଳ ଅଧିବାସୀ ଇହୁଦୀମାନଙ୍କର ପୂଜକ ମାନେ ରୋମାନ ଶାସକ ହିରୋଡଙ୍କ ଆଗରେ ଯୀଶୁଙ୍କ ବିରୁଦ୍ଧରେ ଆରୋପ ଆଣି ତାଙ୍କୁ କ୍ରୁସ ବିଦ୍ଧ କରାଇ ହତ୍ୟା କରିଥିଲେ । ସେତେବେଳେ ଧର୍ମରେ ନୂଆ ଚିନ୍ତାଧାରାକୁ ପ୍ରାଣଦଣ୍ଡ ଦେଇ ଦବାଇ ଦିଆଯାଉଥିଲା । ପରେ ପଲ, ପିଟର ଭଳି ଶିଷ୍ୟମାନେ ଆତ୍ମବଳି ଦେଇ ଏହାର ପ୍ରଚାର କରିଥିଲେ । ନୂତନ ଧର୍ମାବଲମ୍ବୀମାନେ ନାନା ନିର୍ଯାତନାର ଶିକାର ହେଲେ । ତୃତୀୟ ଶତାବ୍ଦୀରେ ରୋମ ସମ୍ରାଟ କନଷ୍ଟାଣ୍ଟାଇନ ରୋମର ରାଜଧର୍ମ ରୂପେ ଖ୍ରୀଷ୍ଟଧର୍ମ କୁ ଗ୍ରହଣ କରିବାରୁ ଏହା ସାରା ରୋମ ସାମ୍ରାଜ୍ୟରେ ବ୍ୟାପିଗଲା । ଚର୍ଚ୍ଚମାନ ପ୍ରତିଷ୍ଠା କରାଗଲା । ରୋମର ବିଶପଙ୍କୁ ପୋପ କୁହାଗଲା । ଧର୍ମକୁ ରୋମାନ କାଥୋଲିକ (Universal) ଧର୍ମ ନାମ ଦିଆଗଲା । ଖ୍ରୀଷ୍ଟ ଧର୍ମର ଧର୍ମଗ୍ରନ୍ଥ ବାଇବେଲ ଲାଟିନ ଭାଷାରେ ଲେଖା ଥିଲା । ପ୍ରତି ରବିବାର ଦିନ ଚର୍ଚ୍ଚକୁ ଯିବା ବାଧ୍ୟତାମୂଳକ ଥିଲା। ମଣିଷର ବ୍ୟକ୍ତିଗତ ଜୀବନକୁ ଚର୍ଚ୍ଚ ନିୟନ୍ତ୍ରଣ କଲା। ୟୁରୋପର ଏକ ତୃତୀୟାଂଶ ଜମି ଚର୍ଚ୍ଚ ଅଧୀନରେ ଥିଲା । ପୋପ ଖ୍ରୀଷ୍ଟଆନ ଜଗତର ସର୍ବୋଚ୍ଚ ଧର୍ମଗୁରୁ ହେଲେ । ବିସପ, କାଡିନାଲ, ପ୍ରିଷ୍ଟ ମାଧ୍ୟମରେ ସାଧାରଣ ଲୋକମାନେ ଈଶ୍ୱରଙ୍କ ଉପଲବ୍ଧି କରୁଥିଲେ । ଅନୁତାପ, କନଫେସନ, ବାପ୍ଟିଜିମ ଓ ସତକାମ ଏହି ଧର୍ମର ମୂଳମନ୍ତ୍ର ଥିଲା । ପୋପ ସମସ୍ତ ଖ୍ରୀଷ୍ଟିଆନ ଜଗତର ସର୍ବୋଚ୍ଚ ଗୁରୁ ଥିଲେ । ସେ ବିସପ, କାଡିନାଲମାନଙ୍କୁ ନିଯୁକ୍ତି ଦେଉଥିଲେ । ପାପାଲ କିଙ୍ଗଡମ ନାମରେ ରାଜ୍ୟର ଶାସକ ମଧ୍ୟ ଥିଲେ । ପ୍ରତ୍ୟେକ ଶାସକ ନିଜ ଅଭିଷେକ, ବିବାହ ପାଇଁ ପୋପଙ୍କର ଅନୁମତି ନେଉଥିଲେ । କାଥୋଲିକ ଧର୍ମରେ କୌଣସି ଭିନ୍ନମତକୁ ଆଶ୍ରୟ ଦିଆଯାଉ ନ ଥିଲା । ନିଜର ନୂଆ ମତ (Heliocentrism,The Sun not Earth is in centre) ପାଇଁ ବୟସ୍କ ବୈଜ୍ଞାନିକ ଗାଲିଲିଓଙ୍କୁ ନାନା ଅପମାନ ଦିଆଗଲା (୧୫୩୪) । ସେ ମିଛୁଆ ଓ ଉଦଭ୍ରାନ୍ତ (Heratic) ବୋଲି ଘୋଷଣା କରାଗଲା । ସେ ଜୀବନଯାକ ଗୃହବନ୍ଦୀ ରହିଲେ । କବର ପାଇଁ ଯାଗା ଦିଆଗଲା ନାହିଁ । କାଳକ୍ରମେ ଅନେକ ଚିନ୍ତାଶୀଳ ବ୍ୟକ୍ତି ଧର୍ମର ସଂସ୍କାର ଚାହିଁଲେ । ସେମାନଙ୍କ ମଧ୍ୟରେ ଜର୍ମାନର ମାର୍ଟିନ ଲୁଥର ଓ କାଲଭିନ ପ୍ରଧାନ । ସେ ୯୫ ଥେସିସ ନାମରେ ଏକ ପୁସ୍ତକ ଲେଖି (୧୫୨୩) ପୋପଙ୍କ ଆଧିପତ୍ୟକୁ ପ୍ରୋଟେଷ୍ଟ କରିବାରୁ ତାଙ୍କ ଧର୍ମକୁ ପ୍ରୋଟେଷ୍ଟାଣ୍ଟ କୁହାଗଲା । ସେମାନେ ବାଇବେଲକୁ ସ୍ଥାନୀୟ ଭାଷାରେ ଛପାଇଲେ । ଈଶ୍ୱର ଓ ବ୍ୟକ୍ତି ମଧ୍ୟରେ ପ୍ରିଷ୍ଟର (ଚର୍ଚ୍ଚ) ମାଧ୍ୟମ ଦରକାର ନାହିଁ ବୋଲି କହିଲେ । ମଦର ମେରୀଙ୍କ ଈଶ୍ୱରତ୍ୱକୁ ମାନିଲେ ନାହିଁ । ଅନୁତାପ, ସତକର୍ମ ବଦଳରେ ଈଶ୍ୱରଙ୍କ ପ୍ରତି ବିଶ୍ୱାସକୁ ପ୍ରାଧାନ୍ୟ ଦେଲେ । ଦଣ୍ଡରୁ କ୍ଷମା ପାଇଁ ଚର୍ଚ୍ଚମାନେ ଅର୍ଥ ନେବାକୁ ବିରୋଧ କଲେ । ସେମାନେ ନିଜର ସ୍ୱତନ୍ତ୍ର ଚର୍ଚ୍ଚ (Redemption) ପ୍ରତିଷ୍ଠା କଲେ । ପ୍ରତ୍ୟେକ ଚର୍ଚ୍ଚ ସମାନ ବୋଲି ଘୋଷଣା କଲେ । ଏହାର ସାମନା ପାଇଁ ପୋପ ସଂସ୍କାର କାର୍ଯ୍ୟକାରୀ କଲେ (୧୫୨୭) । ଜର୍ମାନୀର ଶାସକମାନେ ଲୁଥରଙ୍କୁ ସମର୍ଥନ କଲେ । ଜର୍ମାନୀ ସେତେବେଳେ ପବିତ୍ର ରୋମାନ ସମାଜର ଅନ୍ତର୍ଗତ ଥିଲା, ଯେ କି ପୋପଙ୍କର ଦୃଢ଼ ସମର୍ଥକ ଥିଲେ । ଜର୍ମାନରେ ତିରିଶ ବର୍ଷ ଧରି ଯୁଦ୍ଧ ଚାଲିଲା । ଅନେକ ରାଜ୍ୟ ଧ୍ୱଂସ ହେଲା । କୁହାଯାଏ ଜର୍ମାନର ଏକ ତୃତିୟାଂଶ ଲୋକ ଏହି ଧର୍ମଯୁଦ୍ଧରେ ମରିଗଲେ । ଲାଟିନ ଆମେରିକା, ଇଟାଲି, ସ୍ପେନ୍, ପର୍ତ୍ତୁଗାଲ, ୨୩-ଇଷ୍ଟର୍ଣ୍ଣ ଅର୍ଥୋଡସ୍କ କାଥୋଲିକ ଧର୍ମର (୧.୨ ବିଲିଅନ) ସମର୍ଥକ ଥିଲେ । ଜର୍ମାନ, ଫ୍ରାନସ, ଆମେରିକା, ହଲାଣ୍ଡ ପ୍ରୋଟେଷ୍ଟାଣ୍ଟକୁ ଆପଣେଇଲେ (୮୦ ମିଲିଅନ) । ଏଥିନେଇ ଦେଶ-ଦେଶ ମଧ୍ୟରେ ଯୁଦ୍ଧ ଚାଲିଲା । ଇଂଲଣ୍ଡର ହେନେରି-୮ଙ୍କ ପୋପଙ୍କ ସହ ବିବାଦ ହେବାରୁ ସେ ନିଜ ଦେଶରେ କାଥୋଲିକ ଚର୍ଚ୍ଚମାନ ବନ୍ଦ କରାଇଦେଲେ । ଅତ୍ୟାଚାରରୁ ରକ୍ଷାପାଇବା ପାଇଁ ଅନେକ ଦେଶ ଛାଡିଲେ । ତାଙ୍କ କନ୍ୟା ମେରି ଶାସକ ହେଲାପରେ କାଥୋଲିକଙ୍କୁ ସମର୍ଥନ କଲେ । ପ୍ରୋଟେଷ୍ଟାଣ୍ଟ ମାନଙ୍କୁ ମୃତ୍ୟୁଦଣ୍ଡ ଦେଉଥିଲେ । ତାଙ୍କର ମାତ୍ର ୫ ବର୍ଷ ଶାସନ ମଧ୍ୟରେ ଆର୍କ ବିଶପ କାଉନବରି (କ୍ରାନମର)ଙ୍କ ସମେତ ୨୭୮ଜଣଙ୍କୁ ନିଆଁରେ ପୋଡି ମାରିଥିଲେ । ସେଥିପାଇଁ (Inquisition Law) ବୋଲି ଲୋକେ ଡାକିଲେ । ସ୍ପେନର ଜଣେ ପ୍ରୋଟେଷ୍ଟାଣ୍ଟ କେଟେନ ରିପିଲ (ଶିକ୍ଷକଙ୍କୁ) ଧର୍ମଯାଜକ ପ୍ରିସାଲିନଙ୍କୁ ପୋଡି ମାରିଦିଆଗଲା । ତାଙ୍କର ଅପରାଧ ହେଲା ସେ ଚର୍ଚ୍ଚରେ ପ୍ରାର୍ଥନା ନକରି ଘରେ ପ୍ରାର୍ଥନା କରାଉଥିଲେ । ଆୟରଲାଣ୍ଡରେ କାଥୋଲିକମାନଙ୍କୁ ୪୫ ଫୁଟ ବାଡ ଦିଆଯାଇ ନିଆରା ରଖାଗଲା । ଇଂଲଣ୍ଡରେ ଗୃହଯୁଦ୍ଧ ହୋଇ ରାଜା ଚାର୍ଲସ (କାଥୋଲିକ)ଙ୍କୁ ହତ୍ୟା କରାଗଲା । ସାରା ୟୁରୋପରେ ଇହୁଦୀ ମାନଙ୍କୁ ଘୃଣା କରି ଘେଟୋରେ ରଖାଗଲା ।

ଭିନ୍ନ ମତାବଲମ୍ବୀମାନଙ୍କୁ ନିୟନ୍ତ୍ରଣରେ ରଖିବା ପାଇଁ ପୋପ କାଥେଲିକମାନଙ୍କ Inquisition Law ପ୍ରଣୟନ ପାଇଁ ଆଦେଶ ଦେଲେ । ଏହା ବର୍ତ୍ତମାନର ତାଲିବାନ ଆଇନଠାରୁ ଆହୁରି ଜଘନ୍ୟ ଥିଲା । ସ୍ୱତନ୍ତ୍ର ବିଚାରପତି ନିଯୁକ୍ତି ପାଇଲେ । ଯେଉଁମାନେ ଠିକ୍ ଭାବେ ଧର୍ମ ଆଚରଣ କରୁନଥିବେ (Heratics, Heresy) ସେମାନଙ୍କ ପାଇଁ ବିଭିନ୍ନ ଦଣ୍ଡର ବ୍ୟବସ୍ଥା ରହିଲା । ବିଶେଷତଃ ନିୟୁ ଖ୍ରୀଷ୍ଟିଆନ (Converted Christian)ମାନେ ନିଜ ପୁରୁଣା ଧର୍ମର ବ୍ୟବସ୍ଥା ମାନୁଥିବାରୁ ଏହାର ଶିକାର ହେଉଥିଲେ । ଦଣ୍ଡ ହେଲା, ନିଆଁରେ ପୋଡି ମାରିବା, ସାଧାରଣ ଜାଗାରେ ବାନ୍ଧି ଚାବୁକ ମାରିବା, ଲୋକମାନେ ଟେକା ଫିଙ୍ଗିବା, ଛିପ ପକାଇବା, ଯାହା ଏକ ପୂଣ୍ୟ କାର୍ଯ୍ୟ ବୋଲି ବିବେଚିତ ଥିଲା। ନିର୍ଜନ କାରାବାସ, ଦେଶାନ୍ତର, ଉପରୁ କଚାଡି ହାଡ ଗୋଡ ଭାଙ୍ଗି ଦେବା । ଶାସକ ମାନେ ନିଜ ବିରୋଧୀଙ୍କୁ ଏହି ସୁଯୋଗରେ ଧର୍ମଦ୍ରୋହୀ କହି ଦଣ୍ଡ ଦେଲେ । ସାରା ୟୁରୋପ ଓ ସେମାନଙ୍କର କଲୋନିମାନଙ୍କରେ ହଜାର ହଜାର ବ୍ୟକ୍ତିଙ୍କୁ ହତ୍ୟା କରାଗଲା । ପର୍ତ୍ତୁଗୀଜ ଅଧିକୃତ ଗୋଆରେ ଧର୍ମପ୍ରାଣ ସେଣ୍ଟ ଫ୍ରାନସିସ ଜାଭିଅରଙ୍କ ଆଦେଶରେ ୭୦ ଜଣଙ୍କୁ ନିଆଁରେ ପୋଡି ମାରି ଦିଆଯାଇଥିଲା । ୟୁରୋପରୁ ଏହି କଳାରାତି ନେପୋଲିଅନଙ୍କ ଆବିର୍ଭାବରେ ସମାପ୍ତ ହୋଇଥିଲା । ସେ ଆଦେଶ ଦେଇ ଏହି ଆଇନକୁ ଉଠାଇ ଦେଇଥିଲେ । ଆମର ଅତୀତକୁ ସମାଲୋଚନା କଲା ବେଳେ ସେହି ଉନ୍ନତ ଦେଶମାନଙ୍କ ଅତୀତକୁ ତୁଳନା କଲେ, ଆମ ବ୍ୟବସ୍ଥା ଯେ ତାଙ୍କ ଠାରୁ ସହସ୍ରଗୁଣ ଉଦାର ଥିଲା, ତାହା ନିଃସନ୍ଦେହରେ କୁହାଯାଇପାରିବ । ସେଥିପାଇଁ ଆମର ଅତୀତରେ ଯାହାକିଛି ଦୁର୍ବଳତା ରହିଛି, ତାହା ପାଇଁ ଲଜ୍ଜିତ ହେବାର ଆବଶ୍ୟକତା କିଛି ନାହିଁ ।

# ବିଷାଦଗ୍ରସ୍ତ ଭାରତ

ବ୍ୟସ୍ତବହୁଳ ଜୀବନରେ ଜଞ୍ଜାଳମୟ ମୁହୂର୍ତ୍ତ ସମସ୍ତଙ୍କୁ ଅସ୍ତବ୍ୟସ୍ତ କରୁଛି। କର୍ମକ୍ଷେତ୍ର ଠାରୁ ବୃତ୍ତିଗତ କ୍ଷେତ୍ର ସବୁଠି ବ୍ୟସ୍ତତା, ଅଶାନ୍ତି ଓ ବିଶାଦର ଚିହ୍ନ। ନିକଟରେ ଜାତୀୟ ସ୍ୱାସ୍ଥ୍ୟ ବୁଲେଟିନର ତଥ୍ୟକୁ ଅନୁଯାୟୀ ଭାରତକୁ ଏକ ପ୍ରକାର ବିଷାଦମୟ ପରିବେଶ ସଂକ୍ରମିତ କରିଛି ବୋଲି ପରୋକ୍ଷରେ ତଥ୍ୟ ରଖିଛି। କେବଳ ସେତିକି ନୁହେଁ ସମାଜ ବିଜ୍ଞାନୀଙ୍କ ମତରେ ଭାରତକୁ କୁହାଯାଇଛି ଆତ୍ମହତ୍ୟାର ରାଜଧାନୀ। ଏହାର କାରଣ ଭାବେ ମେଡ଼ିକାଲ ରିସର୍ଚ୍ଚ ଆସୋସିଏସନ୍ ଦର୍ଶାଇଛି ଯେ ଭାରତ ଦିନକୁ ଦିନ ଅଧିକରୁ ଅଧିକ ବିଷାଦଗ୍ରସ୍ତ ହୋଇ ପଡୁଛି। ଏହାର କାରଣ ଅନେକ। ଯୁବକମାନଙ୍କ ଭିତରେ ରହିଛି ପରୀକ୍ଷା ବା ଚାକିରୀ ପାଇବାରେ ବିଫଳତା ଏବଂ ବେକାରୀ। ପ୍ରେମଜନିତ ଆତ୍ମହତ୍ୟା ଘଟନା ବି ବେଶ୍ ବଢ଼ିବାରେ ଲାଗିଛି। ସେହିପରି ଘରଣୀମାନେ ମଧ୍ୟ ଆଗଠାରୁ ଅଧିକ ସଂଖ୍ୟାରେ ଆତ୍ମହତ୍ୟା କରୁଛନ୍ତି। ସେମାନଙ୍କ ପରେ ଆସୁଛନ୍ତି ବୃଦ୍ଧ ବା ବୃଦ୍ଧା। ବରିଷ୍ଠ ନାଗରିକମାନେ ମଧ୍ୟ ନିଃସଙ୍ଗତା ଓ ଆର୍ଥିକ ଅନଟନଜନିତ କାରଣରୁ ବିଷାଦଗ୍ରସ୍ତ ହୋଇ ଆତ୍ମହତ୍ୟା କରୁଛନ୍ତି। ଏକ ସର୍ବେକ୍ଷଣରୁ ଜଣାପଡ଼ିଛି ଭାରତର ପ୍ରାୟ ଦୁଇ ତୃତୀୟାଂଶ ଲୋକେ ସାମାନ୍ୟ ଭାବେ ବିଷାଦଗ୍ରସ୍ତ। କିନ୍ତୁ ଏକ ଚତୁର୍ଥାଂଶ ଭାରତ ଅତି ମାତ୍ରାରେ ବିଷାଦଗ୍ରସ୍ତ, ଯାହାକି ଆତ୍ମହତ୍ୟାର ମୁଖ୍ୟ କାରଣ। ଜଣାପଡ଼ିଛି ଯେ ଭାରତରେ ଏବେ ପ୍ରତି ପନ୍ଦର ମିନିଟ୍‌ରେ ତିନିଟି ଆତ୍ମହତ୍ୟା ଘଟନା ଘଟୁଛି। ଏହି ତିନିଟି ଭିତରୁ ୧୮ରୁ ୨୯ ବର୍ଷ ବୟସ ଭିତରେ ଯୁବକ ବା ଯୁବତୀଙ୍କ ସଂଖ୍ୟା ହେଉଛି ଗୋଟିଏ। ଭାରତକୁ ଆତ୍ମହତ୍ୟାର ରାଜଧାନୀ ବୋଲି କୁହାଯିବା ପଛରେ କାରଣ ହେଉଛି ପ୍ରତିବର୍ଷ ଯେତିକି ଆତ୍ମହତ୍ୟା ଘଟନା ରିପୋର୍ଟ ହେଉଛି ତା ସଂଖ୍ୟା ଏକ ଲକ୍ଷରୁ ଅଧିକ। ନ୍ୟାସନାଲ କ୍ରାଇମ୍ ବ୍ୟୁରୋର ରିପୋର୍ଟରୁ ଜଣା ପଡ଼ିଛି ଯେ ପ୍ରତିଟି ଆତ୍ମହତ୍ୟା ସଫଳ ହେବା ପଛରେ ରହିଥାଏ ପ୍ରାୟ ୧୨ଟି ବିଫଳ ଆତ୍ମହତ୍ୟାର ଉଦ୍ୟମ ହୋଇଥାଏ। ଜଣାପଡ଼ିଛି ଯେ ଭାରତରେ ବିଷ ପିଇ ଆତ୍ମହତ୍ୟା କରୁଥିବା ଲୋକଙ୍କ ସଂଖ୍ୟା ସର୍ବାଧିକ। ଏବେ ଆତ୍ମହତ୍ୟାର ଧାରାରେ ଯେଉଁ ପରିବର୍ତ୍ତନ ବିଷୟରେ ସୂଚନା ମିଳିଛି ତାହା ହେଲା, ଏବେ ବରିଷ୍ଠ ନାଗରିକମାନଙ୍କ ଦ୍ୱାରା ଆତ୍ମହତ୍ୟାର ସଂଖ୍ୟା ବଢ଼ିଛି। ଛାତ୍ରଛାତ୍ରୀମାନଙ୍କ ଭିତରେ ଆତ୍ମହତ୍ୟାକୁ ରୋକିବାକୁ ହେଉଥିବା ବିଭିନ୍ନ ସ୍ତରୀୟ ଉଦ୍ୟମ ପରେ ସେଥିରେ କିଞ୍ଚିତ ରୋକ ଲାଗିଥିବାର ଦେଖାଯାଉଛି। ଶାସ୍ତ୍ର କହୁଛି ମଣିଷ ହେଉଛି ଭଗବାନଙ୍କ ସୃଷ୍ଟିର ଶ୍ରେଷ୍ଠ ବରଦାନ। କିନ୍ତୁ ସବୁକିଛି ଥାଇ ବି ଆମ୍ଭମାନଙ୍କ ଭିତରେ ବିଷାଦ କାହିଁକି ସ୍ଥାନ ପାଉଛି। ଜୀବନରେ ଅଭାବ ଯନ୍ତ୍ରଣା, ଅପମାନ ଠାରୁ ଅନେକ ଝଡ଼ଝଞ୍ଜାର ସ୍ଥାନ ରହିଛି। ସବୁଠି ପରିସ୍ଥିତିର ପ୍ରତିକୂଳକୁ ସାମ୍ନା କରି ଜୀବନ ପଥକୁ ଆଗକୁ ମାଡ଼ିଚାଲିବାର କଥା। ଆମ୍ଭେମାନେ ଚେଇଁ ଶୋଇଲା ପରି ସବୁକିଛି ଜାଣି ବି ଅଜଣା ପାଲଟୁଛେ। ବିଷାଦର ମୁଖ୍ୟ କ୍ଷେତ୍ର ହେଉଛି ହତାଶବୋଧ ଯାହାକି ଜୀବନର ଶେଷ ରାସ୍ତାରେ ମଣିଷଟିକୁ ପହଞ୍ଚାଇ ଦେଉଛି। ବାସ୍ତବବାଦୀ ଜୀବନରେ ଦରଦାମ୍‌ର ବୋଝ, ପରିବାରକୁ ସମୟ ଦେଇନପାରି ବ୍ୟସ୍ତତାର ମାନସିକତା, କାର୍ଯ୍ୟକ୍ଷେତ୍ରରେ ଗୁରୁଦାୟିତ୍ୱ, ଇପ୍‌ସିତ ବସ୍ତୁ ବା ସମ୍ପତି ନପାଇବା, ତଥାକଥିତ ଭାଗ୍ୟବାଦୀ ଜ୍ୟୋତିଷଙ୍କ ପରାମର୍ଶରେ ଭାଗ୍ୟନାହିଁ ବିଚାର କରିବା ପରି ବିଭିନ୍ନ ପ୍ରକାର ମାନସିକତା କବଳିତ କରୁଛି ଲୋକଚରିତ୍ରକୁ। ସମାଜରେ ବିଷାଦଗ୍ରସ୍ତତା ସବୁଠାରୁ ବଡ଼ ବ୍ୟାଧି ବୋଲି ମହାପୁରୁଷ ସେମାନଙ୍କ ମାର୍ଗଦର୍ଶନରେ କହିଛନ୍ତି। ବିଷାଦତା ଏକ ରୋଗ ନୁହେଁ ବାସ୍ତବରେ ଏହା ଏକ ମାନସିକତା। କ୍ଷୁଦ୍ର କୁଟୀରରେ ରାଜଉଆଁସର ସୁଖ ଜଣେ ପାଇ ନପାରେ କିନ୍ତୁ ଶାନ୍ତି ତ ନିଶ୍ଚିତ ପାଇପାରିବ ! ତେବେ ଏ ସବୁ ଜାଣି କ'ଣ ପାଇଁ ବିଷାଦଗ୍ରସ୍ତ ସମାଜରେ ଆମ୍ଭେମାନେ ଜୀବନ ନିର୍ବାହ କରୁଛେ। ଆସନ୍ତୁ ବିଷାଦଗ୍ରସ୍ତତାକୁ ମନ ଭିତରୁ ଦୂର କରି ଜୀବନକୁ ଭଲ କାମ ପାଇଁ ଭଲ ରାସ୍ତାରେ ନେବା ସହ ବିଷାଦଗ୍ରସ୍ତ ଭାରତକୁ ବଦଳାଇବାରେ ଗୁଣ୍ଡୁଚି ମୂଷା ପରି ଜଣେ ନାଗରିକ ହିସାବରେ ଦାୟିତ୍ୱ ନିର୍ବାହ କରି ସମାଜର କଲ୍ୟାଣ ସାଧିତ କରିପାରିବା।

# ପ୍ରଧାନଶିକ୍ଷକ ସମ୍ମିଳନୀ ଉଦଯାପିତ

ପୁରୀ,(ପି.ଏନ): ଟାଉନ ହଲ ଠାରେ ଦୀର୍ଘ ୩ ଦିନ ଧରି ପରିଚାଳିତ ହେଉଥିବା ପୁରୀ ଜିଲ୍ଲା ମାଧ୍ୟମିକ ବିଦ୍ୟାଳୟ ପ୍ରଧାନଶିକ୍ଷକ ସମ୍ମିଳନୀ ଆଜି ଉଦଯାପିତ ହୋଇଯାଇଛି । ଏହି କାର୍ଯ୍ୟକ୍ରମରେ ଗୃହ ତଥା କ୍ରୀଡ଼ା ଓ ଯୁବ ବ୍ୟାପାର ମନ୍ତ୍ରୀ ତୁଷାରକାନ୍ତି ବେହେରା ମୁଖ୍ୟ ଅତିଥି ଭାବେ ଯୋଗଦେଇ ପାଠପଢ଼ା ସହ କ୍ରୀଡ଼ା କ୍ଷେତ୍ରରେ ମଧ୍ୟ ଛାତ୍ରଛାତ୍ରୀ ମାନଙ୍କ ପ୍ରତି ଯତ୍ନବାନ ହେବାକୁ ପ୍ରେରଣା ଦେଇଥିଲେ। ପାଠରେ ଭଲ କରୁ ନ ଥିବା ଛାତ୍ର ମଧ୍ୟ କ୍ରୀଡ଼ା କ୍ଷେତ୍ରରେ ଭଲ କରି ଜୀବନ ଓ ଜୀବିକାକୁ ସାର୍ଥକ କରିପାରିବେ ବୋଲି ମତପୋଷଣ କରିଥିଲେ। ସମ୍ମାନୀତ ଅତିଥି ରୂପେ ପୁରୀ ଜିଲ୍ଲା ପରିଷଦ ଅଧ୍ୟକ୍ଷା ସ୍ୱପ୍ନାରାଣୀ ସ୍ୱାଇଁ ଉପସ୍ଥିତ ହୋଇ ଭାରତୀୟ ଶିକ୍ଷା ବ୍ୟବସ୍ଥାରେ ପ୍ରଧାନଶିକ୍ଷକ ମାନଙ୍କ ଭୂମିକା ଗୁରୁତ୍ୱପୂର୍ଣ୍ଣ ଓ ସେମାନେ ସକ୍ରିୟ ହେଲେ ଶିକ୍ଷାର ଗୁଣାତ୍ମକ ମାନ ବୃଦ୍ଧି ହେବା ସହ ସାମଗ୍ରିକ ବିକାଶ ସାଧିତ ହୋଇପାରିବ ବୋଲି କହିଥିଲେ। ଏନ୍ ସି ଆର ଟି ପ୍ରଫେସର ଲକ୍ଷ୍ମୀଧର ବେହେରା ୨୦-୨୦ ନ୍ୟାସନାଲ ଏଜୁକେସନ ପଲିସି ସମ୍ବନ୍ଧରେ ବିଶଦ ବିବରଣୀ ପ୍ରଦାନ କରିଥିଲେ। ପୁରୀ ଜିଲ୍ଲା ସ୍କୁଲ୍ ପ୍ରଧାନଶିକ୍ଷୟତ୍ରୀ ଜ୍ୟୋତିର୍ମୟୀ ମିଶ୍ର ବିଦ୍ୟାଳୟର ପ୍ରାର୍ଥନା ସଭା ସୁପରିଚାଳନା ଓ ଅନ୍ୟାନ୍ୟ ଇନୋଭେଟିଭ୍ କାର୍ଯ୍ୟକ୍ରମ ସମ୍ପର୍କରେ ମତବ୍ୟକ୍ତ କରିଥିଲେ। ଜିଲ୍ଲା ସମଗ୍ର ଶିକ୍ଷା ବିଭାଗର ରମେଶ ଚନ୍ଦ୍ର ସାହୁ ଓ ବିଚିତ୍ରାନନ୍ଦ ଜେନା ପେଡାଗୋଜି ଓ ଅର୍ଥ ସମ୍ପର୍କରେ ତଥ୍ୟ ଉପସ୍ଥାପନ କରିଥିଲେ । ପୁରୀ ଆରଟିଓ ରବୀନ୍ ପଟ୍ଟନାୟକ ସଡକ ନିରାପତା ଓ ଡିସିପିଓ, ମନୋଜ କୁମାର ତ୍ରିପାଠୀ ଶିଶୁ ସୁରକ୍ଷା ବିଷୟରେ ଆଲୋଚନା କରିଥିଲେ । ଜିଲ୍ଲା ଶାରୀରିକ ଶିକ୍ଷା ନିରୀକ୍ଷକ ମହେନ୍ଦ୍ର କୁମାର ବିଶ୍ୱାଳ କ୍ରୀଡ଼ା, ସ୍କାଉଟସ୍ ଓ ଜୁନିୟର ରେଡ୍‌କ୍ରସ୍ ବିଷୟରେ ବିବରଣୀ ପ୍ରଦାନ କରିଥିଲେ । ବିଶ୍ୱଜିତ ଭୋଳ ପ୍ରୋଗ୍ରାମର, ପି ଏମ୍ ପୋଷଣ ଏମ୍ ଡି ଏମ୍ ସମ୍ପର୍କରେ ତଥ୍ୟ ଉପସ୍ଥାପନ କରିଥିଲେ । ଅନ୍ତର୍ନିବେଶୀ ଶିକ୍ଷା ସଂଯୋଜକ କାର୍ତିକେଶ୍ୱର ପ୍ରଧାନ ଭିନ୍ନକ୍ଷମ ପିଲାମାନଙ୍କ ଅନ୍ତର୍ନିବେଶୀ ଶିକ୍ଷା ସମ୍ପର୍କରେ ତଥ୍ୟ ଉପସ୍ଥାପନ କରିଥିଲେ। ସୁଶୀଲ କୁମାର ବ୍ରହ୍ମା ମଣ୍ଡଳ ଶିକ୍ଷାଧିକାରୀ, ଗୋପ, ଶିକ୍ଷାର୍ଥୀ ମାନଙ୍କ ବୀମା ଯୋଜନା ସମ୍ପର୍କରେ ତଥ୍ୟ ଉପସ୍ଥାପନ କରିଥିଲେ ।ସମସ୍ତ କାର୍ଯ୍ୟକ୍ରମ ଅତିରିକ୍ତ ଜିଲ୍ଲା ଶିକ୍ଷାଧିକାରୀ ମମତା ମିଶ୍ର ଓ ହିମାଂଶୁ ଭୂଷଣ ସମର୍ଥ ସଂଯୋଜନା ଓ ସଭାପତି ତଥା ଜିଲ୍ଲା ଶିକ୍ଷାଧିକାରୀ ଡଃ. ବିଶ୍ୱଜିତ ଘୋଷଙ୍କ ପ୍ରତ୍ୟକ୍ଷ ତତ୍ତ୍ୱାବଧାନରେ ପରିଚାଳିତ ହୋଇଥିଲା। ପ୍ରଧାନଶିକ୍ଷକ ରୂପଶ୍ରୀ ଛୋଟରାୟ ବିବରଣୀ ପାଠ କରିଥିଲେ ଓ ଶଙ୍କର କୁମାର ସୁବୁଦ୍ଧି ଧନ୍ୟବାଦ ଅର୍ପଣ କରିଥିଲେ ।

# ଭଣ୍ଡା କେ.ବି. ସରକାରୀ ଉଚ୍ଚ ବିଦ୍ୟାଳୟର ବାର୍ଷିକ ଉତ୍ସବ

ଚମ୍ପୁଆ, (ପି.ଏନ): ଚମ୍ପୁଆ ବ୍ଲକ ଅନ୍ତର୍ଗତ ଭଣ୍ଡା କେ. ବି. ସରକାରୀ ଉଚ୍ଚ ବିଦ୍ୟାଳୟର ବାର୍ଷିକ ଉତ୍ସବ ବିଦ୍ୟାଳୟ ପରିସରରେ ମହାସମାରୋହରେ ପାଳିତ ହୋଇଯାଇଛି । ଉତ୍ସବରେ ବିଦ୍ୟାଳୟର ଅବସରପ୍ରାପ୍ତ ପ୍ରଧାନଶିକ୍ଷକ ହୃଦାନନ୍ଦ ମହାନ୍ତ ସଭାପତିତ୍ୱ କରିଥିବା ବେଳେ ମୁଖ୍ୟ ଅତିଥି ଭାବେ ପାଟଣାର ପୂର୍ବତନ ବିଧାୟକ ତଥା ଜିଲ୍ଲା ଯୋଜନା ବୋର୍ଡ ଅଧ୍ୟକ୍ଷ ହୃଷିକେଶ ନାଏକ, ମୁଖ୍ୟବକ୍ତା ଭାବେ ଭଣ୍ଡା ଗୋଷ୍ଠୀ ସ୍ୱାସ୍ଥ୍ୟକେନ୍ଦ୍ରର ମୁଖ୍ୟ ଚିକିତ୍ସାଧିକାରୀ ଡଃ. ଦୀପକ କୁମାର ସାହୁ, ସମ୍ମାନିତ ଅତିଥି ବଡ଼ବିଲ-ରୁଙ୍ଗଟା ମାଇନ୍ସର ବରିଷ୍ଠ ପ୍ରବନ୍ଧକ ଚିନ୍ମୟ କୁମାର ମହାନ୍ତ ଏବଂ ବିଦ୍ୟାଳୟର ଭାରପ୍ରାପ୍ତ ପ୍ରଧାନଶିକ୍ଷକ ତ୍ରୈଲୋଚନ ମହାନ୍ତ ପ୍ରମୁଖ ଯୋଗଦେଇ ଛାତ୍ରଛାତ୍ରୀମାନେ ସଫଳତାର ସିଡି ଚଢ଼ିବାକୁ ହେଲେ ସ୍ୱପ୍ନ, ବିଶ୍ୱାସ, ଅଭ୍ୟାସ ଓ ସିଷ୍ଟମ୍ କୁ ଅନୁସରଣ କରିବାକୁ ପଡ଼ିବ ବୋଲି ଦିଗଦର୍ଶନ ଦେଇଥିଲେ। କଠିନ ପରିଶ୍ରମ କରି, ଭଲ ପାଠ ପଢ଼ି ବିଦ୍ୟାଳୟ ତଥା ଦେଶର ସୁନାମ ଆଣିବାକୁ ମୁଖ୍ୟ ଅତିଥି ତାଙ୍କ ବକ୍ତବ୍ୟରେ ଛାତ୍ରଛାତ୍ରୀ ମାନଙ୍କୁ କହିଥିଲେ।

# ବ୍ରହ୍ମା କୁମାରୀ ଗୀତା ପାଠଶାଳାର ରୌପ୍ୟ ଜୟନ୍ତୀ ସମାରୋହ

ଗଞ୍ଜାମ, (ପି.ଏନ): ପ୍ରଜାପିତା ବ୍ରହ୍ମାକୁମାରୀ ଈଶ୍ୱରୀୟ ବିଶ୍ୱ ବିଦ୍ୟାଳୟ ଶାନ୍ତି ଶକ୍ତି ଭବନ ଦ୍ୱାରା ସ୍ଥାପିତ ତଥା ପରିଚାଳିତ ପିତଳ ତେଲିସାହି ସ୍ଥିତ ବ୍ରହ୍ମାକୁମାରୀ ଗୀତା ପାଠଶାଳାର ସ୍ଥାପନାର ୨୫ତମ ସ୍ୱନକ୍ଷତ୍ର ଦିବସ ତଥା ରୌପ୍ୟ ଜୟନ୍ତୀ ମହା ସମାରୋହରେ ପାଳିତ ହୋଇଯାଇଛି। ଏହି ପରିପ୍ରେକ୍ଷୀରେ ଏକ ବର୍ଣ୍ଣାଢ୍ୟ ପରିବେଶରେ ଶାନ୍ତି ଶକ୍ତି ଭବନ ସଂଚାଳିକା ରାଜଯୋଗିନୀ ବ୍ରହ୍ମାକୁମାରୀ ପ୍ରଭାତୀ ଭଉଣୀ ତଥା ବରିଷ୍ଠ ସାମ୍ବାଦିକ ଡକ୍ଟର ହୃଷୀକେଶ ମହାନ୍ତିଙ୍କ କରକମଳରେ ଶିବଧ୍ୱଜା ଉତୋଳନ କରିବା ପରେ ଶତାଧିକ ଭଉଣୀ ଭାଇ ଶିବ ସନ୍ଦେଶ ଦେବା ଉଦ୍ଦେଶ୍ୟରେ ଶାନ୍ତି ଯାତ୍ରାରେ ପିତଳ, ତ୍ଥର, ବ୍ରାହ୍ମଣ ଛାଇ, ଆମ୍ବିଳାପଲ୍ଲୀ ଓ ପଙ୍କଳବାଡି ଆଦି ଗ୍ରାମ ପରିକ୍ରମା କରିଥିଲେ। ସନ୍ଧ୍ୟାରେ ପିତଳ ତେଲି ସାହି ସ୍ଥିତ ଗୀତା ପାଠଶାଳା ସମ୍ମୁଖରେ ଏକ ଆଧ୍ୟାତ୍ମିକ ସ୍ନେହ ମିଳନ କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଥିଲା। ଏହି କାର୍ଯ୍ୟକ୍ରମରେ ମୁଖ୍ୟ ଅତିଥି ରୂପେ ଯୋଗଦେଇ ଥିଲେ ଗଞ୍ଜାମ ଜିଲ୍ଲା ପରିଷଦ ଅଧ୍ୟକ୍ଷା ଅଞ୍ଜଳୀ ସ୍ୱାଇଁ ଏବଂ ସମ୍ମାନିତ ଅତିଥି ଭାବେ ଯୋଗଦେଇଥିଲେ ଧରାକୋଟର ପୂର୍ବତନ ସରପଂଚ ମନୋଜ ସ୍ୱାଇଁ, ବରିଷ୍ଠ ସାମ୍ବାଦିକ ଡକ୍ଟର ହୃଷୀକେଶ ମହାନ୍ତି, ଜିଲ୍ଲା ପରିଷଦ ପ୍ରତିନିଧି ବରୁଣ କୁମାର ପଲାଇ ।କାର୍ଯ୍ୟକ୍ରମର ମୁଖ୍ୟବକ୍ତା ରାଜ ଯୋଗିନୀ ବ୍ରହ୍ମାକୁମାରୀ ପ୍ରଭାତୀ ଭଉଣୀ ପ୍ରକାଶ କରିଥିଲେ ଯେ, ସହଜ ରାଜଯୋଗ ଅଭ୍ୟାସ କରି ବିଗତ ୨୫ ବର୍ଷ ମଧ୍ୟରେ ପିତଳ ଗ୍ରାମପଂଚାୟତର ଶତାଧିକ ଭଉଣୀ ଭାଇଙ୍କ ସରଳ, ନିରାଡମ୍ବର, ସାତ୍ୱିକ ଜୀବନଶୈଳୀ ଅଂଚଳବାସୀଙ୍କ ପାଇଁ ଆଦର୍ଶ ବନିଛି। ସମ୍ମାନିତ ଅତିଥି ଧରାକୋଟ ପୂର୍ବତନ ସରପଂଚ ମନୋଜ ସ୍ୱାଇଁ ଓ ବରିଷ୍ଠ ସାମ୍ବାଦିକ ଡକ୍ଟର ହୃଷୀକେଶ ମହାନ୍ତି ବ୍ରହ୍ମାକୁମାରୀ ମୁଖ୍ୟାଳୟ ମାଉଂଟ ଆବୁ ଦର୍ଶନ ସମୟର ଅନୁଭୂତି ପ୍ରକାଶ କରିଥିଲେ। ସମସ୍ତଙ୍କ ଗହଣରେ ରଜତ ଜୟନ୍ତୀ ଉପଲକ୍ଷେ ପରମାତ୍ମାଙ୍କ ସ୍ମୃତିରେ ପ୍ରଦୀପ ପ୍ରଜ୍ୱଳନ କରାଯାଇଥିଲା। ବ୍ରହ୍ମାକୁମାର ସତ୍ୟପ୍ରିୟ କାର୍ଯ୍ୟକ୍ରମ ପରିଚାଳନା କରିଥିବା ବେଳେ ବ୍ରହ୍ମାକୁମାର ପଂଚାନନ, ପଂଚାୟତ୍ରି, ରାମପ୍ରସାଦ, ଲୋଚନ, ରାଧାଶ୍ୟାମ ଓ ବ୍ରହ୍ମାକୁମାରୀ ଲୀଳା, ଭାଗ୍ୟ, ସୁଜ୍ଞାନୀ, ସ୍ମିତା, ସୁମିତ୍ରା, କସ୍ତୁରି, ସବିତା ତଥା ଅନ୍ୟାନ୍ୟ ଭଉଣୀ ଭାଇ ପରିଚାଳନାରେ ସହଯୋଗ କରିଥିଲେ।

ସଂ ଗଚ୍ଛଧ୍ୱଂ ସଂ ବଦଧ୍ୱଂ ସଂ ବୋ ମନାଂସି ଜାନତାମ୍ ।
ଦେବା ଭାଗଂ ଯଥା ପୂର୍ବେ ସଂଜାନାନା ଉପାସତେ ।।
ସମାନୋ ମନ୍ତ୍ରଃ ସମିତିଃ ସମାନୀ ସମାନମ୍ ମନଃ ସହ ଚିତ୍ତମେଷାମ୍ ।
ସମାନଂ ମନ୍ତ୍ରମଭି ମନ୍ତ୍ରୟେ ବଃ ସମାନେନ ବୋ ହବିଷା ଜୁହୋମି ।।
ସମାନୀ ବ ଆକୂତିଃ ସମାନା ହୃଦୟାନି ବଃ ।
ସମାନମସ୍ତୁ ବୋ ମନୋ ଯଥା ବଃ ସୁସହାସତି ...
ଋଗ୍ ବେଦ ୧୦/୧୯୧-୨-୪

ପର୍ଯ୍ୟବେକ୍ଷକ
ସମ୍ପାଦକୀୟ

ଭୁବନେଶ୍ୱର, ୨୦୨୪, ନଭେମ୍ବର ୬

# ରାଧା-ଦାମୋଦର ବେଶ


ଡକ୍ଟର ତପନ କୁମାର ପାଳ

ପୁରୀ, ଶ୍ରୀମନ୍ଦିରରେ କାର୍ତ୍ତିକ ମାସରେ ପାଳିତ ହୋଇଥାଏ ବିଶେଷ ନୀତି। ଏହା ଆଶ୍ୱିନ ଶୁକ୍ଳ ଏକାଦଶୀ ଠାରୁ କାର୍ତ୍ତିକ ପୂର୍ଣ୍ଣିମା ପର୍ଯ୍ୟନ୍ତ ପାଳିତ ହୁଏ। ଏହି ମାସାଧିକ କାଳ ମଧ୍ୟରୁ ଆଶ୍ୱିନ ଶୁକ୍ଳ ଏକାଦଶୀ ଠାରୁ କାର୍ତ୍ତିକ ଶୁକ୍ଳ ଦଶମୀ ପର୍ଯ୍ୟନ୍ତ ଅନୁଷ୍ଠିତ ହୁଏ ରାଧା ଦାମୋଦର ବେଶ। ଭଗବାନ ବିଷ୍ଣୁଙ୍କର ବାରମାସରେ ଯେଉଁ ବାରଟି ନାମ, ସେଥି ମଧ୍ୟରୁ କାର୍ତ୍ତିକ ମାସର ନାମ ଦାମୋଦର। ଏହି ନାମର ରହିଛି ଭିନ୍ନ ଭିନ୍ନ ଅର୍ଥ। ସେଥିରୁ ଗୋଟିଏ ହେଉଛି 'ଦାମ'ର ଅର୍ଥ ବିଶ୍ୱ। ସମଗ୍ର ବିଶ୍ୱ ଯାହାଙ୍କର ଉଦରରେ ସ୍ଥିତ, ସେ ଦାମୋଦର। ଅନ୍ୟ ଅର୍ଥ ଶ୍ରୀକୃଷ୍ଣଙ୍କ ବାଲ୍ୟଲୀଳା ସହ ସଂପୃକ୍ତ। ତାହା ଅନୁସାରେ ମା'ଯଶୋଦା ତାଙ୍କର ଉଦରରେ ଦାମ ବା ରଜ୍ଜୁ ବାନ୍ଧି, ସେହି ରଜ୍ଜୁକୁ ଦୁଇ ଅର୍ଜ୍ଜୁନ ବୃକ୍ଷ (ଯାମଳାର୍ଜ୍ଜୁନ)ରେ ବାନ୍ଧି ଦେଇଥିଲେ। ତେଣୁ ତାଙ୍କର ନାମ ଦାମୋଦର। ସେହି ଲୀଳାରେ ଶିଶୁକୃଷ୍ଣ ଯାମଳାର୍ଜ୍ଜୁନ ଭଙ୍ଗ କରିଥିଲେ।

କିନ୍ତୁ ଏହି ମାସରେ ଶ୍ରୀମନ୍ଦିରରେ ରାଧା-ଦାମୋଦର ବେଶ ଅନୁଷ୍ଠିତ ହେବା ତାତ୍ପର୍ଯ୍ୟପୂର୍ଣ୍ଣ। ରାଧା-ଦାମୋଦର ରାଇ-ଦାମୋଦର ଭାବରେ ମଧ୍ୟ କଥିତ ହୁଏ। କାରଣ ରାଧାଙ୍କର ଶ୍ରଦ୍ଧାନାମ ରାଇ। ରାଇ ଦାମୋଦର ଅର୍ଥ ରାଧା-କୃଷ୍ଣ। ରାଧା-କୃଷ୍ଣ ଯୁଗଳ ମୂର୍ତ୍ତିଙ୍କର ପୂଜା କାର୍ତ୍ତିକ ମାସର ଏକ ବିଧି ବୋଲି ପଦ୍ମପୁରାଣରେ ବର୍ଣ୍ଣିତ ଅଛି। ସେଥିପାଇଁ କାର୍ତ୍ତିକ ମାସରେ ରାଇ-ଦାମୋଦର ବ୍ରତ ପାଳନ କରାଯାଏ ଏବଂ ଏହି ବ୍ରତର ବିଧି ରୂପେ ରାଧା-କୃଷ୍ଣ ଯୁଗଳ ଉପାସନା ସହିତ ପ୍ରାତଃସ୍ନା, ତୁଳସୀ ସେବନ, ପ୍ରାତଃ ଓ ସନ୍ଧ୍ୟାରେ ତୁଳସୀ ଚଉରାମୂଳେ ଦୀପଦାନ କରାଯାଏ। ସେହି ଅବସରରେ ଶ୍ରୀମନ୍ଦିରରେ ରାଧା-ଦାମୋଦର ବା ରାଇ-ଦାମୋଦର ବେଶ ଅନୁଷ୍ଠିତ ହୁଏ। ଏହି ବେଶରେ ଶ୍ରୀଜଗନ୍ନାଥ ତ୍ରିକଚ୍ଛ ବସ୍ତ୍ର ପରିଧାନ କରନ୍ତି। ତାଙ୍କର ଶ୍ରୀହସ୍ତରେ ଲାଗିହୁଏ ନଳୀଭୁଜ। ବାଉଁଶ ପାତିଆ ଓ କନାରେ ନିର୍ମିତ ତ୍ରିମୁଣ୍ଡି ଚୂଳର ଅଗ୍ରଭାଗରେ ଚନ୍ଦ୍ରିକା ଶୋଭା ପାଇଥାଏ। ମହାପ୍ରଭୁ ଶ୍ରୀଜଗନ୍ନାଥଙ୍କ କର୍ଣ୍ଣରେ କୁଣ୍ଡଳ, କଟିରେ ଓଡ଼ିଆଣୀ, ମସ୍ତକରେ ତଡ଼ଗି, ଚନ୍ଦ୍ରସୂର୍ଯ୍ୟ ଓ ଚିତା ଆଦି ସ୍ୱର୍ଣ୍ଣ ଅଳଙ୍କାର ଶୋଭାପାଏ।

*ଷ୍ଟେଟ ବ୍ୟାଙ୍କ ଅଫ ଇଣ୍ଡିଆ, ଷ୍ଟାଫ କଲୋନୀ, ଦେଉଳ ସାହି, ତୁଳସୀପୁର, କଟକ*

# ଆମ୍ବ ଟାକୁଆର ପୁନରାବୃତ୍ତି


ସୌଭାଗ୍ୟ ରଂଜନ ମହାନ୍ତି(ରାଜା)

ଆମ୍ବ ଟାକୁଆ (କୋଇଲି)ରୁ ପ୍ରସ୍ତୁତ ଜାଉ ଖାଇ କନ୍ଧମାଳ ଜିଲ୍ଲାର ଦାରିଙ୍ଗିବାଡି ବ୍ଲକ ଅନ୍ତର୍ଗତ ଗଦାପୁର ଗ୍ରାମ ପଂଚାୟତର ମାଣ୍ଡିପଙ୍କା ଗ୍ରାମପଡାସାହିର ଦୁଇଜଣ ମହିଳାଙ୍କ ମୃତ୍ୟୁ ସହ ଅନ୍ୟ ୬ଜଣ ଗୁରୁତ୍ୱର ଅସୁସ୍ଥ ହେବା ଘଟଣା ରାଜ୍ୟରେ ଦାରିଦ୍ର୍ୟ, ଅଭାବ, କ୍ଷୁଧା ସ୍ଥିତି ନେଇ କେବଳ ସଂକେତ ପ୍ରଦାନ କରିନାହିଁ, ଅନାହାର ମୃତ୍ୟୁ ଘଟଣାକୁ ପୁଣି ସ୍ମରଣ କରାଇ ଦେଇଛି ବୋଲି ନିସନ୍ଦେହରେ କୁହାଯାଇପାରିବ। ଏହା ନିସନ୍ଦେହ ଯେ, ଆମ୍ବ ଟାକୁଆର କୋଇଲିରୁ ପ୍ରସ୍ତୁତ ଜାଉ ଆଦିମ ଅଧିବାସୀଙ୍କର ଏକ ପାରମ୍ପରିକ ଖାଦ୍ୟ ଭାବେ ବିବେଚିତ ହେଉଥିବାବେଳେ ଉକ୍ଟ ଦାରିଦ୍ର୍ୟ ଏବଂ ଖାଦ୍ୟଭାବ ସମୟରେ ସେମାନେ ଏହାକୁ ଖାଇବାକୁ ବାଧ ହୋଇଥାନ୍ତି ବୋଲି କୁହାଯାଇଥାଏ। କୁହାଯାଏ, ଉକ୍ଟ ତିରୋଟ ସମୟରେ ଆଦିମ ଅଧିବାସୀମାନେ ସାଇତି ରଖିଥିବା ଆମ୍ବ ଟାକୁଆ ଭିତରେ ଥିବା କୋଇଲି ଗୁଣ୍ଡକୁ ଜାଉ କରି ନିଜର ଖାଦ୍ୟଭାବେ ବ୍ୟବହାର କରିଥାନ୍ତି। କିନ୍ତୁ ବେଳେବେଳେ କୋଇଲିରୁ ପ୍ରସ୍ତୁତ ଖାଦ୍ୟ ବିଷାକ୍ତ ହୋଇଯିବା ଯୋଗୁଁ ମୃତ୍ୟୁ ଘଟିଥାଏ। କହିବା ବାହୁଲ୍ୟ ଯେ, ଆମ୍ବ ଟାକୁଆ ଜାଉ ଖାଇ ମୃତ୍ୟୁ ଘଟଣା ଆମ ରାଜ୍ୟରେ ନୂଆ ନୁହେଁ। ଅତୀତରେ ୨୦୦୧ ମସିହାରେ ରାୟଗଡା ଜିଲ୍ଲା କାଶୀପୁର ବ୍ଲକର ପିତାଯୋଡି, ବିଲାମର, ପଣସଗୁଡାସାହି ସମେତ ୫ଟି ଗ୍ରାମରେ ୨୪ ଜଣଙ୍କର ମୃତ୍ୟୁ ଘଟିଥିଲା। ସେହିପରି ୨୦୧୬ ମସିହାରେ ମଧ୍ୟ ଦୁଇଜଣଙ୍କର ମୃତ୍ୟୁ ଘଟିଥିଲା। ସେତେବେଳେ ଏହି ଘଟଣା କେବଳ ରାଜ୍ୟ ନୁହେଁ ସାରା ଦେଶରେ ଘୋର ଆଲୋଡନ ସୃଷ୍ଟି କରିଥିଲା। ତେବେ ଏଥିରୁ ରାଜ୍ୟ ସରକାର କିମ୍ବା ସ୍ଥାନୀୟ ପ୍ରଶାସନ କିଛି ଶିକ୍ଷା କରିପାରି ମନେହୁଏ ନାହିଁ। କହିବା ବାହୁଲ୍ୟ ଯେ, ଘଟଣା ଘଟିଲେ ତଦନ୍ତ ନିର୍ଦ୍ଦେଶ ଦେଇ ସରକାର ନିଜର କାର୍ଯ୍ୟ ସାରି ଦେଇଥାନ୍ତି। ଭବିଷ୍ୟତରେ ଏପରି ଘଟଣାରେ ଯେପରି ପୁନରାବୃତ୍ତି ନହେବ ସେଥିପ୍ରତି ଧ୍ୟାନ ଦେଇନଥାନ୍ତି କିମ୍ବା କିଛି ପ୍ରତିକାରମୂଳକ ବ୍ୟବସ୍ଥା ଗ୍ରହଣ କରିନଥାନ୍ତି। ମାଣ୍ଡିପଙ୍କା ଗ୍ରାମ ଘଟଣା ଖାଦ୍ୟ ବିଷାକ୍ତ ଯୋଗୁଁ ଘଟିଥିବା ରାଜ୍ୟ ସରକାର କହିଛନ୍ତି। ଉଲ୍ଲେଖଯୋଗ୍ୟ ରାଜ୍ୟର ଗରିବ ଲୋକଙ୍କୁ ଜାତୀୟ ଖାଦ୍ୟସୁରକ୍ଷା ଏବଂ ରାଜ୍ୟସରକାରଙ୍କ ଖାଦ୍ୟ ସୁରକ୍ଷା ଯୋଜନାରେ ସରକାର ମୁଣ୍ଡପିଛା ମାସିକ ୫କିଲୋ ପୁଷ୍ଟିକର ଚାଉଳ ମାଗଣାରେ ଯୋଗାଇ ଦେଉଛନ୍ତି। ଏହା ସତ୍ତ୍ୱେ ଆମ୍ବ ଟାକୁଆ ଖାଇ ଦୁଇଜଣ ମହିଳାଙ୍କର ମୃତ୍ୟୁ ଘଟିବା ସାଧାରଣ ବଂଟନ ବ୍ୟବସ୍ଥା(ପିଡିଏସ) ଉପରେ ପ୍ରଶ୍ନବାଚୀ ସୃଷ୍ଟି କରିଛି। ଗଲା ୩ମାସ ଧରି ପଡକାର୍ଡରେ ଦିଆଯାଇଥିବା ଚାଉଳ ତଥା ଖାଦ୍ୟ ସାମଗ୍ରୀ ଦିଆଯାଇନଥିବା ଅଭିଯୋଗ ହୋଇଛି। ଅବଶ୍ୟ ଜିଲ୍ଲାପାଳଙ୍କ ରିପୋର୍ଟ ଆଧାରରେ ଯୋଗାଣମନ୍ତ୍ରୀ ଏଭଳି ଅଭିଯୋଗକୁ ଅସ୍ୱୀକାର କରିଛନ୍ତି। କିନ୍ତୁ ଏହା ସତ୍ୟ ଯେ, ଗତ ସେପ୍ଟେମ୍ବର ମାସ ଠାରୁ ବର୍ତ୍ତମାନ ସୁଦ୍ଧା ରାଜ୍ୟରେ ପିଡିଏସ ଜରିଆରେ ମାଗଣା ଚାଉଳ ହିତାଧିକାରୀଙ୍କୁ ଦିଆଯାଇନାହିଁ। ଏବେ କେତେକ ଜିଲ୍ଲାରେ ଦିଆଯାଉଥିବା ଜଣାଯାଏ। କହିବା ବାହୁଲ୍ୟ ଯେ, ଭୋକ ଜ୍ୱାଳାରେ ଲୋକ ଅଖାଦ୍ୟ ଖାଇବାକୁ ବାଧ ହୋଇଥାଏ। ଆମ୍ବ ଟାକୁଆ ସେହିଭଳି ଏକ ଖାଦ୍ୟ ଯାହା ଅଭାବ ସମୟରେ ଖିଆଯାଇଥାଏ। ଭୋକ ଦାଉରୁ ରକ୍ଷା ପାଇଁ ସେମାନେ କୋଇଲିରୁ ପ୍ରସ୍ତୁତ ଜାଉ ଖାଇଥାନ୍ତି। ଯାହାକୁ କି ସେମାନଙ୍କ ପାରମ୍ପରିକ ଖାଦ୍ୟ କୁହାଯାଉଛି। କୋଇଲିର ସ୍ୱାଦ ହେଉଛି କଷା। ଯାହାକୁ ପାଟିରେ ଦେଇହୁଏନାହିଁ। କିନ୍ତୁ ଏହା ନିସନ୍ଦେହରେ କୋଇଲି ବିଷାକ୍ତ ନୁହେଁ। କିନ୍ତୁ କୋଇଲିକୁ ଶୁଖାଇବା, ସାଇତି ରଖିବାରେ ତୃଟି ତଥା ଫିମ୍ପି ଲାଗି ବିଷାକ୍ତ ହୋଇଯାଇଥାଏ। ତେବେ ପ୍ରଶ୍ନ ଉଠୁଛି ସ୍ୱାଦହୀନ ଯୁକ୍ତ କୋଇଲିକୁ ପାରମ୍ପରିକ ଖାଦ୍ୟ ଭାବେ ଗ୍ରହଣ କରିଛନ୍ତି କାହିଁକି ? ଏହାର ଅନୁଧ୍ୟାନ ହେବା ଜରୁରୀ। ଏହାକୁ ଏକ ପାରମ୍ପରିକ ଖାଦ୍ୟ ବୋଲି ଦର୍ଶାଇ ଯୁକ୍ତି କରିବାର ବିଶେଷ ଆବଶ୍ୟକତା ନାହିଁ। କୋଇଲି ଖାଇ ମୃତ୍ୟୁ ଘଟିବା ଆମ ରାଜ୍ୟରେ ବାରମ୍ବାର ଘଟି ଆସୁଛି। ମଦ ମୃତ୍ୟୁ ପରି ଏହି ଘଟଣାକୁ ବେଶ ରାଜନୈତିକ ଗୁରୁତ୍ୱ ଦିଆଯାଉଛି। ଏବେ ହସପିଟାଲ ଏବଂ ମାଣ୍ଡିପଙ୍କା ଗ୍ରାମକୁ ବିଭିନ୍ନ ଦଳର ନେତାଙ୍କ ସୁଅ ଛୁଟିଲାଣି। କିନ୍ତୁ ମନେ ରଖିବାକୁ ହେବ ଯେ, ଏହା ରାଜନୀତିର ସମୟ ନୁହେଁ। ଆଉ ଏକ କହି ରଖୁଛୁ, ବିଶ୍ୱ କ୍ଷୁଧା ତାଲିକାରେ ଭାରତ ୧୨୭ଟି ରାଷ୍ଟ୍ରଙ୍କ ମଧ୍ୟରେ ୧୦୫ତମ ସ୍ଥାନରେ। ଏଥିରୁ ଆମ ଦେଶରେ କ୍ଷୁଧାର ଜ୍ୱାଳା କେତେ ସହଜରେ ଅନୁମେୟ। ଏହାକୁ ଦୃଷ୍ଟିରେ ରଖି ସରକାର ପିଡିଏସ ଜରିଆରେ ଯୋଗାଉଥିବା ଖାଦ୍ୟ ସାମଗ୍ରୀ ପ୍ରତିମାସରେ ନିୟମିତ ଭାବେ ଯୋଗାଇ ଦେବା ସହ ଆମ୍ବ ଟାକୁଆ ଜାଉ, ବଣୁଆ ଛତୁ ଏବଂ ସ୍ୱାସ୍ଥ୍ୟ ପ୍ରତି ଅହିତକର ବିଷଯୁକ୍ତ ଖାଦ୍ୟ ନଖାଇବାକୁ ଲୋକଙ୍କୁ ସଚେତନ କରାଇବା ଉଚିତ। ସେହିପରି ଆମେ ଏହି ସ୍ତମ୍ଭରେ ମାସିକ ମୁଣ୍ଡପିଛା ୫କେଜି ରିହାତି ବା ମାଗଣା ଚାଉଳ ଯଥେଷ୍ଟ ନୁହେଁ, ଏହା ବାରମ୍ବାର ଦର୍ଶାଇ ଆସିଛୁ। ଏନେଇ ସରକାର ଅନୁଧ୍ୟାନ ପୂର୍ବକ ପଦକ୍ଷେପ ନେବେ ବୋଲି ଆମର ଆଶା।

*ସମ୍ମାନ ଭବନ, ପ୍ଲଟ ନଂ-୫୮/୩୫୮୧, ଗାଙ୍ଗୋତ୍ରୀ ନଗର, ରୋଡ ନଂ-୩, ଶିଶୁପାଳଗଡ*

# ବିପଦର ସଙ୍କେତ, ବିଗିଡ଼ା ସ୍ୱାସ୍ଥ୍ୟ, ଉଜୁଡା ଚାଷ ଓ ଭୂତଳ ଜଳ ନିମ୍ନଗାମୀ


ଅଲେଖ ଚନ୍ଦ୍ର ସାମଲ

ଜଳବାୟୁ ପରିବର୍ତ୍ତନର ହଟସ୍ପଟ ପାଲଟିଛି ଓଡ଼ିଶା। ଏଥିପାଇଁ ରାଜ୍ୟରେ ଭୀଷଣ ଗ୍ରୀଷ୍ମ ପ୍ରବାହ, ବାତ୍ୟା, ବର୍ଷା ଅଭାବ ସହ ବେଳେ ବେଳେ ଅତ୍ୟଧିକ ବର୍ଷାର ବିପତ୍ତିକୁ ସାମ୍ନା କରିବାକୁ ପଡୁଛି। ପାଣିପାଗର ଏଭଳି ଚରମ ରୂପ ସ୍ୱାସ୍ଥ୍ୟ ଓ କୃଷିକୁ ଗୁରୁତର ଭାବେ ପ୍ରଭାବିତ କରୁଛି। ପାଗରେ ଅଚାନକ ପରିବର୍ତ୍ତନ ଯୋଗୁ ବୃଦ୍ଧ, ଶିଶୁ ଓ ରୋଗାକ୍ରାନ୍ତ ଲୋକଙ୍କ ଶରୀର ତାହାକୁ ସହିପାରୁନି। ଅନିୟମିତ ବର୍ଷା ଯୋଗୁ ଫସଲ ପରିଚାଳନା ଯୋଜନା ବିଗିଡ଼ି ଯାଉଛି। ବୁଣାବୁଣିରୁ ଅମଳ ପର୍ଯ୍ୟନ୍ତ ସବୁର ସମୟ ଏପାଖସେପାଖ ହେଉଛି। ବିଶେଷଜ୍ଞ ଚେତାଇ ଦେଇଛନ୍ତି ପାଣିପାଗର ଏ ବିଚିତ୍ର ଧାରା ଆଗକୁ ଆହୁରି ବଢ଼ିବ। ବର୍ଷା ହେବ, ହେଲେ ମାଟି ବତୁରିବ ନାହିଁ। ଏପଟେ ବନ୍ୟା, ହେଲେ ସେପଟେ ମରୁଡ଼ି ପଡ଼ିବ। ବର୍ଷା ସଙ୍କଟରୁ ଶୁଖିଯିବ ଜଳ ଉତ୍ସ। ଖସିଯିବ ଭୂତଳ ଜଳ ସ୍ତର। ଆଗକୁ ଘନେଇବ ପାନୀୟ ଜଳ ସଙ୍କଟ। ଏସବୁର ସିଧା ପ୍ରଭାବ ପଡ଼ିବ ମଣିଷ ସ୍ୱାସ୍ଥ୍ୟ ଉପରେ। ହଠାତ୍ ଅସୁସ୍ଥତା ଗ୍ରାସିଯିବ ଜନଜୀବନକୁ। ରକ୍ତଚାପ, ହୃଦରୋଗ ରୋଗ ଆଶଙ୍କା ବଢ଼ିବ। ମେଘ ବରଷିଲା ଟୁପୁରୁ ଟାପୁରୁ। ଝିପିଝିପି ବର୍ଷାରେ ମନେ ପଡ଼ିଯାଏ ସତୁରୀ ଦଶକ ଶେଷ ଶ୍ରାବଣ ଚଳଚ୍ଚିତ୍ରର ଏ ଗୀତଟି। ମାତ୍ର ଏ ଚଳଚ୍ଚିତ୍ର ଯେମିତି ଇତିହାସ, ଟୁପୁରୁ ଟୁପୁରୁ ବର୍ଷା ବି ସେମିତି ଇତିହାସ ପୃଷ୍ଠା ପାଲଟିଗଲାଣି। ଆଉ ଝରୁନାହିଁ ଝରି ବର୍ଷା। ଏବେ ବର୍ଷା ଅଜାଡ଼ି ଦେଉଛି, ପୁଣି ଟାଇଁ ଟାଇଁ ଖରା। ଲମ୍ବା ଅବଧି ବର୍ଷା ଦେଖିବାକୁ ମିଳୁନି। ମୌସୁମୀର ଅଧିକାଂଶ ଦିନ ଏତେ ଏତେ ତତଲା ରହୁଛି ଯେ, ଜାଣି ହେଉନି ଏଇଟା ବର୍ଷା ନା ଗ୍ରୀଷ୍ମ। ବିଚିତ୍ର ରୂପ ନେଲାଣି ପାଣିପାଗ। ସେପ୍ଟେମ୍ବର ଆଧା ହେଲାଣି ଗରମ ଯାଉନି। ନାକେଦମ କରୁଛି ଗୁଳୁଗୁଳି। ଦିନ ହେଉ କି ରାତି ଦରକାର ପଡୁଛି ପଙ୍ଖା ଆଉ ଏସି। ସ୍ଥିତି ଏମିତି ହେଲାଣି, ଜାଣି ହେଉନି କି ଏଇଟା ବର୍ଷା ନା ଗ୍ରୀଷ୍ମ ଋତୁ। ଯେବେ ବର୍ଷା ହେଉଛି, ଅସରାଏ ଲେଖାଏଁ ଅଜାଡ଼ି ଦେଉଛି।

ମାତ୍ର ଲଗାତାର ଦୁଇ ତିନି ଧରି ଲାଗି ରହୁଥିବା ଝରି ବର୍ଷା ଆଉ ହେଉନାହିଁ। ମୂଷଳଧାରା ବର୍ଷା ବି କୁଆଡ଼େ ହଜିଗଲାଣି। କଲମ୍ବିଆ ବିଶ୍ୱବିଦ୍ୟାଳୟର ଇଣ୍ଟରନ୍ୟାସନାଲ ରିସର୍ଚ୍ଚ ଇନଷ୍ଟିଚ୍ୟୁଟ ଫର କ୍ଲାଇମେଟ ଆଣ୍ଡ ସୋସାଇଟିଙ୍କ ବିଶ୍ଳେଷଣକୁ ଆଧାର କରି ତଥ୍ୟ ଅନୁଯାୟୀ ଏ ବର୍ଷା ଲା-ନିନା ଯୋଗୁ ଦେଶରେ ଶୀତ ପ୍ରକୋପ ଅଧିକ ରହିବ। ମାତ୍ର ଓଡ଼ିଶାରେ ଏହାର ପ୍ରଭାବ କମ ପଡ଼ିବ। ସ୍ୱାଭାବିକ ଠାରୁ ଅଧିକ ରହିବ ତାପମାତ୍ରା। ଅକ୍ଟୋବରରେ ଓଡ଼ିଶା ଓ ସଂଲଗ୍ନ ଅଞ୍ଚଳରେ ତାପମାତ୍ରା ସ୍ୱାଭାବିକ ଠାରୁ ଅଧିକ ରହିପାରେ। ନଭେମ୍ବର, ଡିସେମ୍ବର ଓ ଜାନୁଆରୀରେ ଦେଶର ବିଭିନ୍ନ ସ୍ଥାନରେ ଥଣ୍ଡା ଅଧିକ ହେବ। ଓଡ଼ିଶାରେ ଏଥର ଶୀତଋତୁରେ ଅଧିକାଂଶ ଦିନ ପାଗ ମେଘୁଆ ରହିବ। ତେଣୁ ଗରମ ଅଧିକ ରହିବ।

ଜଳବାୟୁ ଓ ପରିବେଶ ବିଜ୍ଞାନୀଙ୍କ କହିବାନୁଯାୟୀ ଜଳବାୟୁ ପରିବର୍ତ୍ତନ ଓ ଗ୍ଲୋବାଲ ୱାର୍ମିଂ ପ୍ରଭାବରେ କ୍ରମଶଃ ତାପମାତ୍ରା ବୃଦ୍ଧି ପାଇବା ସହ ବର୍ଷା ଅନିୟମିତ ହେଉଛି। ୨୦୦୦ ମସିହା ପୂର୍ବରୁ ବର୍ଷା ଦିନେ ଝରି ବର୍ଷା ଦୁଇ କି ତିନି ଦିନ ଧରି ଝିପିଝିପି ହେଉଥିଲା। ଏଥିରେ ବାୟୁମଣ୍ଡଳ ଥଣ୍ଡା ପଡୁଥିଲା। ଆଉ ସେଭଳି ଝରି ବର୍ଷା ନାହିଁ। ଚଳିତ ବର୍ଷ ନା ମୂଷଳ ଧାରା ବର୍ଷା ହୋଇଛି ନା ଝରି ବର୍ଷା। ପୂର୍ବରୁ ପ୍ରାୟତଃ ଘୂର୍ଣ୍ଣିବଳୟ / ଲଘୁଚାପ ଉପକୂଳ ଠାରୁ ଦୂରରେ ସମୁଦ୍ର ଭିତରେ ସୃଷ୍ଟି ହେଉଥିଲା। ଏହା ଅଧିକ ଦିନ ଧରି ଭଲ ବର୍ଷା ହେଉଥିଲା। ମାତ୍ର ଏବେ ପ୍ରାୟତଃ ଘୂର୍ଣ୍ଣିବଳୟ ଲଘୁଚାପ ଉପକୂଳରେ ସୃଷ୍ଟି ହେଉଛି। ଗ୍ଲୋବାଲ ୱାର୍ମିଂ ପ୍ରଭାବରେ ସମୁଦ୍ର ଜଳପଉନ ଉତ୍ତପ୍ତ ରହୁଥିବାରୁ ଏହା ଶୀଘ୍ର ଘନୀଭୂତ ହେଉଛି। ଏହା ସ୍ଥଳଭାଗକୁ ଶୀଘ୍ର ଆସିବା ଯୋଗୁ ବର୍ଷା ଯେତିକି ହେବା କଥା ହେଉନି। ଉପକୂଳ ଠାରୁ ଆଭ୍ୟନ୍ତରୀଣ ଅଞ୍ଚଳରେ ବେଶି ବର୍ଷା କରାଉଛି। ବର୍ତ୍ତମାନ ବାୟୁମଣ୍ଡଳରେ ଯେତିକି ଜଳୀୟବାଷ୍ପ ରହୁଛି, ସେହି ଅନୁପାତରେ ବର୍ଷା ହେଉନି। ବର୍ଷ ଯେତେବେଳେ ହେଉଛି ଅସରାଏ ଲେଖାଏଁ। କେବେ ୫ରୁ ୧୦ ମିମି କିମ୍ବା ଅତି ବେଶିରେ ୪୦ରୁ ୬୦ ମିଲିମିଟର। କିଛି ସମୟ ବର୍ଷା କାଟିବା ପରେ ପୁଣି ପାଗ ବଦଳିଯାଉଛି। ତେଣୁ ଗରମ ଅଧିକ ରହୁଛି। ବର୍ଷର ଅନିୟମିତତାରେ ଫସଲ ଉତ୍ପାଦନ କମିବ। ବିଭିନ୍ନ ମହାମାରୀକୁ ସହ ମ୍ୟାଲେରିଆ, ଡେଙ୍ଗୁ ରୋଗ ବି ବଢ଼ିବ। ବାୟୁମଣ୍ଡଳରେ ପ୍ରଦୂଷଣ ସ୍ତର ବି ବଢ଼ି ଚାଲିବ। ଚଳିତ ବର୍ଷ ରାଜ୍ୟରେ ଏବେ ସୁଦ୍ଧା ଜନୁ ପହିଲା ଠାରୁ ସେପ୍ଟେମ୍ବର ୧୯ ଭିତରେ ହାରାହାରି ୧୦୦୦.୮ ମିଲିମିଟର ବର୍ଷା ହୋଇଛି। ଏହା ସ୍ୱାଭାବିକ ଠାରୁ ୮% କମ। ପାଣିପାଗ ବିଭାଗ ହିସାବରେ ୧୯% କମିଲେ ହିଁ ନିଅଣ୍ଟିଆ କୁହାଯାଏ। ତେଣୁ ଏହାକୁ ସ୍ୱାଭାବିକ ବର୍ଷା କୁହାଯିବ। ୧୦ଟି ଜିଲ୍ଲାରେ ବର୍ଷା ପରିମାଣ ନିଅଣ୍ଟିଆ ରହିଛି ଏଯାଏଁ। ମୋଟ ହିସାବ ଅନୁସାରେ ରାଜ୍ୟରେ ବର୍ଷା ନିଅଣ୍ଟିଆ ସ୍ଥିତି ନାହିଁ। ମାତ୍ର ଏହା ସତ୍ତ୍ୱେ ଏତେ ଗରମ କାହିଁକି, ତାହା ଚକିତ କରୁଛି। ଚଳିତ ବର୍ଷ ଜୁନ, ଜୁଲାଇ, ଅଗଷ୍ଟ, ତାପମାତ୍ରା ସ୍ୱାଭାବିକ ଠାରୁ ଅଧିକ ରହିବା ସହ ପୂର୍ବ ରେକର୍ଡ଼ ଭାଙ୍ଗି ଥିବା ବିଶେଷଜ୍ଞ କହୁଛନ୍ତି। ଅନେକ ଲଘୁଚାପ ଆସୁଛି, ଢ଼େର ବର୍ଷୁଛି, ତଥାପି ମାଟି ବତର ନାହିଁ ଅଧିକାଂଶ ଅଞ୍ଚଳରେ।

ଗତ ଦେଢ଼ ଦଶନ୍ଧି ଭିତରେ ମହାନଦୀରେ ଆଉ ବଡ଼ ବନ୍ୟା ଆସିନାହିଁ। ବର୍ଷ ତମାମ ରାଜ୍ୟରେ ନଦୀଗୁଡ଼ିକ ଶୁଖିଲା ରହୁଛି। ଜଳ ଉତ୍ସ ଯେମିତି ମରି ଚାଲିଛି। ବିଶେଷଜ୍ଞ ଆଶଙ୍କା କଲେଣି, ବର୍ଷାର ଅନିୟମିତତା ଏହାର ଏକ ପ୍ରମୁଖ କାରଣ। ଭୂତଳ ଜଳ ବି ଖସିବାରେ ଲାଗିଛି। ଯଦି ଏ ଧାରା ଲାଗି ରହେ, ଆଗକୁ ମହାବିପତ୍ତି ମାଡ଼ି ଆସିବ। ନିକଟରେ ପ୍ରକାଶିତ ଏକ ଗବେଷଣା ରିପୋର୍ଟରେ ବିଶେଷଜ୍ଞମାନେ ଭିତରକୁ ନେଇ ଚିନ୍ତା ପ୍ରକଟ କରିଛନ୍ତି। ଜଳ ଉତ୍ସ ଅଭାବରୁ ଆଗକୁ ମହେଞ୍ଜୋଦରୋ ଓ ହରପା ସଭ୍ୟତା ଭଳି ଆମ ଅଞ୍ଚଳ ଲୋପ ପାଇଯିବନି ତ ?

*ପୂର୍ବତନ ଡିଏଫଓ , ପଳାଇ, ବାଲିଚନ୍ଦ୍ରପୁର, ଯାଜପୁର*

# ବୋଇତ ବନ୍ଦାଣ ଉତ୍ସବ


ବିପିନ ବିହାରୀ ରାଉତ

କୁହାଯାଏ ସତ୍ୟ ଯୁଗ ପରି ଯୁଗ ନାହିଁ, ଗଙ୍ଗା ପରି ନଦୀ ନାହିଁ, ଭାରତ ପରି ଦେଶ ନାହିଁ, କାର୍ତ୍ତିକ ପରି ମାସ ନାହିଁ, ବାଲିଯାତ୍ରା ପରି ଯାତ୍ରା ହିଁ ନାହିଁ । ହଜାରେ ବର୍ଷର ସମୃଦ୍ଧିରେ ପରିପୂର୍ଣ୍ଣ କଟକ ନଗରୀର ମହାନଦୀ କୂଳରେ ବେଶ ଯାକଜମକରେ ଅନୁଷ୍ଠିତ ହେଉଥିବା ବାଲିଯାତ୍ରା ନିଜ ସାଜସଜ୍ଜା, ଗହଳ, ରଙ୍ଗଢ଼ଙ୍ଗ ଆଉ ଆକାର ପ୍ରକାର ସବୁ ଯାତ୍ରାଠାରୁ ଭିନ୍ନ । ମନୋରଞ୍ଜନ ଓ ମହୋତ୍ସବର ମହଲ ହେଉଛି କଟକ ବାଲିଯାତ୍ରା । ଏହାର ଆକର୍ଷଣକୁ ମୂର୍ଚ୍ଛି ପାରେନା ମଣିଷ । ଯାତ୍ରା ପ୍ରତି ମୋହଲାଗେ । କିଛି କିଣେ, କିଛି ବିକେ । ଆସେ ଦୂର ଦୂରାନ୍ତରୁ । ଯାଏ କିଛି ସ୍ମୃତି ନେଇ । ସେ ସ୍ମୃତି ଲାଭର ହେଉ ବା କ୍ଷତିର, ସେ ସ୍ମୃତି ସଂଯୋଗର ହେଉ ବା ବିଯୋଗର, ତଥାପି କିଛି ନୂଆ ସମ୍ପର୍କର ବାଲିରେଣୁ ଦେହରେ ବୋଳି ହେବାକୁ ମନ ଅଟକିଯାଏ କଟକର ଏଇ ନଈପଠାରେ । ଦିନରେ ବାଲିଯାତ୍ରାରେ ପହଡ଼, ରାତିକି ଭିଡ଼ । ଏହା ନ ଦେଖିଲେ ମନ ବୁଝେନା । ଥରେ ବୁଲିଆସିଲେ ଆଉ ଯିବାକୁ ବି ଇଚ୍ଛା ହୁଏ ନାହିଁ । ନୂଆ ଲୋକଟି ଗଳିର ସହର କଟକରେ ବାଟବଣା ହୁଏ ଅଥଚ ବାଲିଯାତ୍ରା ଠିକଣା ହଜାଏ ନାହିଁ । ଆଖୁ କିଆରିରେ ପଶିବା ଭଳି ଲାଗେ । ବହୁତ କିଣିବାକୁ ଇଚ୍ଛା କରି କିଛି କିଣିପାରେନା । ଇଏ ପରା ବାଲିଯାତ୍ରା । ବାଲିଯାତ୍ରାର ଘୋ ଘା ରେ ସହର ମୁଖରିତ ହୁଏ । ମା ଦୁର୍ଗାଙ୍କର ମେଲାଣି ପରେ ଇଏ ଥାଏ କଟକର ବର୍ଷ ତମାମର ଶେଷ ଗହଳି ।

ଆଜି ହେଉଛି କାର୍ତ୍ତିକ ପୂର୍ଣ୍ଣିମା, ଡଙ୍ଗା ଭସା ପର୍ବ । ପିଲାଠାରୁ ବୁଢ଼ା ଯାଏଁ ସମସ୍ତେ ପ୍ରାତଃକାଳରୁ ଗାଧୋଇ ପାଧୋଇ ନଈ, ନାଳରେ ଡଙ୍ଗା ଭସାଇବା ପାଇଁ ବାହାରବେ । ଏହାଦ୍ୱାରା ଯୁଗ ଯୁଗ ଧରି ଚାଲି ଆସୁଥିବା ବୋଇତ ବନ୍ଦାଣ ଉତ୍ସବର ପରମ୍ପରାକୁ ଉଜ୍ଜିବୀତ କରି ରଖାଯାଇଛି । କଳିଙ୍ଗର ବୀର ସାଧବଙ୍କ ଗାଥା ବହନ କରୁଛି ଏହି ଉତ୍ସବ । କାର୍ତ୍ତିକ ପୂର୍ଣ୍ଣମା ସହିତ ଓଡ଼ିଶାର ପ୍ରାଚୀନ ଇତିହାସ ଓତଃପ୍ରୋତ ଭାବେ ଜଡ଼ିତ । ଐତିହାସିକ ଦୃଷ୍ଟିକୋଣରୁ ପର୍ଯ୍ୟାଲୋଚନା କଲେ ସ୍ପଷ୍ଟ ପ୍ରତୀୟମାନ ହୁଏ ଯେ ସମଗ୍ର ବିଶ୍ୱରେ ଭାରତ ଯେତେବେଳେ ଶୌର୍ଯ୍ୟ, ବୀର୍ଯ୍ୟ ଓ ସମ୍ପଦର ଚରମସୀମାରେ ଉପନୀତ ସେତେବେଳେ କଳିଙ୍ଗ ବା ଓଡ଼ିଶା ଥିଲା ତାର ମଉଡମଣି ତୁଲ୍ୟ । ଜଣାଯାଏ ଯେ ବୁଦ୍ଧଦେବଙ୍କ ଆବିର୍ଭାବର ବହୁ ପୂର୍ବରୁ କଳିଙ୍ଗ ନୌବାଣିଜ୍ୟ କ୍ଷେତ୍ରରେ ପ୍ରସିଦ୍ଧି ଲାଭ କରିଥିଲା । ଖ୍ରୀଷ୍ଟପୂର୍ବ ପଞ୍ଚମ ଓ ଷଷ୍ଠ ଶତାବ୍ଦୀ କାଳରେ ଓଡ଼ିଶାରେ ନୌବାଣିଜ୍ୟ ପ୍ରଚଳିତ ଥିବା ସୂଚିତ ହୁଏ । ବୌଦ୍ଧଜାତକରୁ ଦୃଷ୍ଟିଗୋଚର ହୁଏ ଯେ, ବ୍ରହ୍ମଦେଶର ଦୁଇ ବଣିକ ଭ୍ରାତା ତପୁସ ଓ ପାଲିକତ ବୁଦ୍ଧଦେବଙ୍କୁ ଉପହାର ଦେବା ସକାଶେ ବୋଇତରେ ପାଞ୍ଚ ଶହ ଶଗଡ଼ ସାମଗ୍ରୀ ବୋଝେଇ କରି ମଗଧ ଯିବା ପଥରେ ବଙ୍ଗୋପସାଗର ଅତିକ୍ରାନ୍ତ ପୂର୍ବକ କଳିଙ୍ଗର ଆଡ଼ଜିତ୍ ବନ୍ଦରରେ ଅବତରଣ କରିଥିଲେ । ଅତଏବ ଆଡ଼ଜିତ୍ ସେ ସମୟରେ ଓଡ଼ିଶାର ଉପକୂଳବର୍ତ୍ତୀ ଏକ ପୋତାଶ୍ରୟ ଥିଲା ଏଥିରୁ ସ୍ପଷ୍ଟ ହୋଇଥିଲା ।

ମେଗାସ୍ଥିନିସ୍‌ଙ୍କ ଭାରତ ବିବରଣୀରୁ ପରିଲକ୍ଷିତ ହୁଏ ଯେ ଖ୍ରୀଷ୍ଟପୂର୍ବ ଚତୁର୍ଥ ବା ପଞ୍ଚମ ଶତାବ୍ଦୀ କାଳରେ ମଧ୍ୟ ଲଙ୍କାଦ୍ୱୀପ ସହିତ କଳିଙ୍ଗର ହାତୀ କାରବାର ଚାଲୁ ରହିଥିଲା । ହାତୀଗୁମ୍ଫା ଅନୁଶାସନରେ ମଧ୍ୟ ସମ୍ରାଟ ଖାରବେଳ ପାଣ୍ଡ୍ୟ ରାଜାଙ୍କ ଠାରୁ ହାତୀ ବୋଇତ ଉପହାର ପାଇଥିବାର ପ୍ରମାଣ ରହିଛି । ଏଥିରୁ ସ୍ପଷ୍ଟ ଅନୁମାନ କରାଯାଇପାରେ ଯେ, ଖ୍ରୀଷ୍ଟପୂର୍ବ ଦୁଇଶହ ବର୍ଷ ପୂର୍ବେ ମଧ୍ୟ ଲଙ୍କା ବା ପଣ୍ୟ ରାଜ୍ୟ ସହିତ କଳିଙ୍ଗର ବାଣିଜ୍ୟ ସମ୍ପର୍କ ସ୍ଥାପିତ ହୋଇଥିଲା । ଅଶୋକଙ୍କ କଳିଙ୍ଗ ବିଜୟର ବହୁ ପୂର୍ବରୁ କଳିଙ୍ଗର ଲୋକମାନେ ବ୍ରହ୍ମଦେଶରେ ଉପନିବେଶ ସ୍ଥାପନ କରିଥିବାର ଜଣାଯାଏ । ମାଲୟେସିଆର ଲୋକମାନେ ଏବେ ମଧ୍ୟ ଭାରତୀୟମାନଙ୍କୁ କ୍ଲିଙ୍ଗ ବୋଲି ସମ୍ବୋଧନ କରନ୍ତି । ଏହି କ୍ଲିଙ୍ଗ ପ୍ରାଚୀନ କଳିଙ୍ଗ ଶବ୍ଦର ଅପଭ୍ରଂଶ ବ୍ୟତୀତ ଆଉ କିଛି ନୁହେଁ । ଚୀନ ପରିବ୍ରାଜକ ହୁଏନସାଂ ଏବଂ ଇ.ସିଂଙ୍କ ବିବରଣୀରୁ ମଧ୍ୟ ପ୍ରାଚୀନ କାଳରେ କଳିଙ୍ଗ ନୌବାଣିଜ୍ୟ କ୍ଷେତ୍ରରେ ପ୍ରସିଦ୍ଧି ଲାଭ କରିଥିବା କଥା ଜଣାଯାଏ । ଖ୍ରୀଷ୍ଟିୟ ଷଷ୍ଠ ଶତାବ୍ଦୀ କାଳରେ ନିର୍ମିତ ଭୁବନେଶ୍ୱରସ୍ଥ ବୈତାଳ ମନ୍ଦିର ପ୍ରତି ଦୃଷ୍ଟି ନିକ୍ଷେପ କଲେ ଜଣାଯାଏ ଯେ ଏହାର ଶିର୍ଷଦେଶ ବୋଇତ ଢ଼ାଞ୍ଚାରେ ନିର୍ମିତ । ଅର୍କକ୍ଷେତ୍ର କୋଣାର୍କ ସମ୍ପର୍କରେ ଶାମ୍ବପୁରାଣରେ ଯେଉଁ ବର୍ଣ୍ଣନା ରହିଛି ସେଥିରୁ ମଧ୍ୟ କଳିଙ୍ଗର ପ୍ରାଚୀନ ନୌଯାତ୍ରା ସମ୍ପର୍କରେ କେତେକ ଆଭାସ ମିଳେ । ଏହି ପୁରାଣରେ ଉଲ୍ଲେଖ କରାଯାଇଛି ଯେ କୋଣାର୍କ ମନ୍ଦିରରେ ସୌରଦେବତାଙ୍କୁ ଅଣାଯାଇଥିଲା । କାରଣ ସେହିମାନେ ପ୍ରକୃତ ସୌର ଉପାସକ ରୂପେ ପରିଗଣିତ ହେଉଥିଲେ । ତେଣୁ ପର୍ସିଆରୁ ପୁରୋହିତ ଅଣାଯିବା ପ୍ରସଙ୍ଗରୁ ମଧ୍ୟ କୋଣାର୍କ ଏକ ସାମୁଦ୍ରିକ ପୋତାଶ୍ରୟ ଥିବା ଜଣାଯାଏ ।

ଖ୍ରୀଷ୍ଟିୟ ପଞ୍ଚମ ଶତାବ୍ଦୀରେ ଚୀନ ଓ ଉତ୍କଳ ରାଜାଙ୍କ ମଧ୍ୟରେ ଉପଢ଼ୌକନ ବିନିମୟ ହେଉଥିବା ଲଳିତ ବିସ୍ତର ଓ ସିୟୁକି ପ୍ରଭୃତି ବୌଦ୍ଧ ଗ୍ରନ୍ଥମାନଙ୍କରେ ଉଲ୍ଲେଖ ରହିଛି । ରୋମସାମ୍ରାଜ୍ୟ ସହିତ ମଧ୍ୟ କଳିଙ୍ଗର ନୌବାଣିଜ୍ୟ ସମ୍ପର୍କ ପ୍ରତିଷ୍ଠିତ ହୋଇଥିଲା । କଳିଙ୍ଗର ସୂକ୍ଷ୍ମ ବସ୍ତ୍ର ବ୍ୟତୀତ ସମ୍ବଲପୁର ହୀରା ମଧ୍ୟ ସେଠାରେ ବିଶେଷ ଆଦର ଲାଭ କରିଥିଲା । ସମ୍ରାଟ ଖାରବେଳଙ୍କ ରାଜତ୍ୱ କାଳରେ ପାରସ୍ୟ ଉପକୂଳରେ କଳିଙ୍ଗର ବାଣିଜ୍ୟ କାରବାର ଚାଲୁଥିବା କଥା ଜୟସ୍ୱାଲ ପ୍ରମାଣ କରିଛନ୍ତି । କାର୍ତ୍ତିକ ପୂର୍ଣ୍ଣିମା ପ୍ରତ୍ୟୁଷରୁ କଳିଙ୍ଗର ସାଧବ ପୁଅ ପାଲଟଣା ବୋଇତ ମାନଙ୍କରେ ସ୍ୱଦେଶୀ ରେଶମୀ ପାଟ, ସୂକ୍ଷ୍ମ ବସ୍ତ୍ର, ବିଭିନ୍ନ ସୁଗନ୍ଧ ଦ୍ରବ୍ୟ, କାରିଗର ଶିଳ୍ପ ସାମଗ୍ରୀ ଓ ସମ୍ବଲପୁର ଅଞ୍ଚଳର ବିଖ୍ୟାତ ହୀରା ନେଇ ଜାଭା, ସୁମାତ୍ରା, ବୋର୍ଣ୍ଣିଓ ଓ ବାଲିଦ୍ୱୀପ ପ୍ରଭୃତିକୁ ଯାତ୍ରା କରୁଥିଲେ । ଏହି ସେହି ଦ୍ୱୀପମାନଙ୍କର ଏହି ସାମଗ୍ରୀ ବିକ୍ରି କରି ସ୍ୱଦେଶ ଅଭିମୁଖେ ଅଜସ୍ର ଧନସଂପଦ ଧରି ବାହୁଡ଼ି ଆସୁଥିଲେ । ଭୌଗୋଳିକ ଦୃଷ୍ଟିକୋଣରୁ ଦେଖିଲେ ଜଣାଯାଏ ଯେ, ବର୍ଷର ଏହି ସମୟରେ ସାଧାରଣତଃ ଉତ୍ତର ଦିଗରୁ ପବନ ବହେ । ଯାହାଫଳରେ ପାଲଟଣା ବୋଇତଗୁଡ଼ିକ ଅନାୟାସରେ ଦରିଆ ପାର ହୋଇ ଉପରୋକ୍ତ ଦ୍ୱୀପମାନଙ୍କୁ ଯାତ୍ରା କରିପାରେ । ସେହିପରି ବେପାର ଶେଷ ବେଳକୁ ଆଷାଢ଼ ମାସର ଆରମ୍ଭରେ ପଶ୍ଚାତରୁ ପ୍ରବାହିତ ବାୟୁ ସଂଘାତ ଫଳରେ ଜାହାଜ ଗୁଡ଼ିକ ସୁରୁଖୁରୁରେ ବାହୁଡ଼ି ଆସେ । ତେଣୁ ବୋଇତ ଭସାଣବେଳେ ଉଚ୍ଚାରିତ 'ଆ, କା, ମା, ବୈ'ରୁ ଏହି ସମୟ ବାଣିଜ୍ୟ ପାଇଁ ଅନୁକୂଳ ପ୍ରତିପାଦିତ ହୋଇଥାଏ । ପ୍ରାଚୀନ କାଳରେ କଳିଙ୍ଗ ବାଣିଜ୍ୟ, ବ୍ୟବସାୟ, ସ୍ଥାପତ୍ୟ, ଶିଳ୍ପକଳା, ସଭ୍ୟତା ଓ ସଂସ୍କୃତି କ୍ଷେତ୍ରରେ ଚରମସୀମାରେ ଉପନୀତ ହୋଇଥିଲା । ସେହି ଗୌରବକୁ ସ୍ମରଣ କରିବା ସକାଶେ ଏବେ ପାରାଦ୍ୱୀପ ଓ ଚାନ୍ଦବାଲି ଠାରେ ବୋଇତ ବନ୍ଦାଣ ଉତ୍ସବ ପାଳିତ ହେଉଛି । ସେଦିନର ସତ୍ୟ ଆଜିର ସ୍ମୃତିରେ ପରିଣତ ହୋଇ କେବଳ ବାଲିଯାତ୍ରା ଓ ବୋଇତ ବନ୍ଦାଣ ମାଧ୍ୟମରେ ଆମମାନଙ୍କୁ ସାମାନ୍ୟ ଆନନ୍ଦ ମାତ୍ର ପ୍ରଦାନ କରୁଛି । ଏକ ନିଆରା ଅନୁଭବ ନେଇ ବାଲିଯାତ୍ରା ସଦର୍ପେ ନଈପଠାରେ ସୁନ୍ଦରୀ ସାଜିଛି । ଖାଲି ଖାଲି ଲାଗୁଥିବା ମହାନଦୀର ଏହି ନିର୍ଜନ ପଠା ଜୀବନ ଜୀବିକାକୁ ନେଇ ବେଶ୍ ବ୍ୟସ୍ତବହୁଳ । ରଙ୍ଗବେରଙ୍ଗ ଆଲୋକର ମେଖଳା ଭିତରେ ଦୂର ଅତୀତର ଗୌରବମୟ ଉତ୍କଳୀୟ ନୌବାଣିଜ୍ୟ ପରମ୍ପରାର ସ୍ମୃତି ବିଜଡ଼ିତ ପଦଚିହ୍ନ ବେଶ୍ ଭାବଗର୍ଭକ । ସାଧବପୁଅଙ୍କୁ ସମଗ୍ର ବିଶ୍ୱରେ ନିଜ ମାଟି ମାକୁ ସମ୍ମାନର ସହ ପ୍ରତିଷ୍ଠିତ କରିବା ପାଇଁ ଯେଉଁ ମହାନ୍ ବ୍ୟକ୍ତିତ୍ୱଙ୍କର ଅବଦାନକୁ ସମସ୍ତେ ବିନମ୍ରତାର ସହ ସ୍ମୃତି ଚାରଣ କରିଥାନ୍ତି, ସେ ହେଉଛନ୍ତି ଏ ଜାତିର ମଉଡ଼ମଣି କଳିଙ୍ଗବୀର ବିଜୁବାବୁ । ସେଥିପାଇଁ ଅନେକ ବି କହନ୍ତି, ବାଲିଯାତ୍ରା ସହ ବିଜୁବାବୁଙ୍କ ସମ୍ପର୍କ ଥିଲା ବେଶ୍ ନିବିଡ଼ । ଇଣ୍ଡୋନେସିଆର ଭୂମିପୁତ୍ର ଭାବେ ନିଜକୁ ତଥା ନିଜ ଜାତିର ଗୌରବାନ୍ୱିତ କରିଥିବା ଏଇ ତୁଙ୍ଗ ବ୍ୟକ୍ତିତ୍ୱଙ୍କ ପାଖରେ ଏ ବାଲିଯାତ୍ରା ଅବସରରେ ଯାତ୍ରୀମାନେ ଭକ୍ତିପୂତ ଭାବରେ ନିଜର ମଥାନତ କରିଥାନ୍ତି ।

*ତୁଳସୀପୁର, କଟକ*

# ସତ୍ୟବାଦୀର ସନ୍ଥ ପଣ୍ଡିତ ନୀଳକଣ୍ଠ


ହିମାଂଶୁ ଶେଖର ଆଚାର୍ଯ୍ୟ

ଓଡିଆରେ ଏକ ଆପ୍ତ ବାକ୍ୟ ଅଛି- 'ଆସିଲା ବଡ ଚଢେଇ, ବସିଲା ଡେଣା ମେଲାଇ, ଧଇଲା ମାଛ, ଖାଇଲା ନାହିଁ'। ଓଡିଶାର ପୁର ପଲ୍ଲୀରେ ପ୍ରଚଳିତ ଏଇ ଲୋକ କଥାଟି ମାଛଧରା-ଜାଲର କଥା କହେ। ଜାଲ ଚଢେଇ ପରି ଡେଣା ମେଲାଇ ପାଣିରୁ ମାଛ ଛାଣିଆଣେ କିନ୍ତୁ ନିଜେ ଖାଇପାରେ ନାହିଁ। ଏହି ଉକ୍ତିଟି ସତ୍ୟବାଦୀ ଯୁଗର ନୀତିନିଷ୍ଠ ଆର୍ଦ୍ଦର୍ଯ୍ୟ, ସାମ୍ବାଦିକ, ସଂସ୍କାରକ, ସାହିତ୍ୟିକ, ଗବେଷକ, ଓ ସର୍ବୋପରି ଆଦର୍ଶ ରାଜନୀତିଜ୍ଞ ପଣ୍ଡିତ ନୀଳକଣ୍ଠ ଦାସଙ୍କ କ୍ଷେତ୍ରରେ ଯଥାର୍ଥରେ ପ୍ରଯୁଜ୍ୟ । ପ୍ରକୃତରେ ପଣ୍ଡିତ ଉପାଧି ତାଙ୍କୁ ହିଁ ଶୋଭା ପାଉଥିଲା। ଆଜୀବନ ପାଣ୍ଡିତ୍ୟର ଗାରିମା ରକ୍ଷା କରିଥିଲେ ସେ । ଏହି ଯୋଗଜନ୍ମା ସାଧକ ୧୮୮୪ ମସିହା ଅଗଷ୍ଟ ୫ ତାରିଖରେ ପୁରୀ ଜିଲ୍ଲାର ସତ୍ୟବାଦୀ ଥାନା ଅନ୍ତର୍ଗତ ଶ୍ରୀରାମଚନ୍ଦ୍ରପୁର ଶାସନରେ ଜନ୍ମ ଗ୍ରହଣ କରିଥିଲେ । ପିତା ଥିଲେ ଆନନ୍ଦ ଦାଶ ଓ ମାତା ହୀରା ଦେବୀ । ତାଙ୍କ ମେଧାଶକ୍ତି ଥିଲା ଅତୁଳନୀୟ । ପରିବାରରେ ଆର୍ଥିକ ଦୁଃସ୍ଥିତି ତାଙ୍କ ପ୍ରତିଭାର କଣ୍ଠରୋଧ କରିପାରିନଥିଲା । ଅସୀମ ମନୋବଳ ଓ କଠୋର ଅଧ୍ୟବସାୟ ଯୋଗୁଁ ସେ ଉନ୍ନତିର ଚରମ ସୋପାନରେ ପହ ି ପାରିଥିଲେ । ଘରେ ପରିବାରର ଆଦର୍ଶ, ଶିକ୍ଷାଗୁରୁ ଚନ୍ଦ୍ରମୋହନ ମହାରଣା,ବଙ୍ଗ ଭଙ୍ଗ ଆନ୍ଦୋଳନର ନେତା ଶଶୀଭୂଷଣ ଚୌଧୁରୀ ,ଦେଶପ୍ରାଣ ରାମଚନ୍ଦ୍ର ଦାଶଙ୍କ ପ୍ରଭାବ ଓ ଉତ୍କଳମଣି ପଣ୍ଡିତ ଗୋପବନ୍ଧୁ ଦାସଙ୍କ ପ୍ରେରଣା ଏବଂ ସାହଚର୍ଯ୍ୟ ତାଙ୍କ ଜୀବନର ଗତିପଥକୁ ବଦଳାଇ ଦେଇଥିଲା । ଆଉ ତାପରର ଘଟଣା ଥିଲା ଏକ ସ୍ୱର୍ଣ୍ଣାଭ ଇତିହାସ । କଲେଜ ଶିକ୍ଷା ଶେଷ ପରେ ଦେଶ ଓ ଜାତିକୁ ଗଢିବା ନିମନ୍ତେ ସେ ସତ୍ୟବାଦୀ ବନ ବିଦ୍ୟାଳୟରେ ଯୋଗଦାନ କରି ନିଜର କର୍ମମୟ ଜୀବନର ଶୁଭାରମ୍ଭ କରିଥିଲେ । ଖାଲି ସେତିକି ନୁହେଁ, ନୀଳକଣ୍ଠଙ୍କର ସୃଜନଶୀଳତାର ଚଉହଦୀ ବେଶ୍ ପ୍ରସାରିତ ଥିଲା । ସେ ଥିଲେ ଜଣେ ଉଚ୍ଚକୋଟୀର ସାହିତ୍ୟ ଗବେଷକ ଓ ସମୀକ୍ଷକ । ଓଡ଼ିଆ ସମାଲୋଚନା ସାହିତ୍ୟ ମଧ୍ୟରେ ଲାବଣ୍ୟବତୀ କାବ୍ୟ, ଫକୀର ମୋହନ ଓ ଓଡ଼ିଆ ଉପନ୍ୟାସ ଇତ୍ୟାଦି ତାଙ୍କ ସାରସ୍ୱତ ପ୍ରତିଭାର ମୂଲ୍ୟାୟନ କରେ। ସବୁଠୁ ଉର୍ଦ୍ଧ୍ୱରେ ଥିଲା ତାଙ୍କର ସ୍ୱଦେଶ ଭାବନା ଓ ଚିନ୍ତା । "ସଂସ୍କୃତ ଓ ସଂସ୍କୃତି" ଗ୍ରନ୍ଥ ପଢିଲେ ତାଙ୍କ ଅଗାଧ ପାଣ୍ଡିତ୍ୟର ପ୍ରମାଣ ମିଳେ, ଏଥିରେ ଦ୍ୱିରୁକ୍ତି ନାହିଁ। ଜଣେ ସଚ୍ଚା ସ୍ୱାଧୀନତା ସଂଗ୍ରାମୀ ଭାବେ ନୀଳକଣ୍ଠଙ୍କର ନିଆରା ପରିଚୟ ଥିଲା। ସେହିପରି ଦୀର୍ଘଦିନ ଧରି ଓଡ଼ିଶା ରାଜନୀତିରେ ସେ ସକ୍ରିୟ ଥିଲେ । ଅସହଯୋଗ ଆନ୍ଦୋଳନ ଓ ଲବଣ ସତ୍ୟାଗ୍ରହ ସମୟରେ ସେ ଦେଶ ପାଇଁ କାରାବରଣ କରିଥିଲେ। ଉତ୍କଳମଣି ପଣ୍ଡିତ ଗୋପବନ୍ଧୁ ଦାସଙ୍କ ପରେ ନୀଳକଣ୍ଠ କଂଗ୍ରେସ ଦଳର ମଙ୍ଗ ଧରିଥିଲେ। ୧୯୩୬ ମସିହାରେ ଓଡିଶା ସ୍ୱତନ୍ତ୍ର ପ୍ରଦେଶର ମାନ୍ୟତା ପାଇଲା ପରେ ୧୯୩୭ ପ୍ରଥମ ବିଧାନସଭା ନିର୍ବାଚନରେ ପଣ୍ଡିତ ନୀଳକଣ୍ଠଙ୍କ ନେତୃତ୍ୱରେ କଂଗ୍ରେସ ଦଳ ବିପୁଳ ସଂଖ୍ୟାଗରିଷ୍ଠତା ପାଇ ସରକାର ଗଢିଥିଲା। ଏହି ନିର୍ବାଚନରେ ନୀଳକଣ୍ଠ କୌଣସି ଆସନରେ ପ୍ରତିଦ୍ୱନ୍ଦିତା ନକରି ରାଜ୍ୟରେ କଂଗ୍ରେସ ଦଳକୁ ଜିତାଇବା ପାଇଁ ଲାଗିପଡିଥିଲେ। ସେତେବେଳେ ଯୋଜନା ଥିଲା ଯେ, ଥରେ ଦଳ ନିର୍ବାଚନ ଜିଣି ଆସିଲା ପରେ ସେ ବିଧାୟକ ଦଳ ନେତା ନିର୍ବାଚିତ ହୋଇ ସରକାର ଗଠନ କରିବେ ଏବଂ ପରେ ଉପ ନିର୍ବାଚନ ଜିଣି ବିଧାନ ସଭାକୁ ଆସିବେ। ମାତ୍ର ନୀଳକଣ୍ଠ ନିଜେ ପ୍ରଧାନମନ୍ତ୍ରୀ(ମୁଖ୍ୟମନ୍ତ୍ରୀ) ଦୂରେ, ଥାଉ ସାଧାରଣ ମନ୍ତ୍ରୀଟିଏ ବି ହୋଇପାରିଲେ ନାହିଁ। କାରଣ ସେତେବେଳେ ଦଳର ପରିଚାଳନା ପାଇଁ ଏକ ନିୟମ ପ୍ରଣୟନ କରାଯାଇଥିଲା ଯେ, ନିର୍ବାଚିତ ସଭ୍ୟଙ୍କ ଛଡା ଅନ୍ୟ କେହି ବିଧାୟକ ଦଳର ନେତୃତ୍ୱ ନେଇପାରିବେନାହିଁ। ଘଟଣା ଚକ୍ରରେ ମହାରାଜା କୃଷ୍ଣଚନ୍ଦ୍ର ଗଜପତିଙ୍କ ସଂଖ୍ୟାଲଘୁ ସରକାର ଭାଙ୍ଗିବା ପରେ ବିଶ୍ୱନାଥ ଦାସଙ୍କ ନେତୃତ୍ୱରେ କଂଗ୍ରେସ ସରକାର ଗଠିତ ହେଲା ଏବଂ ନୀଳକଣ୍ଠ ଦାସ ବାହାରେ ରହିଲେ। ଏନେଇ ନୀଳକଣ୍ଠ ଦାସଙ୍କ କିଛି କ୍ଷୋଭ ଥିଲା। ସ୍ୱାଧୀନତା ପରେ ୧୯୫୨ ନିର୍ବାଚନରେ ସେ 'ସ୍ୱାଧୀନ ଜନସଂଘ' ନାମରେ ଏକ ଦଳ ଗଢିଲେ ଏବଂ ନିଜେ ସତ୍ୟବାଦୀ ନିର୍ବାଚନ ମଣ୍ଡଳୀରୁ କଂଗ୍ରେସ ପ୍ରାର୍ଥୀଙ୍କ ବିରୁଦ୍ଧରେ ଲଢିଲେ। ସେଠାରେ ତାଙ୍କ ବିରୁଦ୍ଧରେ କଂଗ୍ରେସ ପ୍ରାର୍ଥୀ ସତ୍ୟବାଦୀ ନନ୍ଦଙ୍କ ଛଡା ଆଉ ଦୁଇ ଜଣ ସ୍ୱାଧୀନ ପ୍ରାଥୀ ଆ ବନ୍ଧୁ ଦାସ ଓ ନବକିଶୋଇ ପଟ୍ଟନାୟକ ଲଢୁଥିଲେ ମଧ୍ୟ ପଣ୍ଡିତ ନୀଳକଣ୍ଠ ବିଜୟୀ ହେଲେ। ତାହା ଥିଲା ତାଙ୍କ ଲୋକପ୍ରିୟତାର ପ୍ରମାଣ। ୧୯୫୭ ନିର୍ବାଚନ ପୂର୍ବରୁ ପ୍ରଧାନମନ୍ତ୍ରୀ ନେହେରୁଙ୍କ ଅନୁରୋଧ କ୍ରମେ ସେ ପୁଣି କଂଗ୍ରେସରେ ଯୋଗଦେଇ ସତ୍ୟବାଦୀ ଆସନରୁ ନିର୍ବାଚନ ଲଢିଲେ। ଏଥର କିନ୍ତୁ ଏକ ଅଭୂତପୂର୍ବ ଘଟଣା ଘଟିଲା। ନୀଳକଣ୍ଠଙ୍କର ବ୍ୟକ୍ତିତ୍ୱ ଓ ଜନପ୍ରିୟତାକୁ ସମ୍ମାନ ଦେଖାଇ ତାଙ୍କ ବିରୋଧରେ କେହି ବି ପ୍ରାର୍ଥୀ ରହିଲେ ନାହିଁ। ସେ ନିର୍ଦ୍ୱନ୍ଦ୍ୱରେ ନିର୍ବାଚିତ ହେଲେ। ସେତେବେଳେ ରାଜ୍ୟରେ ଦଳୀୟ ରାଜନୀତି ବେଶ୍ ସକ୍ରିୟ ହୋଇସାରିଥାଏ। ଏଭଳି ପରିସ୍ଥିତିରେ ସତ୍ୟବାଦୀ ଭଳି ଏକ ଆସନରୁ ନିର୍ଦ୍ୱନ୍ଦ୍ୱରେ ଜିଣିବା ଏକ ବିରଳ ଘଟଣା ଥିଲା। ପଣ୍ଡିତ ନୀଳକଣ୍ଠ ତାଙ୍କ ଆତ୍ମଜୀବନୀରେ ସୂଚାଇଛନ୍ତି, 'ନିର୍ବାଚନ ଜିଣିବାରେ ଯେତେବେଳେ ମୁଁ ଅପ୍ରତିଦ୍ୱନ୍ଦ୍ୱୀ ହେଲି, ସେତେବେଳେ ମହତାବ ବାବୁ ମୋ ଘରକୁ ଆସି କହିଲେ, ଆପଣ ତେବେ ଏଥର ଆସେଂବ୍ଲିର ବାଚସ୍ପତି ହୁଅନ୍ତୁ'। ଏହିପରି ଭାବେ ୧୯୩୭ ମସିହା ଠାରୁ ଉପେକ୍ଷିତ ହୋଇ ଆସୁଥିବା ପଣ୍ଡିତ ନୀଳକଣ୍ଠ ଶେଷରେ ବାଚସ୍ପତି ହୋଇ ସାମାନ୍ୟ ଆଶ୍ୱସ୍ତି ପାଇଥିଲେ । ଉତ୍କଳମାତାର ଏହି ପ୍ରତିଭାଦୀପ୍ତ ମଣିଷ ଆଜି ଆମ ଗହଣରେ ନାହାଁନ୍ତି । ୧୯୬୭ ମସିହା ନଭେମ୍ବର ୦୬ ତାରିଖରେ ତାଙ୍କର ଦେହାବସାନ ହୋଇଛି ।ହେଲେ ତାଙ୍କ ଚିନ୍ତା,ଚେତନା ଓ ଆଦର୍ଶ ଏବେ ବି ଇତିହାସର ଆଇନାରେ ସଦା ସତେଜ ହୋଇ ରହିଛି।

ଜଗତସିଂହପୁର
ମୋ-୯୩୩୭୨୨୧୯୨୪




# ନବମତମ ଗିରି ଗୋବର୍ଦ୍ଧନ ମହୋତ୍ସବ ଉଦଯାପିତ

ବରଗଡ଼,(ପି.ଏନ): ବରଗଡ ପଞ୍ଚାୟତ କଲେଜ ନିକଟ ଗିରି ବିହାର ଠାରେ ତିନିଦିନ ଧରି ଚାଲିଥିବା ନବମତମ ଗିରି ଗୋବର୍ଦ୍ଧନ ମହୋତ୍ସବ ଗତକାଲି ଉଦଯାପିତ ହୋଇଯାଇଅଛି। ବହୁ ଉତ୍ସାହ ଏବଂ ଉଦ୍ଦୀପନା ସହିତ ଆୟୋଜିତ ହୋଇଥିବା ଏହି ମହୋତ୍ସବକୁ ଗତ ୨.୧୧.୨୦୨୪ରିଖ ଦିନ ବରଗଡ ର ମାନ୍ୟବର ସାଂସଦ ପ୍ରଦୀପ କୁମାର ପୁରୋହିତ ଉଦଘାଟନ କରିଥିଲେ। ଉଦଘାଟନ ଉତ୍ସବର ଅନ୍ୟତମ ଅତିଥି ଭାବେ ବିଶିଷ୍ଟ ଚିକିତ୍ସକ ଡ଼ ରାମକ୍ରୀଷ୍ଣ ପୁରୋହିତ, ବରିଷ୍ଠ ବିଜେପି ନେତା ସୁରେଶ୍ୱର ଶତପଥୀ ଯୋଗଦେଇଥିବା ବେଳେ, ମହୋତ୍ସବ ସମିତିର ସଭାପତି ଶ୍ରୀଯୁକ୍ତ ଅଶୋକ ପଣ୍ଡା ସଭାପତିତ୍ୱ କରିଥିଲେ ଏବଂ ସମ୍ପାଦକ ଶ୍ରୀଯୁକ୍ତ ଅଙ୍କୁର ମଲ୍ଲିକ ଧନ୍ୟବାଦ ଅର୍ପଣ କରିଥିଲେ। ଉଦଘାଟନୀ କାର୍ଯ୍ୟକ୍ରମକୁ ସମିତିର ସଦସ୍ୟ ଶ୍ରୀଯୁକ୍ତ ରବି ନାରାୟଣ ଦାଶ ପରିଚାଳନା କରୁଥିଲେ। ଦ୍ୱିତୀୟ ଦିବସରେ ଅତିଥି ଭାବେ ବିଶିଷ୍ଟ ସିନେ ତାରକା ତଥା ମାନ୍ୟବର ବିଧାୟକ ଦିଗପହଣ୍ଡି ସିଦ୍ଧାନ୍ତ ମହାପାତ୍ର, ବରଗଡ ର ପୁର୍ବତନ ବିଧାୟକ



ଦେବେଶ ଆଚାର୍ଯ୍ୟ , ବିଜେପି ରାଜ୍ୟ ଉପ ସଭାପତି ଗୋଲକ ମହାପାତ୍ର, ବରଗଡ ପୌରଧାକ୍ଷା ଶ୍ରୀମତୀ କଳ୍ପନା ମାଝି, ସମାଜସେବୀ ଚନ୍ଦ୍ର ଶେଖର ବାଗ, ବିଜେପି ଜିଲ୍ଲା କାର୍ଯ୍ୟକାରୀ ସଭାପତି ଅରୂପାନନ୍ଦ ସାହୁ, କାଉନସିଲର କବିତା ବେହେରା, ଦୀପାଞ୍ଜଳି ବାଗ ପ୍ରମୁଖ ଯୋଗଦେଇଥିବା ବେଳେ, ଅନ୍ତିମ ଦିବସରେ ଗତକାଲି ଅତିଥି ଭାବେ ମାନ୍ୟବର ଭଟଲି ବିଧାୟକ ଇରାଶିସ ଆଚାର୍ଯ୍ୟ, ବିକାଶ ଗ୍ରୁପ ର ଅଧକ୍ଷ ଡି. ମୁରଲୀ କ୍ରୀଷ୍ଣା ଯୋଗଦେଇଥିଲେ। ପ୍ରତ୍ୟେକ ଦିନ ଓଡିଶାର ବିଭିନ୍ନ ଜିଲ୍ଲାରୁ ଆସିଥିବା କଳାକାର ତଥା ସ୍ଥାନୀୟ କଳାକାରମାନେ ନୃତ୍ୟ ଗୀତ ପରିବେଷଣ କରିଥିଲେ ଏବଂ ପ୍ରତ୍ୟେକ ଦିନ ପୌରାଣିକ ବିଷୟବସ୍ତୁ କୁ ନେଇ ଇନ୍ଦ୍ର ଦରବାର କାର୍ଯ୍ୟକ୍ରମ ଆୟୋଜିତ ହୋଇଥିଲା। ସମିତିର ସଦସ୍ୟ ମାନଙ୍କର ଅକ୍ଲାନ୍ତ ପରିଶ୍ରମ ଯୋଗୁଁ ତଥା ଜନସାଧାରଣଙ୍କ ସହଯୋଗ ଯୋଗୁଁ ଶାନ୍ତି ତଥା ଶୃଙ୍ଖଳାର ସହିତ ଏହି ମହୋତ୍ସବ ସମାପିତ ହୋଇଛି।

## ମ୍ୟାଜିକ ସିୟାନ ସୁଶିଲ ବେହେରାଙ୍କ ଶ୍ରଦ୍ଧାଞ୍ଜଳି ସଭା

ଦର୍ପଣ,(ପି ଏ ନ) : ବଡଚଣା ନିର୍ବାଚନ ମଣ୍ଡଳୀ ଅନ୍ତର୍ଗତ ଆରଖପୁର୍ ପଂଚାୟତ ଗଡଡ ପାଟଣା ଗ୍ରାମର ମ୍ୟାଜିକ ସୀୟାନ ସୁଶିଲ ବେହେରାଙ୍କ ଏକଦଶାହ ଦିବସ ଅବସରରେ ଜିଲ୍ଲା ପୂଜ୍ୟ ପୁଜା ପରିଷଦ ଆନୁକୁଲ୍ୟରେ ତାଙ୍କ ବାସଭବନ ପରିସରରେ ଏକ ଶ୍ରଦ୍ଧାଞ୍ଜଳୀ ସଭା ଅନୁଷ୍ଠିତ ହୋଇଥିଲା। ପୂଜ୍ୟପୂଜା ପରିଷଦ ର ଆବାହକ ଅଭିମନ୍ୟୁ ଧଳ କ ଅଧ୍ୟକ୍ଷତା ରେ ଅନୁଷ୍ଠିତ ସଭାରେ ଯାଜପୁର ଜିଲ୍ଲା ବିଜେପି କୃଷକ ମୋର୍ଚ୍ଚା ସଭାପତି ପାଣ୍ଡବ ଚରଣ ଧଳ, ଶିକ୍ଷକ ନେତା ସନ୍ତୋଷ କୁମାର ଜେନା, ଚଣ୍ଡିଖୋଲ କୋର୍ଟ ବାର ଆସୋସିଏସନ୍ ସଭାପତି ଆଇନଜୀବି ଦେବରାଜ ବେହେରା , ଅତିଥି ଭାବେ ଯୋଗ ଦେଇଥିଲେ। ସ୍ୱର୍ଗତ ସୁଶିଲ ବାବୁ ଅଭୁତ ପୁର୍ବ ମ୍ୟାଜିକ୍ ପ୍ରଦର୍ଶନ କରିବା ସହିତ ସାଇକେଲ ରେସ୍ କରି ଆମ ରାଜ୍ୟ ତଥା ରାଜ୍ୟ ବାହାରେ ଦର୍ଶକ ମାନଙ୍କ ହୃଦୟରେ ସ୍ୱତନ୍ତ୍ର ସ୍ଥାନ ଅଧିକାର କରିଥିଲେ।

# ରେନଲ୍ଟ ଭାରତରେ ୪୧୫ରୁ ଅଧିକ ସେଲ୍ସ ଓ ସର୍ଭିସ୍ ଟଚ୍‌ପଏଂଟ୍‌କୁ ନିଜର ନେଟ୍‌ୱର୍କ ଉପସ୍ଥିତି ବିସ୍ତାର କରିଛି

ନୂଆଦିଲ୍ଲୀ,(ପିଏନ): ରେନଲ୍ଟ ଇଣ୍ଡିଆ ପକ୍ଷରୁ ଗତ ଦୁଇ ମାସ ମଧ୍ୟରେ ଦେଶବ୍ୟାପୀ ଏହାର ନେଟ୍‌ୱର୍କରେ ୩୪ଟି ନୂତନ ସେଲ୍ସ ଓ ସର୍ଭିସ୍ ଟଚ୍‌ପଏଂଟ୍‌କୁ ସାମିଲ କରାଯାଇଥିବା ସମ୍ପର୍କରେ ଘୋଷଣା କରାଯାଇଛି। ଏହା ମୋଟ ୯୦ରୁ ଅଧିକ ସେଲ୍ସ ଓ ସର୍ଭିସ୍ ଟଚ୍‌ପଏଂଟ୍‌କୁ ଚିହ୍ନିତ କରୁଛି ଯାହାକୁ ରେନଲ୍ଟ ଗତ ଏକ ବର୍ଷରୁ କମ୍ ସମୟ ମଧ୍ୟରେ ଦେଶବ୍ୟାପୀ ଏହାର ନେଟ୍‌ୱର୍କରେ ସାମିଲ କରିଛି। ବର୍ତ୍ତମାନର ବିକଶିତ ବଜାରଗୁଡିକରେ ବ୍ରାଣ୍ଡର ଅଭିବୃଦ୍ଧି ପାଇଁ ଏହି ବ୍ୟାପକ ନେଟ୍‌ୱର୍କ ସମ୍ପ୍ରସାରଣ ହେଉଛି ଏକ ରଣନୈତିକ ବ୍ୟବସାୟିକ ଧାନର ଅଂଶବିଶେଷ। ଏହି ନୂତନ ଡିଲରସିପ୍ ଫ୍ୟାସିଲିଟିଗୁଡିକ ମଧ୍ୟପ୍ରଦେଶ, ତାମିଲନାଡୁ, ଉତରପ୍ରଦେଶ, କର୍ଣ୍ଣାଟକ, ଗୁଜରାଟ, ହରିଆନା, ପଞ୍ଜାବ, ତେଲେଙ୍ଗାନା, ଉତରାଖଣ୍ଡ, ରାଜସ୍ଥାନ, ମହାରାଷ୍ଟ୍ର, ହିମାଚଳ ପ୍ରଦେଶ ଓ ପଶ୍ଚିମ ବଙ୍ଗରେ ଅବସ୍ଥିତ। ଏହି ସମ୍ପ୍ରସାରଣ ସହିତ ରେନଲ୍ଟ ଇଣ୍ଡିଆ ଏହାର ନେଟ୍‌ୱର୍କ ଉପସ୍ଥିତିକୁ ୪୧୫ରୁ ଅଧିକ ସେଲ୍ସ ଓ ୪୭୫ରୁ ଅଧିକ ସର୍ଭିସ୍ ଟଚ୍‌ପଏଂଟ୍‌କୁ ବୃଦ୍ଧି କରିଛି, ଯେଉଁଥିରେ ଉଲ୍ଲେଖନୀୟ ବିକ୍ରି ଓ ସେବା ଗୁଣମାନ ସହିତ ଦେଶର ବିଭିନ୍ନ ସ୍ଥାନରେ ୨୦୦ରୁ ଅଧିକ ୱର୍କସପ୍ ଅନ୍ ହ୍ୱିଲ୍ସ ସାମିଲ ରହିଛି। ଏସମ୍ପର୍କରେ ରେନଲ୍ଟ ଇଣ୍ଡିଆର ସେଲ୍ସ ଆଣ୍ଡ ନେଟ୍‌ୱର୍କ ବିଭାଗର ସୁଧୀର ମଲହୋତ୍ରା କହିଛନ୍ତି ରେନଲ୍ଟ ଇଣ୍ଡିଆର ନେଟ୍‌ୱର୍କ ଉପସ୍ଥିତି ରଣନୈତିକ ଭାବେ ସମ୍ପ୍ରସାରିତ ହେଉଛି ଯାହାକି ହେଉଛି ଆମେ ଉଭୟ ଗ୍ରାହକ ଓ ଡିଲର ପାର୍ଟନରଙ୍କଠାରୁ ଗ୍ରହଣ କରୁଥିବା ଉତ୍ସାହଜନକ ପ୍ରତିକ୍ରିୟାର ସାକ୍ଷ୍ୟ ଅଟେ। ବର୍ତ୍ତମାନ ସମରେ ଆମେ ନୂଆ ଡିଲରଙ୍କୁ ଆକର୍ଷିତ କରିବା ସହିତ ବିଦ୍ୟମାନ ପୁରୁଣା ପାର୍ଟନରଙ୍କଠାରୁ ଅଧିକ ନିବେଶ ଓ ସମ୍ପ୍ରସାରଣ ଅନୁରୋଧ ମଧ ହାସଲ କରୁଛୁ। ଏକ ବର୍ଦ୍ଧିତ ନେଟ୍‌ୱର୍କ ଉପସ୍ଥିତି ଆମ ପାଇଁ ଏହାକୁ ସମ୍ଭବ କରିଛି ଯାହାଫଳରେ ଆମେ ଦେଶବ୍ୟାପୀ ଅଧିକ ଗ୍ରାହକଙ୍କ ଆବଶ୍ୟକତାକୁ ପୂରଣ କରିପାରୁଛୁ ଏବଂ ଆମର ନିରନ୍ତର ବିକ୍ରି ସଂଖ୍ୟାରେ ଏକ ଗୁରୁତ୍ୱପୂର୍ଣ୍ଣ ଭୂମିକା ଗ୍ରହଣ କରିପାରୁଛୁ। ରେନଲ୍ଟ ଇଣ୍ଡିଆ ବିଭିନ୍ନ ଶୃଙ୍ଖଳାରେ ଆକର୍ଷଣୀୟ ଅଫର୍ ଘୋଷଣା କରିବା ସହିତ ସରକାରୀ ପବ୍ଲିକ୍ ସେକ୍ଟର କର୍ମଚାରୀ, କେନ୍ଦ୍ର ଓ ରାଜ୍ୟ ସରକାରଙ୍କ କର୍ମଚାରୀଙ୍କ ସମେତ ଡାକ୍ତର ଓ ଶିକ୍ଷକମାନଙ୍କ ପାଇଁ ସ୍ୱତନ୍ତ୍ର ଅଫରମାନ ଘୋଷଣା କରିଛି। ଏହି ଅଫରଗୁଡିକ ମଧ୍ୟରେ ୨୨,୦୦୦ ଟଙ୍କାର ଅତିରିକ୍ତ ସ୍ୱତନ୍ତ୍ର ଅଫର୍ ସାମିଲ ରହିଛି ଯାହାକୁ ପୂର୍ବରୁ ଡଷ୍ଟର ଉପରେ ୭୦,୦୦୦ ଟଙ୍କା ପର୍ଯ୍ୟନ୍ତ ଲାଭ, କ୍ୱିଡ୍ ଉପରେ ୪୦,୦୦୦ ଟଙ୍କା ପର୍ଯ୍ୟନ୍ତ ଲାଭ ଓ ଟ୍ରାଇବର ଉପରେ ୩୦,୦୦୦ ଟଙ୍କା ପର୍ଯ୍ୟନ୍ତ ଲାଭ ସହିତ ଆରମ୍ଭ କରାଯାଇଥିବା ଆକର୍ଷଣୀୟ ପାର୍ବଣ ଅଫର୍ ସହିତ ସାମିଲ କରାଯାଇଛି। ରେନଲ୍ଟ ଇଣ୍ଡିଆ ଡିଫେନ୍ସ (ସିଏସ୍‌ଡି) ଓ ପୋଲିସ୍ (ସିପିସି) ସର୍ଭିସ୍‌ମେନ୍‌ଙ୍କ ପାଇଁ ଦେଶବ୍ୟାପୀ ଉପଲବ୍ଧ କ୍ୟାନ୍‌ଟିନ୍ ଷ୍ଟୋରଗୁଡିକ ମାଧ୍ୟମରେ ଏକ ବ୍ୟାପକ ଶୃଙ୍ଖଳାର ଉତ୍ପାଦ ପ୍ରଦାନ କରୁଛି। ରେନଲ୍ଟ ପକ୍ଷରୁ କ୍ରୟକୁ ଅଧିକ ସହଜ କରିବା ପାଇଁ ଆକର୍ଷଣୀୟ ଋଣ ଅଫର୍ ମଧ ଘୋଷଣା କରାଯାଇଛି। ଏଥିରେ କ୍ୱିଡ୍ ଓ ଟ୍ରାଇବର୍ ଉପରେ ୩.୯୯%ର ଏକ ସ୍ୱତନ୍ତ୍ର ସୁଧ ହାର ସାମିଲ ରହିଛି। ନୂତନ ଭାବେ ଲଂଚ୍ ହୋଇଥିବା ଡଷ୍ଟର ୧.୩ ଲିଟର ଟର୍ବୋ ଉପରେ ରେନଲ୍ଟ ୨୦,୦୦୦ ଟଙ୍କାର ଲୟାଲ୍‌ଟି ଲାଭ ଓ ୩ ବର୍ଷ କିମ୍ବା ୫୦,୦୦୦ କିମିର ଏକ ସହଜ କେୟାର ପ୍ୟାକେଜ୍ ଘୋଷଣା କରିଛି। ଉତ୍ପାଦ କ୍ଷେତ୍ରରେ ରେନଲ୍ଟ ଇଣ୍ଡିଆ ନିକଟରେ ୨୦୨୦ କ୍ୱିଡ୍ ନିଓଟେକ୍ ଏଡିସନ୍ ଶୁଭାରମ୍ଭ କରିଛି। ଏହି ଲିମିଟେଡ୍ ଏଡିସନରେ ଫାର୍ଷ୍ଟ-ଇନ୍- ସେଗ୍‌ମେଂଟ୍ ଷ୍ଟାଇଲିସ୍ ଓ ଫ୍ରେସ୍ ଡୁଆଲ ଟୋନ୍ ଏକ୍ସଟେରିୟର ଫିଚର ରହିଛି। ଉପଭୋକ୍ତାମାନେ ଦୁଇଟି କଲର୍ କମ୍ବିନେଶନ- ଜାନ୍‌ସ୍କାର ବ୍ଲୁ ବଡି ସହିତ ସିଲ୍‌ଭର ରୁଫ୍ ଏବଂ ସିଲ୍‌ଭର ବଡି ସହିତ ଜାନ୍‌ସ୍କାର ବ୍ଲୁ ରୁଫ୍ ମଧ୍ୟରୁ ଚୟନ କରିପାରିବେ। ୩୦,୦୦୦ ଟଙ୍କାର ଏକ ଇନ୍‌କ୍ରିମେଂଟାଲ ବୃଦ୍ଧି ସହିତ କ୍ୱିଡ୍ ନିଓଟେକ୍ ଏକ ଉନ୍ନତ ଭାଲ୍ୟୁ ପ୍ୟାକେଜ୍ ପ୍ରଦାନ କରୁଛି ଏବଂ ଏକାଧିକ ଉନ୍ନତ ଫିଚର ସହିତ ଗ୍ରାହକଙ୍କ ଲାଭକୁ ସର୍ବାଧିକ କରୁଛି।

# କେଶରୀ ଯା ହିନ୍ଦୁ ବାହିନୀ ଓଡ଼ିଶା ସଂଗଠନର ନୂତନ ରାଜ୍ୟ କାର୍ଯ୍ୟାଳୟ ଉଦଘାଟନ

ଭୁବନେଶ୍ୱର,(ପି.ଏନ): ରବିବାର ଦିନ କେଶରୀ ଯା ହିନ୍ଦୁ ବାହିନୀ ଓଡ଼ିଶା ସଂଗଠନର ନୂତନ ରାଜ୍ୟ କାର୍ଯ୍ୟାଳୟ ର ଉଦଘାଟନି ଉତ୍ସବ ତଥା ଗୃହ ପ୍ରବେଶ କାର୍ଯ୍ୟକ୍ରମ ସଫଳତା ର ସହିତ ସମାପନ ହୋଇଯାଇଛି। ଆଜି ଏହି ଅବସରରେ ରାଜ୍ୟ ସଭାପତି ଶ୍ରୀ ସନ୍ତୋଷ କୁମାର ଭୋଳ ଙ୍କ ନେତୃତ୍ୱ ରେ ଏକ ବାଇକ୍ ଶୋଭାଯାତ୍ରା ରାଜ୍ୟ କାର୍ଯ୍ୟାଳୟ ଠାରୁ ବାହାରି ପ୍ରଭୁ ଶ୍ରୀ ରାମ ଙ୍କ ମନ୍ଦିର ରେ ପୂଜାର୍ଚ୍ଚନା କରି ବାଣୀବିହାର ପର୍ଯ୍ୟନ୍ତ ଯାଇ ପୁଣି କାର୍ଯ୍ୟାଳୟ କୁ ଫେରିଥିଲା। ପରବର୍ତ୍ତୀ ସମୟରେ କାର୍ଯ୍ୟାଳୟ ଠାରେ ପୂଜାର୍ଚ୍ଚନା କରାଯାଇ ପ୍ରସାଦ ସେବନ କରାଗଲା। ଆଜିର ଏହି କାର୍ଯ୍ୟକ୍ରମ ରେ ପ୍ରତିଷ୍ଠାତା ଶ୍ରୀ ଦିଲୀପ କୁମାର ଦାସ, ଓଡ଼ିଶା ର ବିଶିଷ୍ଟ ସମାଜସେବୀ ତଥା ଶିଳ୍ପପତି ପୀୟୂଷ ମହାନ୍ତି, ରାଜ୍ୟ ମହିଳା ମୋର୍ଚ୍ଚା ସଭାପତି ବନ୍ଦନା ଦାସ କାନୁନଗୋ, ରାଜ୍ୟ କାର୍ଯ୍ୟକାରୀ ସଭାପତି ରୁଦ୍ର



ନାରାୟଣ ଜିତ୍ ବାବୁ,ରାଜ୍ୟ ମାର୍ଗଦର୍ଶକ ପ୍ରଦ୍ୟୁମ୍ନ ଦାଶ, ରାଜ୍ୟ ଉପସଭାପତି ଆର୍ଯ୍ୟବ୍ରତ ସାମଲ, ସଞ୍ଜୟ ବାରିକ,ବ୍ରହ୍ମ ପ୍ରସାଦ ମହାପାତ୍ର, ରାଜ୍ୟ ସାଧାରଣ ସମ୍ପାଦକ ଅମରେଶ ସାମନ୍ତ, ରାଜ୍ୟ ସମ୍ପାଦକ ଅନିଲ ମହାନ୍ତି, ପ୍ରିୟବ୍ରତ ରାଉତ, ରାଜ୍ୟ ରାଲୀ ପ୍ରମୁଖ ନିଗମ ମହାନ୍ତି, ରାଜ୍ୟ ସାଂସ୍କୃତିକ ପ୍ରକୋଷ୍ଠ ପ୍ରମୁଖ ସରୋଜ ଜେନା, ରାଜ୍ୟ କୋଷାଧ୍ୟକ୍ଷ ଦେବାଶିଷ ମିଶ୍ର, ଅମଲେନ୍ଦୁ ଦାସ, ରବୀନ୍ଦ୍ର କୁମାର ଶତପଥୀ, ରାଜେଶ କୁମାର ନନ୍ଦ, ତ୍ରିଲୋଚନ ଦାସ, ରାଜ୍ୟ ମିଡ଼ିଆ ପ୍ରଭାରୀ ଗୌର ଗିରି ଦାସ, କମଲ ସାହୁ, ସାର୍ଥକ ମହାପାତ୍ର, ଧନେଶ୍ୱର ମଲ୍ଲିକ, ପୃଥ୍ୱୀଜିତ୍ ଦାସ ତଥା ବିଭିନ୍ନ ଜିଲ୍ଲା ରୁ ଆସିଥିବା ଜିଲ୍ଲା ସଭାପତି, ସାଧାରଣ ସମ୍ପାଦକ ତଥା ଶତାଧିକ କାର୍ଯ୍ୟକର୍ତ୍ତା ଉପସ୍ଥିତ ଥିଲେ।

# କମ୍ପାକ୍ଟ ଏସ୍‌ୟୁଭି ମାରୁତି ସୁଜୁକି ଭିଟାରା ବ୍ରିଜାର ୫.୫ ଲକ୍ଷ ବିକ୍ରି ସହ ଅଗ୍ରଣୀ ସ୍ଥାନ ଅଧିକାର

ଭୁବନେଶ୍ୱର: ଭାରତର ଏକ ନମ୍ବର ଏସୟୁଭି ମାରୁତି ସୁଜୁକି ଭିଟାରା ବ୍ରିଜା ମାତ୍ର ୪.୫ ବର୍ଷର କମ୍ ସମୟ ଭିତରେ ୫.୫ ଲକ୍ଷ ବିକ୍ରି ଉତ୍ସବ ପାଳନ କରିଛି। ବର୍ତ୍ତମାନ ସୁଦ୍ଧା ଯେକୌଣସି କମ୍ପାକ୍ଟ ଏସ୍‌ୟୁଭି ପାଇଁ ଏହି ସଫଳତା ଦ୍ରୁତତମ। ୨୦୧୬ ଆଦ୍ୟ ଭାଗରେ ଉନ୍ମୋଚିତ ହୋଇଥିବା ଭିଟରା ବ୍ରିଜା କମ୍ପାକ୍ଟ ଏସ୍‌ୟୁଭି କ୍ଷେତ୍ରରେ ଏହାର ଗ୍ଲାମରସ୍ ଲୁକ୍ ସହିତ ବିପ୍ଳବ ଆଣିଥିଲା ଯାହା ପୂର୍ବରୁ ଏହି କ୍ଷେତ୍ରରେ ଦେଖିବାକୁ ମିଳୁନଥିଲା। ଲୁକ୍, ପ୍ରଦର୍ଶନ ଏବଂ ଚଲାଇବାରେ ସହଜତା ଦୃଷ୍ଟିରୁ ଏକ ସମ୍ପୂର୍ଣ୍ଣ ପ୍ୟାକେଜ୍ ଭାବେ ଏହା ଗ୍ରାହକ ଏବଂ କ୍ରିଟିକ୍ (ସମାଲୋଚକ) ପ୍ରଶଂସା ତୁରନ୍ତ ପାଇଥିଲା। ଉତ୍ପତି ସମୟରୁ ବ୍ରାଣ୍ଡ୍ ଭିଟାରା ବ୍ରିଜାକୁ କମ୍ପାକ୍ଟ ଏସ୍‌ୟୁଭି ଗ୍ରାହକମାନଙ୍କ ସ୍ୱତନ୍ତ୍ର ଜୀବନଶୈଳୀକୁ ବିଚାରକୁ ନେଇ ସେମାନଙ୍କ ଉଦୀୟମାନ ଆବଶ୍ୟକତା ଅନୁସାରେ ଡିଜାଇନ୍ କରାଯାଇଥିଲା। ଗ୍ରାହକମାନଙ୍କ ଆବଶ୍ୟକତାରେ ହେଉଥିବା ଦ୍ରୁତ ପରିବର୍ତନ ପ୍ରତି ପ୍ରତିକ୍ରିୟା ପ୍ରଦାନ କରି ସମ୍ପୂର୍ଣ୍ଣ ନୂଆ ଭିଟାରା ବ୍ରିଜାକୁ ୨୦୨୦ ଅଟୋ ଏକ୍ସପୋରେ ସତେଜ ଭାବେ ଉପସ୍ଥାପନ କରାଯାଇଥିଲା। ଏବେ ଏଥିରେ ସୁଦୃଢ଼ ଏବଂ ଶକ୍ତିଶାଳୀ ୪ ସିଲିଣ୍ଡର ୧.୫ ଲିଟର କେ-ସିରିଜ୍ ବିଏସ୍୬ ପେଟ୍ରୋଲ୍ ଇଞ୍ଜିନ ରହିଛି, ସବୁଠୁ ଅଧିକ ପୁରସ୍କାର ପାଇଥିବା ଏହି କମ୍ପାକ୍ଟ ଏସ୍‌ୟୁଭି ଅତୁଳନୀୟ ଗାଡ଼ି ଚାଳନା ଅନୁଭୂତି ପ୍ରଦାନକରିବା ପାଇଁ ଶକ୍ତି, ସ୍ପୋର୍ଟିନେସ୍ ଓ ସହଜତାର ଏକ ସମ୍ପୂର୍ଣ୍ଣ ସମିଶ୍ରଣ ପ୍ରଦାନ କରୁଛି। ଭିଟାରା ବ୍ରିଜାର ଏକ ନିର୍ଦିଷ୍ଟ ଲାଭ ହେଉଛି ଏହାର ହୁଡ୍ ତଳେ ଏକ ବଡ଼, ପ୍ରତିକ୍ରିୟାଶୀଳ ଓ ପେପି ୧.୫ ଲିଟର ପେଟ୍ରୋଲ୍ ଇଞ୍ଜିନ ରହିଛି। ଗ୍ରାହକମାନେ ଚାହିଦା ସମୟରେ ଆକର୍ଷଣୀୟ ମାର୍ଜିତ ଏବଂ ଅତୁଳନୀୟ ଶକ୍ତି ପାଇପାରିବେ। ଏହି ସଫଳତା ସମ୍ପର୍କରେ ଶ୍ରୀଯୁକ୍ତ ଶଶାଙ୍କ ଶ୍ରୀବାସ୍ତବ, କାର୍ଯ୍ୟନିର୍ବାହୀ ନିର୍ଦେଶକ (ମାର୍କେଟିଂ ଓ ସେଲସ୍), ମାରୁତି ସୁଜୁକି ଇଣ୍ଡିଆ ଲିମିଟେଡ୍ କହିଛନ୍ତି ଯେ, "ଏହା ଉନ୍ମୋଚନ ହେବା ପରଠାରୁ କମ୍ପାକ୍ଟ ଏସ୍‌ୟୁଭି ବର୍ଗରେ ଏହାର ଦବଦବା ରହିଛି। ଏକ ଧାରା ସୃଷ୍ଟିକାରୀ ଭାବେ ଏହାର ଦୃଢ଼ ଡିଜାଇନ୍ ଭାଷା, ଶକ୍ତିଶାଳୀ ପ୍ରଦର୍ଶନ ଏବଂ ସ୍ପୋର୍ଟି ଚରିତ୍ର ପାଇଁ ଏହା ଏସୟୁଭି ଗ୍ରାହକଙ୍କ ଅଭିଳାଷ ସହ ଯୋଡ଼ିହୋଇଯାଇଛି। ଏହା ଶୀଘ୍ର ସବୁଠୁ ଅଧିକ ପୁରସ୍କାରପ୍ରାପ୍ତ କମ୍ପାକ୍ଟ ଏସ୍‌ୟୁଭିରେ ପରିଣତ ହେବା ସହ ବିକ୍ରି ସାରଣୀରେ ଦବଦବା ବଜାୟ ରଖିଥିଲା। ଶକ୍ତିଶାଳୀ ୧.୫ ଲିଟର ପେଟ୍ରୋଲ୍ ଇଞ୍ଜିନ ଉପସ୍ଥାପନ କରାଯିବା ସହ ଅନେକ ସଂଖ୍ୟକ ଡିଜାଇନ୍ ଅପଡେଟ୍‌କୁ ନେଇ ଭିଟାରା ବ୍ରିଜା ଗ୍ରାହକମାନଙ୍କୁ ଆହୁରି ଉଲ୍ଲସିତ କରିଛି ଏବଂ ଏହି କ୍ଷେତ୍ରରେ ନିଜର ସ୍ଥିତିକୁ ଆହୁରି ସୁଦୃଢ଼ କରିପାରିଛି। ୫.୫ ଲକ୍ଷ ବିକ୍ରି ମାଇଲଖୁଂଟ ସହ ଭିଟାରା ବ୍ରିଜା ହେଉଛି ନିରନ୍ତର ଭାବେ ନବସୃଜନ ପାଇଁ ଆମ ଉଦ୍ୟମର ଶ୍ରେଷ୍ଠ ସ୍ୱୀକୃତି ଏବଂ ପ୍ରଚଳିତ ଗ୍ରାହକ ପସନ୍ଦ ଏବଂ ବଜାର ଧାରା ଅନୁସାରେ ଏହା ମାରୁତି ସୁଜୁକିର ଉତ୍ପାଦ ପୋର୍ଟଫୋଲିଓକୁ ଆହୁରି ସୁଦୃଢ଼ କରିପାରିଛି।''

# ଆପାହାତୁ ରେଳ ସାଇଡିଂର ଗ୍ରାମବାସୀଙ୍କ ଲୋଡିଂ ଅର୍ଥକୁ ଆତ୍ମସାତ ଉଦ୍ୟମ ଅଭିଯୋଗ

ଯୋଡା, (ପିଏନ): କେନ୍ଦୁଝର ଜିଲ୍ଲା ଯୋଡା ଖଣି ମଣ୍ଡଳର ଜୁରୁଡି ସ୍ଥିତ ଏସେଲ୍ ମାଇନିଂ ଇଣ୍ଡଷ୍ଟ୍ରିଜ୍ ଲିମିଟେଡ କମ୍ପାନୀର ଆପାହାତୁ ସ୍ଥିତ ରେଳ ସାଇଡିଂରେ ଗ୍ରାମବାସୀଙ୍କ ଲୋଡିଂ ଅର୍ଥକୁ ସ୍ଥାନୀୟ ଜଳହରି ସରପ ବାଟ ମାରଣା କରିଥିବା ଅଭିଯୋଗ ହୋଇଛି। ଜଳହରି ଗ୍ରାମବାସୀଙ୍କ ଅଭିଯୋଗ ଅନୁଯାୟୀ ଜଣାପଡିଛି ଯେ, ଏସେଲ୍ ଖଣି କମ୍ପାନୀର ନିଜସ୍ୱ ଆପାହାତୁ ରେଳ ସାଇଡିଂରେ ର୍ୟାକ୍ ଲୋଡିଂ ଆରମ୍ଭ ହେବା ବେଳେ ସ୍ଥାନୀୟ ଜଳହରି ଗ୍ରାମ ପ ାୟତ ବାସୀ ନିଯୁକ୍ତି, ଲୋଡିଂ ଓ ପରିବହନ କାର୍ଯ୍ୟ ଦାବିକରି ଆନ୍ଦୋଳନ କରିଥିଲେ। କମ୍ପାନୀ କର୍ତୃପକ୍ଷ ସ୍ଥାନୀୟ ସରପ , ସମିତି ସଭ୍ୟ ଓ ସ୍ଥାନୀୟ କିଛି ନେତୃଶ୍ରେଣୀୟ ବ୍ୟକ୍ତି ବିଶେଷଙ୍କ ସହିତ ଆଲୋଚନା କରି ରେଳ ସାଇଡିଂରେ ର୍ୟାକରେ ପରିବହନ ହେଉଥିବା ଖଣିଜର ପ୍ରତି ମେଟ୍ରିକ ଟନ୍ ହିସାବରେ ସ୍ଥାନୀୟ ଲୋକଙ୍କୁ ଦିଆଯିବାର ଚୁକ୍ତି ହୋଇଥିଲା। ଏହି ଚୁକ୍ତି ଅନୁଯାୟୀ ପ୍ରତି ର୍ୟାକ୍‌ରେ ପରିବହନ ହେଉଥିବା ଖଣିଜର ୮ ଟଙ୍କା ପ୍ରତି ମେଟ୍ରିକ ଟନ୍ ହିସାବରେ କମ୍ପାନୀ ସରପ ଙ୍କ ମାଧ୍ୟମରେ ଦେବାର ଚୁକ୍ତି କରିଥିଲା। ଗତ ପ୍ରାୟ କିଛି ମାସ ପୂର୍ବେ ସ୍ଥାନୀୟ ସରପ ମିତା ମୁଣ୍ଡା କମ୍ପାନୀ ଠାରୁ ପ୍ରାୟ ୪୦ ଲକ୍ଷରୁ ଉର୍ଦ୍ଧ୍ୱ ଟଙ୍କା ଉଠାଇ ନେଇ ସ୍ଥାନୀୟ କିଛି ଗ୍ରାମବାସୀଙ୍କୁ ମାତ୍ର ୧ ହଜାର ଟଙ୍କା ଲେଖାଏଁ ଦେଇ ଏକ ନିର୍ଦ୍ଦିଷ୍ଟ ଦଳର ସମର୍ଥକଙ୍କୁ ୮ ହଜାର ଟଙ୍କା ଲେଖାଏଁ ବନ୍‌ଟନ କରିଥିବାରୁ ଏହାକୁ କେନ୍ଦ୍ରକରି ସ୍ଥାନୀୟ ଅଂଚଳରେ ଉତେଜନା ପ୍ରକାଶ ପାଇ ଟଙ୍କା ପାଇନଥିବା ଗ୍ରାମବାସୀ ମାନେ ସରପ ଙ୍କୁ ପନ୍‌ଚାୟତ କାର୍ଯ୍ୟାଳୟରେ ଘେରି ମିଳିଥିବା ଟଙ୍କାର ହିସାବ କିତାବ ମାଗିଥିଲେ। ମାତ୍ର ସରପ ସେମାନଙ୍କୁ କୌଣସି ହିସାବ କିତାବ ନଦେଇ ଗ୍ରାମବାସୀଙ୍କ ସ୍ୱରକୁ ଚପାଇ ଦେଇଥିଲେ। ଉକ୍ତ ଘଟଣା ପରେ ରେଳ ସାଇଡିଂରେ ପ୍ରାୟ ୬ ମାସ ହେବ ରେଳ ର୍ୟାକ୍ ପରିବହନ ହୋଇଛି। ଏହି ପରିବହନ ହୋଇଥିବା ର୍ୟାକ ର ଲୋଡିଂ ଅର୍ଥକୁ ସ୍ଥାନୀୟ ସରପ କମ୍ପାନୀ ଠାରୁ ନେଇ ନିଜ ପାଖରେ ରଖି ଦୁର୍ଗାପୂଜାରେ ଲୋକଙ୍କୁ ବା ିନଥିବା ସ୍ଥାନୀୟ ଆଇଟିସି ଗ୍ରାମର ଲାଦୁ ମୁଣ୍ଡା, ଅଭିଯୋଗ କରିଛନ୍ତି। ଜୁରୁଡି ଅଂଚଳର ବିଶିଷ୍ଟ ଶ୍ରମିକ ନେତା ତଥା ସଂଗଠକ ମହେନ୍ଦ୍ର କୁମାର ମହାନ୍ତି, ଓ ତାଙ୍କର ସମର୍ଥକ ମହେଶ୍ୱର ପାତ୍ର, ପ୍ରଭୁରଂଜନ ଶତପଥୀ ପ୍ରମୁଖ ଅଭିଯୋଗ କରିଛନ୍ତି ଯେ, ଆପାହାତୁ ରେଳ ଲୋଡିଂ ଅର୍ଥକୁ ପ୍ରଭାବିତ ସ୍ଥାନୀୟ ଗ୍ରାମବାସୀଙ୍କୁ ଦେବା ପରିବର୍ତେ ଏହାକୁ ଆତ୍ମସାତ କରିବା ଉଦ୍ଦେଶ୍ୟରେ କାହାକୁ ଜଣାଇ ନାହାନ୍ତି। ଏ ସମ୍ପର୍କରେ ଶ୍ରମିକ ନେତା ଜଳହର ସରପ ମିତା ମୁଣ୍ଡାଙ୍କୁ ପଚାରିବାରୁ ସରପ କମ୍ପାନୀ ଠାରୁ ଉଠାଇଥିବା ଟଙ୍କା ସମ୍ପର୍କରେ ତଥ୍ୟ ନଦେଇ ଲୁଚାଉଥିବା ଅଭିଯୋଗ କରିଛନ୍ତି। ଆପାହାତୁ ରେଳ ସାଇଡିଂ ରେ ରେଳ ଲୋଡିଂ ଆରମ୍ଭ ହେବାଠାରୁ ଆଜି ପର୍ଯ୍ୟନ୍ତ ହୋଇଥିବା କାର୍ଯ୍ୟର ହିସାବ କିତାବ ରଖିବାକୁ ଅନୁରୋଧ କରିଥିଲେ ହେଁ ସରପ ଏହାକୁ ଅଣଦେଖା କରୁଥିବା କହିଛନ୍ତି। ସ୍ଥାନୀୟ ସରପ ମିତା ମୁଣ୍ଡା, ପୂର୍ବତନ ସରପ ରାଧାକାନ୍ତ ନାଏକ ଓ ଏକ ନିର୍ଦ୍ଦିଷ୍ଟ ଦଳର କିଛି ସମର୍ଥକଙ୍କ ସହ ମିଶି ଏହି ଅର୍ଥ ହରିଲୁଟ୍ ଉଦ୍ୟମ କରାଯାଉଥିବା ସେ ଅଭିଯୋଗ କରିଛନ୍ତି। ଏ ସମ୍ପର୍କରେ ଜଳହରି ସରପ ମିତା ମୁଣ୍ଡା କୌଣସି ଉତର ଦେଇନଥିଲେ ହେଲେ ପୂର୍ବତନ ଜଳହରି ସରପ ଇଂ ରାଧାକାନ୍ତ ନାଏକ ପ୍ରତିକ୍ରିୟା ଦେଇ କହିଥିଲେ ଯେ, ଏ ବାବଦରେ ସେ ଅନଭିଜ୍ଞ ତାଙ୍କ ନାମରେ ମିଥ୍ୟା ଅପପ୍ରଚାର କରାଯାଉଛି।

# କ୍ରସରରେ ଚାପିହୋଇ ଜଣେ ଶ୍ରମିକ ମୃତ, ଅନ୍ୟ ଜଣେ ଗୁରୁତର

ଧର୍ମଶାଳା,(ପିଏନ୍): ଧର୍ମଶାଳା ତହସିଲ ଜେନାପୁର ଥାନା ଅ'ର୍ଗତ ରହାଡପୁରସ୍ଥିତ ଏକ କ୍ରଶର୍ ରେ କାମ କରୁଥିବା ବେଳେ ଅଘଟଣ ଘଟି ଜଣେ ଶ୍ରମିକ ଙ୍କ ମୃତ୍ୟୁ ଘଟିଥିବା ବେଳେ ଜଣେ ଗୁରୁତର ଆହତ ହୋଇଥିବା ଜଣାପଡିଛି। ମୃତ ଶ୍ରମିକ ଜଣକ ପଶ୍ଚିମବଙ୍ଗ ବାଙ୍କୁଡା ଜିଲ୍ଲା ଖଜୁରିଆ ଗ୍ରମର ଶ୍ୟମଚରଣ ହଂସଦା (୪୫) ଓ ଆହତ ଜଣକ ସେହି ଗ୍ରାମର ଅନିଲ ସୋରେନ (୩୨) ବୋଲି ଜଣାପଡିଛି ସୂଚନା ମୁତାବକ ରହାଡପୁର ରେ ଥିବା ଶିବଶକ୍ତି ମେଗା କ୍ରାସର ରେ ଆଜି ସକାଳୁ ଶ୍ରମିକମାନେ କାମ କରୁଥିବା ବେଳେ ଅସାବଧାନତା ବସତ କ୍ରଶର ଚକରେ ଚାପି ହୋଇ ଜଣକର ମୃତ୍ୟୁ ଘଟିଥିବା ବେଳେ ଆନ୍ୟ ଜଣେ ଶ୍ରମିକ ଗୁରୁତର ଆହତ ହୋଇଥିଲେ। ଦୁର୍ଘଟଣାରେ ଆହତ ଶ୍ରମିକଙ୍କୁ ସ୍ଥାନୀୟ ଶ୍ରମିକମାନେ ଉଦ୍ଧାର କରି ବଡଚଣା ଡାକ୍ତରଖାନାରେ ଭର୍ତି କରିଥିଲେ। ଅବସ୍ଥା ଗୁରୁତର ହେବାରୁ ତାଙ୍କୁ କଟକ ସ୍ଥାନାନ୍ତର କରାଯାଇଛି। ଘଟଣାସ୍ଥଳରେ ମୃତ୍ୟୁ ଘଟିଥିବା ଶ୍ରମିକର ମୃତଦେହକୁ କ୍ରଶର ପରିଚାଳନା ଦାୟିତ୍ୱରେ ଥିବା କର୍ମଚାରୀ ଏକ ମହେନ୍ଦ୍ର ପିକଅପଭ୍ୟାନରେ ଉଠିକରି ମୃତକର ଶବ କୁ ଅନ୍ୟତ୍ର ନେଇଯାଉଥିବା ବେଳେ ଶବକୁ ଗାଏବ୍ କରିବା ଅଭିଯୋଗ କରି ସ୍ଥାନୀୟ ଲୋକେ ସମ୍ପାରୁ ଛକରେ ମୃତ ଦେହକୁ ଅଟକ ରଖି ରାସ୍ତା ରୋକ କରିଥିଲେ। ଫଳରେ ସେଠାରେ କିଛି ସମୟ ପାଇଁ ଚାପା ଉତେଜନା ପ୍ରକାଶ ପାଇଥିଲା। ଖବର ପାଇ ଘଟଣା ସ୍ଥଳରେ ଯାଜପୁର ରୋଡ ଏସଡିଓ ସୟ କୁମାର ପଟ୍ଟନାୟକ, ବଡ଼ଚଣା ଥାନା ଅଧିକାରୀ ଶରତ କୁମାର ପାତ୍ର, ଧର୍ମଶାଳା ଥାନା ଅଧିକାରୀ ତପନ କୁମାର ନାୟକ, ଜେନାପୁର ଥାନା ଅଧିକାରୀ ଶୁଭେନ୍ଦୁ କୁମାର ସାହୁଙ୍କ ସମେତ ଥାନା କର୍ମଚାରୀମାନେ ସେଠାରେ ଉପସ୍ଥିତ ରହି ଲୋକଙ୍କୁ ବୁଝାଶୁଝା କରିଥିଲେ। ମୃତକର ପରିବାରକୁ ୫୦ ଲକ୍ଷ ଟଙ୍କା କ୍ଷତିପୂରଣ ପ୍ରଦାନ କରିବା ସହ ବେଆଇନ କ୍ରଶର ଗୁଡିକୁ ଚିହ୍ନଟ କରି କାର୍ଯ୍ୟାନୁଷ୍ଠାନ ଗ୍ରହଣ କରିବାକୁ ଦାବି କରିବା ସହ ଗ୍ରାମବାସିମାନେ ଲିଖିତ ଆକାରରେ ପୁଲିସ ନିକଟରେ ଅଭିଯୋଗ କରିଥିଲେ। ତେବେ ମୃତକର ପରିବରକୁ କ୍ଷତିପୂରଣ ପ୍ରଦାନ ସହିତ ବେଆଇନ କ୍ରଶର ଗୁଡିକ ଚିହ୍ନଟ କରି କାର୍ଯ୍ୟାନୁଷ୍ଠାନ ପାଇଁ ତହସିଲଦାରଙ୍କୁ ଅବଗତ କରାଯିବା ନେଇ ପୁଲିସ ପକ୍ଷରୁ ପ୍ରତିସୃତି ମିଳିବା ପରେ ଲୋକେ ଶବକୁ ଛାଡିବା ସହିତ ରାସ୍ତାରୋକରୁ ହଟିଥିଲେ। ଏନେଇ ଜେନାପୁର ପୁଲିସ ଏକ କେଶ ରୁଜୁ କରି ମୃତଦେହକୁ ଜବତ କରି ବ୍ୟବଛେଦଲାଗି ପଠାଇବା ସହ ତଦନ୍ତ ଚଳାଇଛି।

# କ୍ୟାନନ ଇଣ୍ଡିଆ ଗ୍ରାହକଙ୍କ ପାଇଁ ଆକର୍ଷଣୀୟ ନୂଆ ଅଫର ସହିତ ଉତ୍ସବରେ ଉଲ୍ଲାସ ଭରିଛି

ଭୁବନେଶ୍ୱର: ଚଳିତ ବର୍ଷ ଉତ୍ସବକୁ ପାଳନ କରିବା ଲାଗି ପ୍ରସ୍ତୁତ ହେବା ଏବଂ ଗ୍ରାହକମାନଙ୍କୁ ଉଲ୍ଲସିତ କରିବା ଲାଗି ପ୍ରତିବଦ୍ଧ କ୍ୟାନନ ଇଣ୍ଡିଆ ପକ୍ଷରୁ ଏହି ଉତ୍ସବ ଋତୁରେ ଖୁସିକୁ ଦ୍ୱିଗୁଣିତ କରିବା ଲାଗି ଅନେକ ଗ୍ରାହକ କୈନ୍ଦ୍ରୀକ ଅଫର ଓ ସୁବିଧା ଘୋଷଣା କରାଯାଇଛି। ଏହି ଉତ୍ସବ ଋତୁରେ ଫଟୋଗ୍ରାଫି ସଂସ୍କୃତିର ପ୍ରସାର କରିବା ଏବଂ ଫଟୋଗ୍ରାଫି ପ୍ରେମୀଙ୍କ ମଧ୍ୟରେ ଉତ୍ସାହକୁ ଜାଗ୍ରତ କରିବା ଲାଗି କ୍ୟାନନ ଇଣ୍ଡିଆ ପକ୍ଷରୁ ଏହାର ଇମେଜିଂ ଉତ୍ପାଦ ଉପରେ ଆକର୍ଷଣୀୟ ଅଫର ଘୋଷଣା କରାଯାଇଛି। ରଙ୍ଝ ଗ୨୦୦,କିଣା ଉପରେ ଗ୍ରାହକମାନେ ୭୯୯୯/ୟୁ ମୂଲ୍ୟର ବ୍ଲୁପଙ୍କଟ ଇୟରବଡ ବିନା ମୂଲ୍ୟରେ ପାଇବେ ଏବଂ ଏହି ରିଡିଫଂସନ ଭିତିକ ଅଫର ୨୦୨୦ ଅକ୍ଟୋବର ପର୍ଯ୍ୟନ୍ତ ବୈଧ ରହିବ। ପୁନଶ୍ଚ, ଗ୍ରାହକମାନେ ବର୍ଦ୍ଧିତ ୩ ବର୍ଷର ୱାରେଂଟି ଉପଭୋଗ କରିବେ ଯାହା କ୍ୟାନନର ସମସ୍ତ ଫୁଲ ଫ୍ରେମ କ୍ୟାମେରାରେ ଉପଲବ୍ଧ ହୋଇଛି। ଏହି ଦୁର୍ଗାପୂଜା ଓ ନବରାତ୍ରୀ ପାଳନକୁ ଅଧିକ ଉଲ୍ଲାସର ସହ ପାଳନ କରି ବ୍ରାଣ୍ଡ ପକ୍ଷରୁ କ୍ୟାନନ ସହିତ ଗ୍ରାହକଙ୍କ ସପିଂ ଅନୁଭୂତି ବଢ଼ାଇବା ଲାଗି ସେମାନଙ୍କୁ ଆକର୍ଷଣୀୟ ଇଏମଆଇ ଓ କ୍ୟାସବ୍ୟାକ ଅଫର ପ୍ରଦାନ କରାଯାଉଛି। ଏହି ଆକର୍ଷଣୀୟ ଅଫରକୁ ଉନ୍ମୋଚନ କରି ଶ୍ରୀଯୁକ୍ତ କାଜୁଟାଡା କୋବାୟାସି, ସଭାପତି ଓ ସିଇଓ, କ୍ୟାନନ ଇଣ୍ଡିଆ କହିଛନ୍ତି ଯେ, ôକ୍ତଙ୍କକ୍ଟସ୍ପ;କୋଭିଡ-୧୯ ପାଇଁ ଚଳିତ ବର୍ଷ ସାରା ବିଶ୍ୱର ବ୍ୟକ୍ତିବିଶେଷ ଓ ସଂସ୍ଥାଗୁଡ଼ିକ ଅଭାବନୀୟ ସ୍ଥିତି ସାମ୍ନା କରିଛନ୍ତି, ମାତ୍ର ଦୃଢ଼ ଭାବେ ଉଭା ହେବା ପାଇଁ ଆମେ ସମସ୍ତେ ସହନଶୀଳତା ଓ ଇଚ୍ଛାଶକ୍ତି ପ୍ରଦର୍ଶନ କରିଛୁ।ଉତ୍ସବ ଋତୁ ପାଖେଇ ଆସିଥିବା ବେଳେ ଚର୍ତୁପାର୍ଶ୍ୱରେ ଖୁସି ବାଂଟିବା ପାଇଁ ଓ ମାନବିକତା ଓ ଏକତ୍ୱର ଭାବ ପାଳନ କରିବା ଲାଗି ଏହା ସମସ୍ତ ପାଇଁ ଏକ ଅବସର। ଯଦିଓ ଚଳିତ ବର୍ଷର ଉତ୍ସବ ପାଳନ କ୍ଷୁଦ୍ର ଆକାରରେ ହେବ, ମାତ୍ର ଆମକୁ ଉପସ୍ଥାପନ କରାଯାଉଥିବା ମୁହୂର୍ତ୍ତଗୁଡ଼ିକୁ ପାଳନ କରିବା ଅଧିକ ଗୁରୁତ୍ୱପୂର୍ଣ୍ଣ। ଏହି ଉତ୍ସବ ଋତୁରେ ଆମର ଅଫର ଏବଂ ଅଧିକ ସୁବିଧା ଜରିଆରେ ଆମେ ଗ୍ରାହକଙ୍କ ମନରେ ଖୁସି ଆଣିବା ଏବଂ ସେମାନଙ୍କ ଉଲ୍ଲାସକୁ ଦ୍ୱିଗୁଣିତ କରିବାରେ ପ୍ରମୁଖ ପ୍ରତ୍ୟକ୍ଷ ଭୂମିକା ନିର୍ବାହ କରିବାକୁ ଚାହୁଁଛୁ। ଗ୍ରାହକଙ୍କ ଉଲ୍ଲାସ ନେଇ ରହିଥିବା ଆମର ଦର୍ଶନ ଅନୁସାରେ ଆମେ ବାସ୍ତବରେ ବିଶ୍ୱାସ କରୁଛୁ ଯେ ଜଣେ ଖୁସି ଗ୍ରାହକ ବ୍ରାଣ୍ଡର ଉଲ୍ଲେଖନୀୟ ବୃଦ୍ଧି କରିଥାନ୍ତି। ଆମର ସର୍ବଭାରତୀୟ ଅଭିଯାନ ଓ ବ୍ୟକ୍ତିଗତ ସୁହାଇବା ଭଳି ଅଫର ଜରିଆରେ ଆମେ ଆମର ଉତ୍ପାଦ

ଜରିଆରେ ବଜାରକୁ ଅଧିକ୍ ବରାନ୍ୱିତ କରିବା ଏବଂ ଆମର ଅଭିବୃଦ୍ଧିକୁ ବର୍ଷ ଶେଷସୁଦ୍ଧା ବାଇବାକୁ ଆଶା ରଖିଛୁ। ଏହି ଅଫରଗୁଡ଼ିକ କ୍ୟାମେରା ଠାରୁ ଆଗକୁ ବଢ଼ି ପ୍ରିଂଟର ବର୍ଗରେ ମଧ ପ୍ରଦାନ କରାଯାଉଛି।

# କାସ୍‌ଭି ଖଣିର ପରିବହନ କାର୍ଯ୍ୟ ବନ୍ଦ କଲେ ଟ୍ରକ୍ ମାଲିକ ସଂଘ

ଯୋଡା, ୨୩/୧୦(ପିଏନ): କେନ୍ଦୁଝର ଜିଲ୍ଲା ଯୋଡା ଖଣିମଣ୍ଡଳ ଜରିବାହାଲ ସ୍ଥିତ କାସ୍‌ଭି ଖଣିରେ କେତେକ ଦାବିକରି ଜୁରୁଡି ଟ୍ରକ ମାଲିକ ସଂଘ ପକ୍ଷରୁ ପରିବହନ କାର୍ଯ୍ୟକୁ ଶୁକ୍ରବାର ବନ୍ଦ କରିଦିଆଯାଇଛି। ନୂତନ ଲିଜ୍ ପାଇଥିବା କାସ୍‌ଭି ଇ ରନ୍ୟାସନାଲ ପ୍ରାଇଭେଟ୍ ଲିମିଟେଡ୍ କମ୍ପାନୀ ନିଜର ଖଣିଜ ପରିବହନ ପାଇଁ ବାହର ଅଂଚଳର ଭାରିଯାନ ଆଣି ସ୍ଥାନୀୟ ସଂଘର ଗାଡିକୁ ସଂଘରେ ଥିବା ଗାଡିମାନଙ୍କୁ କାର୍ଯ୍ୟ ଦେଉନଥିବା ଅଭିଯୋଗ କରି ଜୁରୁଡି ଟ୍ରକ୍‌ମାଲିକ ସଂଘ ପକ୍ଷରୁ ଧାରଣା ଦିଆଯାଇଥିଲା। ଦୀର୍ଘ ୧୧ ଦିନ ଧାରଣା ଦିଆଯାଇଥିଲେ ହେଁ କମ୍ପାନୀ ପକ୍ଷରୁ ସମାଧାନ ଶୁଣାଣି ନହେବାରୁ ସଂଘ ପକ୍ଷରୁ ପରିବହନ ମୂଲ୍ୟ ସମ୍ପର୍କିତ ଦାବି ପତ୍ର ଦିଆଯାଇଥିଲା। ମାତ୍ର କମ୍ପାନୀ ଏହାକୁ ମଧ ହେୟଜ୍ଞାନ କରୁଥିବାରୁ ଶୁକ୍ରବାର ସଂଘ ପକ୍ଷରୁ ଖଣିର ପରିବହନ କାର୍ଯ୍ୟ ବନ୍ଦ କରିଦିଆଯାଇଥିବା ସଂଘର ବରିଷ୍ଠ କର୍ମକ । ମହେନ୍ଦ୍ର କୁମାର ମହାନ୍ତି, ପ୍ରଭୁରଂଜନ ଶତପଥୀ ପ୍ରମୁଖ ସୂଚନା ଦେଇଛନ୍ତି। ଏଣେ ଏ ନେଇ କାସ୍‌ଭି ଖଣିର ଅଧିକାରୀ ଅନୁପ ରଥ କହିଛନ୍ତି ଯେ ସମାଧାନ ଶୀଘ୍ର କରାଯିବ, ପରିବହନ ମୂଲ୍ୟନେଇ ଆପକ୍ଷ ବୁଝାମଣାରେ ନିଷ୍ପତି ନିଆଯିବ।




# ଧର୍ମ ପରିବର୍ତ୍ତନ ନା ହୃଦୟ ପରିବର୍ତ୍ତନ !

ନିକଟରେ ରାଜଧାନୀ ଦିଲ୍ଲୀର ଆମ୍ବେଦକର ଭବନଠାରେ ଦଶ ହଜାରରୁ ଊର୍ଦ୍ଧ୍ୱ ଲୋକଙ୍କ ସମାଗମ ହୋଇଥିଲା । ସମସ୍ତେ ଏକ ସ୍ୱରରେ କହୁଥିଲେ କୃଷ୍ଣ ଭଗବାନ କିଏ? ରାମଙ୍କୁ ଆମେ କାହିଁକି ମାନିବୁ? ଶିବ ଗଞ୍ଜୋଡ଼ ଇତ୍ୟାଦି। ମନ ଭିତରେ ସେମାନଙ୍କର ଭୀଷଣ କ୍ଷୋଭ ଓ ବିରକ୍ତିକର ଭାବନା ବାରି ହୋଇପଡୁଥିଲା। ଗତ ମାସର ପ୍ରଥମ ସପ୍ତାହରେ ଘଟିଥିବା ଏହି ମତାନ୍ତରଣ ଆମ ସମସ୍ତଙ୍କୁ ଦୀର୍ଘଦିନ ପର୍ଯ୍ୟନ୍ତ ଚିନ୍ତା କରିବାକୁ ବାଧ କରିବ। ଆୟୋଜକମାନେ ଦାବି କରନ୍ତି ଯେ, ଆମ ସମ୍ବିଧାନ ପ୍ରତ୍ୟେକ ବ୍ୟକ୍ତିଙ୍କୁ ନିଜ ଇଚ୍ଛା ଅନୁସାରେ କୌଣସି ଧର୍ମ ଗ୍ରହଣ କରିବା ପାଇଁ ସ୍ୱାଧୀନତା ଦେଇଆସିଛି। ଏହି କାର୍ଯ୍ୟକ୍ରମରେ ଦଶହଜାର (ଦଳିତ) ଜନଜାତିବର୍ଗର ବ୍ୟକ୍ତି ହିନ୍ଦୁଧର୍ମ ପରିତ୍ୟାଗ କରି ବୌଦ୍ଧଧର୍ମ ଗ୍ରହଣ କଲେ। ବର୍ତ୍ତମାନ ପ୍ରଶ୍ନ ଉଠୁଛି ଏକସଙ୍ଗରେ ଦଶ ହଜାର ବ୍ୟକ୍ତିଙ୍କୁ କିପରି ହିନ୍ଦୁଧର୍ମ ଅସହ୍ୟବୋଧ ହେଲା, ବୌଦ୍ଧମତ ପ୍ରତି ଆସ୍ଥା ଘନୀଭୂତ ହେଲା? କାର୍ଯ୍ୟକ୍ରମଟିରେ ମନ୍ତ୍ରୀ ରାଜେନ୍ଦ୍ର ପାଲ ଗୌତମଙ୍କର ସକ୍ରିୟତା ବିବାଦାସ୍ପଦ ମନେହୁଏ। ସମାରୋହରେ ବାବାସାହେବ ଆମ୍ବେଦକରଙ୍କ ନାତି ରାଜରନ୍ ଆମ୍ବେଦକର ଉପସ୍ଥିତ ଥିଲେ। ସେ ଲୋକମାନଙ୍କୁ ହିନ୍ଦୁ ଦେବଦେବୀଙ୍କୁ ନ ମାନିବା, ପୂଜାପାଠ ନ କରିବା ଆଦି ପ୍ରତିଜ୍ଞା କରାଉଥିଲେ। ତାଙ୍କ ବକ୍ତବ୍ୟରେ ଭାରତୀୟ ସମାଜ ବ୍ୟବସ୍ଥା ପ୍ରତି ଆକ୍ରମଣାତ୍ମକ ମନୋଭାବ ଭରିରହିଥିଲା।

ବାବାସାହେବ ବୌଦ୍ଧ ଭିକ୍ଷୁ ନଥିଲେ ବରଂ ଜଣେ ରାଜନୈତିକ ବ୍ୟକ୍ତି ଥିଲେ। ସେ ୧୯୩୫ ମସିହାରେ ହିନ୍ଦୁଧର୍ମ ତ୍ୟାଗ କରିବାକୁ ଘୋଷଣା କରଥିଲେ ମଧ୍ୟ ସ୍ୱାଧୀନତା ପରବର୍ତ୍ତୀ ସମୟରେ ୧୯୫୬ ମସିହାରେ ବୌଦ୍ଧଧର୍ମ ଗ୍ରହଣ କଲେ। ପ୍ରଶ୍ନ ଉଠେ ସେ ଦୀର୍ଘ ୨୦ ବର୍ଷ କାହିଁକି ଅପେକ୍ଷା କଲେ? ତାଙ୍କର ନିଷ୍ପତ୍ତି ଭୁଲ ଥିଲା କି? ବାବାସାହେବ ବୌଦ୍ଧଧର୍ମ ଗ୍ରହଣ କରିବା ପଛର ବଡ଼ କାରଣ ଥିଲା ହିନ୍ଦୁଧର୍ମରେ ଥିବା ପଛୁଆ (ଦଳିତ) ବର୍ଗଙ୍କୁ ସମାନ ଅଧିକାର ଦେବା। ବାବାସାହେବଙ୍କ ଉଦ୍ଦେଶ୍ୟ ମହାନ ଥିଲେ ମଧ୍ୟ ଏହାର କୌଣସି ପ୍ରଭାବ ତତ୍କାଳୀନ ସମାଜରେ ପଡ଼ିପାରି ନଥିଲା। ବାବା ସାହେବଙ୍କ ପରେ ବହୁ ପଛୁଆ ଦଳିତ ବର୍ଗର ବ୍ୟକ୍ତି ବୌଦ୍ଧଧର୍ମ ଗ୍ରହଣ କରିଥିଲେ। ସବର୍ଣ୍ଣ ଅସବର୍ଣ୍ଣ ଭେଦଭାବରେ କୌଣସି ପରିବର୍ତ୍ତନ ଆସି ନଥିଲା। ଦୀର୍ଘ ୭୦ବର୍ଷ ପରେ ଏବେ ଯଦି ହିନ୍ଦୁ ସମାଜକୁ ଦେଖିବା, ତେବେ ଆଜି ଅନେକ କ୍ଷେତ୍ରରେ ଦଳିତଙ୍କର ସାମାଜିକ ଉତ୍‌ଥାନ ହୋଇଛି। ସେମାନେ ସବର୍ଣ୍ଣଙ୍କ ସହିତ ସମାନ କିମ୍ବା କେତେକ ସ୍ଥାନରେ ସେମାନଙ୍କଠାରୁ ଅଧିକ ଭଲ ସ୍ଥିତିରେ ଅଛନ୍ତି।

ବାସ୍ତବରେ ଏପରି କ'ଣ ଆବଶ୍ୟକ ପଡ଼ିଲା ଅଥଚ ଦଶ ହଜାର ପଛୁଆ ବର୍ଗର ବ୍ୟକ୍ତି ହିନ୍ଦୁଧର୍ମ ପରିତ୍ୟାଗ କଲେ? ଆୟୋଜକମାନଙ୍କ କାର୍ଯ୍ୟକଳାପକୁ ନେଇ ଅନେକ ସନ୍ଦେହ ସୃଷ୍ଟି ହେଉଛି। ବାବା ସାହେବଙ୍କର ଉଦ୍ଦେଶ୍ୟ ଥିଲା ସମାଜକୁ ଯୋଡ଼ିବା, ପଛୁଆ ବର୍ଗଙ୍କୁ ସମାନ ଅଧିକାର ପ୍ରଦାନ କରବା। କିନ୍ତୁ ସମ୍ପ୍ରତି ଏହି କାର୍ଯ୍ୟକ୍ରମରୁ ଜଣାପଡୁଛି ଏଠାରେ ସମାଜକୁ ଯୋଡ଼ିବା ବଦଳରେ ବିଭାଜନ କରିବାର ଭାବନା ବେଶି। କୌଣସି ବ୍ୟକ୍ତି ଜୈନ, ବୌଦ୍ଧ ଓ ଶିଖ ମତ ଗ୍ରହଣ କଲେ ତାଙ୍କୁ ଧର୍ମ ପରିବର୍ତ୍ତନ ବୋଲି ରାଷ୍ଟ୍ରୀୟ ସ୍ୱୟଂସେବକ ସଂଘ ସ୍ୱୀକାର କରେନାହିଁ। ସେମାନଙ୍କ ଉପରେ କୌଣସି ଆପତ୍ତି ଉଠାଏ ନାହିଁ। କାରଣ ବୌଦ୍ଧମତ ହିନ୍ଦୁଧର୍ମର ଏକ ଉପାଙ୍ଗ ରୂପେ ରହିଆସିଛି। ବର୍ତ୍ତମାନ କେନ୍ଦ୍ରରେ ବିଜେପି ସରକାରଙ୍କୁ ଶାସନରୁ ହଟାଇବା ପାଇଁ ହିନ୍ଦୁଧର୍ମରୁ ଜନଜାତି ପଛୁଆବର୍ଗଙ୍କୁ ଅଲଗା କରିବା ତଥା ମୁସଲମାନଙ୍କୁ ଅଗ୍ରାଧିକାର ଦେବା ଭିତ୍ତିରେ କେଜ୍ରିଓ୍ୱାଲ ସରକାର ଯୋଜନା ପ୍ରସ୍ତୁତ କରୁଛି। ଓଡ଼ିଶାର ଧର୍ମାନ୍ତରୀକରଣ ମଧ୍ୟ ଏକ ସ୍ପର୍ଶକାତର ବିଷୟ। ରାଜ୍ୟ ସରକାର ଏ ପ୍ରସଙ୍ଗରେ ଜାଣିଶୁଣି ଯେପରି ଆଖିବୁଜି ଦେଇଛନ୍ତି ତାହା ଆଗାମୀ ଦିନରେ ଓଡ଼ିଶାର ସଂସ୍କୃତି ତଥା ସମାଜ ଉପରେ ପ୍ରତିକୂଳ ପ୍ରଭାବ ପକାଇବ। ମୁଖ୍ୟମନ୍ତ୍ରୀ ନିକଟରେ ୟୁରୋପ ଗସ୍ତରେ ଯାଇ ପୋପ୍‌ଙ୍କୁ ଯେପରି ସାକ୍ଷାତ କଲେ ତାହା ଓଡ଼ିଶାକୁ ୟୁରୋପୀକରଣ କରିବାର ପ୍ରାକ୍ ପ୍ରସ୍ତୁତି ବୋଲି ବୁଝିବାକୁ ହେବ। ସମ୍ପୂର୍ଣ୍ଣ ରାଜନୈତିକ ଉଦ୍ଦେଶ୍ୟ ରଖି ଯେତେବେଳେ କାର୍ଯ୍ୟ କରାଯାଏ ସେତେବେଳେ ଧାର୍ମିକ ଆସ୍ଥା କେବଳ ଏକ ବାହାନା ହୋଇଥାଏ। ଦିଲ୍ଲୀର ଆମ୍ବେଦକର ଭବନରେ ଧର୍ମାନ୍ତରୀକରଣ ସମାରୋହ କରାଇଥିବା ବ୍ୟକ୍ତି ରାଜେନ୍ଦ୍ର ପାଲ 'ବୁଦ୍ଧିଷ୍ଟ ସୋସାଇଟ ଅଫ ଇଣ୍ଡିଆ' ଜୟଭୀମ ମିଶନର ରାଷ୍ଟ୍ରୀୟ ସଂରକ୍ଷକ। ଏହି ଜୟଭୀମ ମିଶନ ଓଡ଼ିଶାର ପୁରପଲ୍ଲୀରେ ଥିବା ଜନଜାତି ଅଞ୍ଚଳରେ ମଧ୍ୟ ତା'ର କାର୍ଯ୍ୟ ଆରମ୍ଭ କରିଦେଇଛି। ଓଡ଼ିଶାବାସୀ ସତର୍କ ରହିବା ଆବଶ୍ୟକ। ଧର୍ମ ପରିବର୍ତ୍ତନ ହୃଦୟ ପରିବର୍ତ୍ତନର ବିଷୟ। ରାଜନୈତିକ ଉଦ୍ଦେଶ୍ୟ ରଖି କାହାର ହୃଦୟକୁ ପରିବର୍ତ୍ତନ କରାଯାଇପାରେ ନାହିଁ। ଦେଶ ଦୁନିଆ ପାଇଁ ଏହା ଚିନ୍ତାର କାରଣ।

—ଚିତ୍ତରଞ୍ଜନ ମହାପାତ୍ର
ଶିମୂଳୀପାଟଣା, ଚନ୍ଦକା, ମୋ- ୯୪୩୯୫୬୧୮୫୪

# ଅଲ୍ ଓଡ଼ିଶା ପୁରୁଣା ସି.ଟି./ବି.ଏଡ୍. ମହାସଂଘର ସାଧାରଣ ବୈଠକ ଅନୁଷ୍ଠିତ

ଭୁବନେଶ୍ୱର (ପିଏନ୍): ଅଲ୍ ଓଡ଼ିଶା ପୁରୁଣା ସି.ଟି./ବି.ଏଡ୍. ମହାସଂଘର ଏକ ସାଧାରଣ ବୈଠକ ଭୁବନେଶ୍ୱରସ୍ଥିତ ସଂଘ କାର୍ଯ୍ୟାଳୟରେ କାର୍ଯ୍ୟକାରୀ ସଭାପତି ଶ୍ରୀଯୁକ୍ତ ଧନଞ୍ଜୟ ତ୍ରିପାଠୀଙ୍କ ସଭାପତିତ୍ୱରେ ଅନୁଷ୍ଠିତ ହୋଇଥିଲା। ପୂର୍ବରୁ ମହାସଂଘର ଦାବିଗୁଡ଼ିକ ମାନ୍ୟବର ମୁଖ୍ୟମନ୍ତ୍ରୀ, ୫-ଟି ସଚିବ, ମୁଖ୍ୟ ଶାସନ ସଚିବ, ବିଭାଗୀୟ ସଚିବ ଓ ରାଜ୍ୟ ସାଙ୍ଗଠନିକ ସମ୍ପାଦକଙ୍କୁ ପ୍ରଦାନ କରାଯାଇଥିବାର ବିଷୟ ସମ୍ପାଦକ ଶ୍ରୀଯୁକ୍ତ ବାବାଜୀ ଚରଣ ବାରିକ ଉପସ୍ଥିତ ସଭ୍ୟ/ସଭ୍ୟାଙ୍କୁ ସୂଚନା ଦେଇଥିଲେ। ସେତେବେଳର ସରକାରୀ ଦଳର ମୁଖ୍ୟ ସଚେତନ ଶ୍ରୀମତ ପ୍ରମିଳା ମଲ୍ଲିକଙ୍କ ଦ୍ୱାରା ଆଗତ ପ୍ରସ୍ତାବ ବିଧାନସଭାରେ ଗୃହୀତ ହୋଇଥିଲା। ବର୍ତ୍ତମାନ ବିଧାନସଭାର ଶିକ୍ଷା ଷ୍ଟାଣ୍ଡିଂ କମିଟି ଅଧ୍ୟକ୍ଷ ଶ୍ରୀଯୁକ୍ତ ଭୂପିନ୍ଦର ସିଂହ ମଧ୍ୟ ଗୃହରେ ଆଲୋଚନା କରି ମୁଖ୍ୟମନ୍ତ୍ରୀଙ୍କ ଦୃଷ୍ଟି ଆକର୍ଷଣ କରିଛନ୍ତି। ତେଣୁ ସରକାରଙ୍କ ଉଦ୍ଦେଶ୍ୟରେ କୌଣସି ବିରୋଧାତ୍ମକ କାର୍ଯ୍ୟ ନ କରି ପୂର୍ଣ୍ଣ ଭରସା ରଖି ତୁରନ୍ତ ବୟସ ଅତିକ୍ରାନ୍ତ ହୋଇଥିବା ସମସ୍ତ ପୁରୁଣା ସି.ଟି./ବି.ଏଡ୍. ଭାଇଭଉଣୀମାନଙ୍କୁ ସ୍ୱତନ୍ତ୍ର ପ୍ୟାକେଜ୍‌ରେ ନିଯୁକ୍ତି କରାଯିବାକୁ ସଂଘ ତରଫରୁ ସରକାରଙ୍କ ନିକଟରେ ଦାବି ରଖାଗଲା। ସମସ୍ତ ଅଧିକାରୀଙ୍କ ନିକଟକୁ ସଂଘର ଦାବିପତ୍ରକୁ ତୁରନ୍ତ ପହ ାଇବାକୁ ସମ୍ପାଦକଙ୍କୁ ଦାୟିତ୍ୱ ପ୍ରଦାନ କରାଗଲା। ଉକ୍ତ ବୈଠକରେ ସଂଘର ଉପ-ସଭାପତି ମୀନକେତନ ମିଶ୍ର, ସହ-ସମ୍ପାଦକ ବିନୟ କୁମାର ମହାପାତ୍ର, କୋଷାଧ୍ୟକ୍ଷ ମନଜା ମଞ୍ଜରୀ ସାହୁ, କଲ୍ୟାଣୀ ସାହୁ, ସୁକାନ୍ତି ନନ୍ଦ, ଗଙ୍ଗାଧର ସାହୁ, ପ୍ରଦୀପ୍ତ କୁମାର ସାହୁ, ପ୍ରଶାନ୍ତ କୁମାର ରାଉତ, ବଂଶୀଧର ପାଣି, ଦର୍ଶନ କୁମାର ବିନ୍ଧାଣି, ନାରାୟଣ ଚନ୍ଦ୍ର ବାରିକ, ବିଷ୍ଣୁଚରଣ ଦାଶ, ବିଜୟ ନାୟକ, ସୁଦାମ ଚରଣ ଦାସ, ଜ୍ଞାନରଞ୍ଜନ ପଣ୍ଡା, ଚିତ୍ତରଞ୍ଜନ ବଳିଆରସିଂହ, ବ୍ରହ୍ମାନନ୍ଦ ପଣ୍ଡା, ପ୍ରଫୁଲ୍ଲ ମହାପାତ୍ର, ଗୋବିନ୍ଦ ଚନ୍ଦ୍ର ବେହେରା, ଗଗନ ଚନ୍ଦ୍ର ମିଶ୍ର, ଦିବାକର ପ୍ରଧାନ, ବିଦ୍ୟାଧର ସାହୁ, ଓ ଜଗନ୍ନାଥ ସାହୁ ପ୍ରମୁଖ ସଭ୍ୟସଭ୍ୟାମାନେ ଉପସ୍ଥିତ ଥିଲେ।

# ଫକୀରମୋହନ ବିଶ୍ୱବିଦ୍ୟାଳୟ ପରିସରରେ ଆନ୍ତର୍ଜାତିକ ଉନ୍ନରୁମ ଉତ୍ସବ ଉଦ୍‌ଯାପିତ



ବାଲେଶ୍ୱର (ପିଏନ୍)-ବାଲେଶ୍ୱର ଫକୀରମୋହନ ବିଶ୍ୱବିଦ୍ୟାଳୟ ଭାଷା ଓ ସାହିତ୍ୟ ବିଭାଗ ପରିସରରେ କଳା, ସାହିତ୍ୟ ଓ ସଂସ୍କୃତିର ମହାର୍ଘ୍ୟ ପର୍ବ ଉନୁରୁମ ଆନ୍ତର୍ଜାତିକ ଉତ୍ସବ ଫକୀରମୋହନ ବିଶ୍ୱ ବିଦ୍ୟାଳୟ ଓ ୟଙ୍ଗହାର୍ଟ ମିଳିତ ସହଯୋଗରେ ଉଦ୍‌ଯାପିତ ହୋଇଯାଇଛି। ଏହି ଉଦ୍‌ଯାପନୀ କାର୍ଯ୍ୟକ୍ରମରେ ବିଦ୍ୟାଳୟର କୁଳପତି ସନ୍ତୋଶ କୁମାର ତ୍ରିପାଠୀଙ୍କ ସଭାପତିତ୍ୱରେ ଆନ୍ତର୍ଜାତିକ ସ୍ତରର ଅତିଥି ମାନେ ଯୋଗ ଦେଇଥିବା ବେଳେ ପଦ୍ମଶ୍ରୀ ଇଲିଆନ ସିତାରିଷ୍ଟ, ପ୍ରଫେସର ମୁନେଶ ଚନ୍ଦ୍ର ଅଧିକାରୀ, କୁଙ୍କୁମିନା ଦାସ, ଅଭିନେତା ଅଶ୍ରୁମୋଚନ ମହାନ୍ତି, ଶୈଳେନ୍ଦ୍ର ମହାନ୍ତି ଏବଂ ମୁଖ୍ୟ ଅତିଥି ଭାବେ ସାଂସଦ ପ୍ରତାପ ଚନ୍ଦ୍ର ଷଡ଼ଙ୍ଗୀ ଯୋଗଦେଇ ନିଜ ନିଜର ବକ୍ତବ୍ୟ ରଖିଥିଲେ। ଏହି କାର୍ଯ୍ୟକ୍ରମରେ ଛାତ୍ରଛାତ୍ରୀମାନଙ୍କ ଦ୍ୱାରା ବିଭିନ୍ନ ପ୍ରକାରର ସାଂସ୍କୃତିକ କାର୍ଯ୍ୟକ୍ରମ ହୋଇଥିଲା ବେଳେ ଛାତ୍ରଛାତ୍ରୀମାନଙ୍କ ଦ୍ୱାରା ବିଭିନ୍ନ ଷ୍ଟଲରେ ନିଜସ୍ୱ ହସ୍ତଶିଳ୍ପ ପ୍ରଦର୍ଶନୀ ଓ ବିକ୍ରି ଏବଂ ବିଭିନ୍ନ ପ୍ରକାରର ଓଡ଼ିଆ ଘରର ପରମ୍ପରା ଅନୁସାରେ ଖାଦ୍ୟ, ପ୍ରଦର୍ଶନୀ ଏବଂ ବିକ୍ରି କରାଯାଇଥିଲା। ଶେଷରେ ଆମ ପରମ୍ପରାର ସଭାପତି ଶ୍ରୀଯୁକ୍ତ ବିକର୍ତନ ନାୟକ ଜଗନ୍ନାଥଙ୍କ ଭଜନ ଗାଇ ଧନ୍ୟବାଦ ଅର୍ପଣ କରିଥିଲେ।

# ପ୍ରକୃତି କୋଳରେ ସ୍ନାନର ଅନୁଭବ : ଫରେଷ୍ଟ ବାଥିଂ

ବର୍ତ୍ତମାନର ସମୟକୁ ଦେଖିଲେ ଅନେକ ବ୍ୟସ୍ତବହୁଳ ଜୀବନ ଭିତରେ ଶରୀରର ସୁସ୍ଥତାକୁ ଗୁରୁତ୍ୱ ଦେଇନଥାନ୍ତି କିନ୍ତୁ ପରବର୍ତ୍ତୀ ଯନ୍ତ୍ରଣାସିକ୍ତ ସମୟରେ ସେମାନଙ୍କୁ ଏହା ଅନୁଭବୀ କରିଥାଏ ଯେ ବାସ୍ତବରେ ସ୍ୱାସ୍ଥ୍ୟ ହିଁ ସମ୍ପଦ। ଆବହମାନ ସମୟରୁ ଆମ୍ଭେମାନେ ପ୍ରକୃତି ସହ ପ୍ରତ୍ୟକ୍ଷ ଓ ପରୋକ୍ଷ ଭାବେ ଜଡ଼ିତ। ମାଟି, ପାଣି ଓ ପବନରେ ଗଢ଼ା ଆମ ଏହି ସ୍ଥୂଳ ଶରୀର ଏବଂ ପ୍ରତିଟି ମଣିଷର ଶରୀର ତତ୍ତ୍ୱରେ ଏହି ତିନୋଟି ଉପାଦାନର ଗୁରୁତ୍ୱପୂର୍ଣ୍ଣ ଓ ଅପରିହାର୍ଯ୍ୟ ଉପଲବ୍ଧି ରହିଛି। ବର୍ତ୍ତମାନର ବସ୍ତୁସର୍ବସ୍ୱ ଓ ବୃତ୍ତିଗତ କ୍ଷେତ୍ରକୁ ନେଇ ଧାଁ ଧଉଡ ଜୀବନ ଭିତରେ ସମସ୍ତେ ଅନେକ ସମୟରେ କ୍ଳାନ୍ତ ବା ଶରୀରର ଅବସନ୍ନତାକୁ ଅନୁଭବ କରନ୍ତି। ସେମାନେ କିଛି ବିଶ୍ରାମ ଚାହିଁଥାନ୍ତି କିନ୍ତୁ ସେମାନଙ୍କ ବିଶ୍ରାମ ପରୋକ୍ଷ ଭାବେ ସେମାନଙ୍କର କାର୍ଯ୍ୟ ବ୍ୟସ୍ତତା ଭିତରେ ବାଧା ପହଞ୍ଚାଇଥାଏ। କିନ୍ତୁ ବାସ୍ତବ କଥା ହେଉଛି ଶରୀର ରଖି ହିଁ ଜୀବନ ଧର୍ମ ସାଧନ କରିବା କଥା ଯାହାକି ଅନେକ ସମୟରେ ଆମେ ଜାଣି ମଧ୍ୟ ଏହାକୁ କାର୍ଯ୍ୟରେ ପରିଣତ କରିନଥାଉ। ସୁସ୍ଥ ରହିବା ପାଇଁ ମଣିଷ ଯୋଗ, ବ୍ୟାୟାମ ଠାରୁ ସୁଷମ ତଥା ସନ୍ତୁଳିତ ଖାଦ୍ୟ ଖାଇବା ଯାଏ କ'ଣ ନକରେ। କିଛି ଲୋକ ଶରୀରକୁ ସତେଜ ରଖିବା ପାଇଁ କେତେବେଳେ ଷ୍ଟିମ ବାଥ, ମଡ଼ ବାଥ ଭଳି ପଦ୍ଧତି ଆପଣେଇଥାଆନ୍ତି। କିନ୍ତୁ ଫରେଷ୍ଟ ବାଥ। ମାନେ ଝରଣାରେ ଗାଧୋଇ ପଡ଼ିଲେ ତାହା ଜଙ୍ଗଲ ସ୍ନାନ ସହିତ ସମାନ ହୋଇଯିବ। କିନ୍ତୁ ଏହି ଧାରଣା ବି ଠିକ ନୁହେଁ। ଜଙ୍ଗଲ ସ୍ନାନ ହେଉଛି ଏକ ନିର୍ଦ୍ଦିଷ୍ଟ ପଦ୍ଧତି। ଜୀବନକୁ ଚାପମୁକ୍ତ, ସ୍ୱାସ୍ଥ୍ୟକର ତଥା ସୁଖଦ କରିବା ପାଇଁ ଜାପାନିମାନେ ପ୍ରଥମେ ଜଙ୍ଗଲ ସ୍ନାନ ପଦ୍ଧତି ଆରମ୍ଭ କରିଥିଲେ। ଏଥିରେ ଅତ୍ୟଧିକ ଓ୍ୱାର୍କଆଉଟ କରିବାକୁ ପଡ଼ିବ ନାହିଁ, ଜିମ୍ ଯିବାକୁ ହେବ ନାହିଁ। ତଥାପି ଜୀବନକୁ ସହଜ ଓ ସୁନ୍ଦର କରାଯାଇପାରିବ। ଜଙ୍ଗଲ ସ୍ନାନ କହିଲେ ଘଞ୍ଚ ଜଙ୍ଗଲର ଗାଢ଼ ସବୁଜିମା ମଧ୍ୟରେ କିଛି ଘଣ୍ଟା ଶାନ୍ତିରେ ଚଲାବୁଲା କରିବା।

ଅନେକ ହୁଏତ ଜାଣିନଥାନ୍ତି ସାରା ବିଶ୍ୱରେ ପ୍ରଥମ ଥର ପାଇଁ ଜାପାନି ବିଶେଷଜ୍ଞମାନେ ଫରେଷ୍ଟ ବାଥିଂ ବା ଜଙ୍ଗଲ ସ୍ନାନର ଧାରଣା ସୃଷ୍ଟି କରିଥିଲେ। ଜାପାନର ସୀମା ଅତିକ୍ରମ କରି ଏବେ ଏହି ପଦ୍ଧତି ଅନ୍ୟାନ୍ୟ ଦେଶକୁ ପ୍ରସରି ଗଲାଣି। ଜଙ୍ଗଲ ସ୍ନାନ ଟ୍ରେକିଂ ବା ହାଇକିଂ ସହିତ ସମାନ ନୁହେଁ। ଜାପାନରେ ଏହି ପଦ୍ଧତିକୁ ଶିନ୍ରିନ ୟୋକୁ କୁହାଯାଏ। ଜାପାନି ବିଶେଷଜ୍ଞମାନଙ୍କ ଅନୁସାରେ ଜଙ୍ଗଲ ମଧ୍ୟର ହାଲୁକା ଚଲାବୁଲା କରିବା ଦ୍ୱାରା ଥକ୍କାପଣ, ଅବସାଦଜନିତ ଦୁର୍ବଳତା ଆଦି ଦୂରେଇଥାଏ। ତେବେ ଜଙ୍ଗଲ ସ୍ନାନ ସମୟରେ ଗପିବା, ମୋବାଇଲ ଦେଖିବା ଆଦିରୁ ବିରତ ରହିବାକୁ ପଡ଼ିବ। ଜଙ୍ଗଲ ଭିତରର ପରିବେଶ ବିଶୁଦ୍ଧ। ସେହି ପରିବେଶରେ କିଛି ସମୟ ଚଲାବୁଲା କଲେ ଶରୀର ମଧ୍ୟକୁ ଶୁଦ୍ଧ ଅମ୍ଳଜାନ ଯାଇଥାଏ। ମନ ଭିତରୁ ନକାରାତ୍ମକ ଭାବନା ଆପେ ଆପେ ଦୂରେଇ ଯାଇଥାଏ। ଜଙ୍ଗଲ ସ୍ନାନକୁ ନେଇ ଏହା ମଧ୍ୟରେ ବେଶ କେତୋଟି ଅଧ୍ୟୟନ ହୋଇସାରିଛି। ପ୍ରାୟ ସବୁ ଅଧ୍ୟୟନରେ ସମାନ ନିର୍ଯ୍ୟାସ ଦେଖିବାକୁ ମିଳିଛି ଯେ ଏହି ପଦ୍ଧତି ଆପଣେଇଥିବା ଲୋକଙ୍କ ମଧ୍ୟରେ ରକ୍ତଚାପ, ହୃଦଘାତ, ମଧୁମେହ, ମାନସିକ ଚାପ ଭଳି ସମସ୍ୟା ଅନେକାଂଶରେ କମିଯାଇଛି। ଉପରୋକ୍ତ ଫରେଷ୍ଟ ବାଥିଂ ନିଶ୍ଚିନ୍ତ ଭାବେ ଶରୀରକୁ ଉପଶମ ଦେବ। ପ୍ରକୃତି କୋଳରେ କିଛି ମୁହୂର୍ତ୍ତ ବିତାଇ ବିଶୁଦ୍ଧ ଅମ୍ଳଜାନ ଶରୀର ଭିତରକୁ ନେବା ସହ ଶାନ୍ତି, ସ୍ନିଗ୍ଧ ଅମୃତମୟ ପରିବେଶ ଆମ୍ଭ ମାନଙ୍କ ସ୍ୱାସ୍ଥ୍ୟ ଜୀବନଚର୍ଯ୍ୟାକୁ ଏକ ଦିବ୍ୟ ଆନନ୍ଦରେ ପରିଣତ କରିପାରିବ। ଏ କ୍ଷେତ୍ରରେ ଆମ୍ଭମାନଙ୍କର ମାନସିକତା ସର୍ବାଦୌ ପ୍ରାଥମିକତା। କାରଣ ଆମେ ଇଚ୍ଛା ନକଲେ ଏ ଆନନ୍ଦ ପାଇ ପାରିବା ନାହିଁ ଯାହାପାଖରେ ଅର୍ଥ, ପ୍ରତିପତ୍ତି, କ୍ଷମତା, ବାହୁବଳ କିଛି ହିଁ ନୁହେଁ। ସ୍ୱାସ୍ଥ୍ୟ ଯେ ଶ୍ରେଷ୍ଠ ସମ୍ପଦ ଏବଂ ନିରୋଳା ଶାନ୍ତ ପରିବେଶ ଭିତରେ ଆମ୍ଭେମାନେ କିପରି ଯେ ଅଶାନ୍ତମୟ ଜୀବନକୁ ଅତିବାହିତ କରୁଛେ ତାର ବଡ଼ ପ୍ରମାଣ ଏହି ଫରେଷ୍ଟ ବାଥିଂ ହିଁ ଦେଇଥାଏ। ଜୀବନରେ କେବେ ସୁଯୋଗ ପାଇଲେ ଏପରି ଦିବ୍ୟ ଆନନ୍ଦକୁ ହାତଛଡ଼ା କରନ୍ତୁନାହିଁ।

# ଜିଲ୍ଲାସ୍ତରୀୟ "ସମ୍ବିଧାନ ଦିବସ" ପାଳନ ଅବସରରେ ମୁଖବନ୍ଧ ପାଠ ଅନୁଷ୍ଠିତ

ବାଲେଶ୍ୱର (ପିଏନ୍)- ସ୍ୱାଧୀନତା ପ୍ରାପ୍ତି ପରେ ୧୯୪୯ ମସିହା ନଭେମ୍ବର ମାସ ୨୬ ତାରିଖରେ ଭାରତବର୍ଷ ନିଜକୁ ଦେଇଥିଲା ଏହାର ସମ୍ବିଧାନ। ଭାରତ ସମ୍ବିଧାନର ପିତା ଡକ୍ଟର ଭୀମରାଓ ଆମ୍ବେଦକରଙ୍କ ନେତୃତ୍ୱରେ ସମ୍ବିଧାନ ପ୍ରଣୟନ ସଭାରେ ଗୃହୀତ ହେବା ପରେ ୧୯୪୯ ମସିହା ନଭେମ୍ବର ୨୬ ତାରିଖରେ ଆମ ସମ୍ବିଧାନ ଅଙ୍ଗୀକୃତ, ଅଧିନିୟମିତ ତଥା ଆତ୍ମାର୍ପିତ ହୋଇଥିଲା। ଏହି ନଭେମ୍ବର ୨୬ ତାରିଖ ଦିନଟିକୁ ଭାରତବର୍ଷର ସମ୍ବିଧାନ ଦିବସ ରୂପେ ପାଳନ କରାଯାଇଆସୁଅଛି। ଆମ ରାଜ୍ୟରେ ଏହା ବିଭିନ୍ନ ସରକାରୀ ତଥା ବେସରକାରୀ ସ୍ତରରେ ଭିନ୍ନ ଭିନ୍ନ ଅନୁଷ୍ଠାନର ଭିନ୍ନ ଭିନ୍ନ କାର୍ଯ୍ୟକ୍ରମ ମାଧ୍ୟମରେ ପାଳନ କରାଯାଉଛି। ଆମ ସମ୍ବିଧାନର ପ୍ରାରମ୍ଭରେ ଏହାର ମୁଖବନ୍ଧ ସ୍ଥାନିତ ହୋଇଅଛି ଯାହାକୁ ସମ୍ବିଧାନର ଆତ୍ମା କୁହାଯାଇଥାଏ। ସମ୍ବିଧାନ ଦିବସ ପାଳନର ଏକ ମୁଖ୍ୟ ଅଂଶ ହେଉଛି ସମସ୍ତ ନାଗରିକଙ୍କ ଦ୍ୱାରା ମୁଖବନ୍ଧ ପାଠ। ବାଲେଶ୍ୱର ଜିଲ୍ଲାପାଳଙ୍କ କାର୍ଯ୍ୟାଳୟ ପରିସରରେ ଜିଲ୍ଲା କାର୍ଯ୍ୟାଳୟର ବିଭିନ୍ନ ବିଭାଗର ଅଧିକାରୀ ତଥା କର୍ମଚାରୀଙ୍କୁ ନେଇ ଏହି ମୁଖବନ୍ଧ ପାଠ କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଯାଇଛି। ଉପସ୍ଥିତ କର୍ମଚାରୀ ଓ ଅନ୍ୟମାନଙ୍କୁ ଅତିରିକ୍ତ ଜିଲ୍ଲାପାଳ ଶ୍ରୀ ନିଲୁ ମହାପାତ୍ର ମୁଖବନ୍ଧ ପାଠ କରାଇଥିଲେ। ଏହି କାର୍ଯ୍ୟକ୍ରମରେ ବାଲେଶ୍ୱର ଅତିରିକ୍ତ ଉପଜିଲ୍ଲାପାଳ ଶ୍ରୀ କିଶୋର ଚନ୍ଦ୍ର ସ୍ୱାଇଁ, ଡେପୁଟି କଲେକ୍ଟର ଶ୍ରୀ ସିତାଂଶୁ ଦାସ ଜିଲ୍ଲା ସୂଚନା ଓ ଲୋକସମ୍ପର୍କ ଅଧିକାରୀ ଶ୍ରୀ ଭବାନୀ ଶଙ୍କର ଭୂୟାଁ, ଶ୍ରୀ ପୂର୍ଣ୍ଣଚନ୍ଦ୍ର ଜେନା, ଜିଲ୍ଲା ସଂସ୍କୃତି ଅଧିକାରୀ ଶ୍ରୀ ଆଶୀଷ କୁମାର ସାହୁ, ଜିଲ୍ଲା ଶିଶୁ ସୁରକ୍ଷା ଅଧିକାରୀ ଶ୍ରୀ ଯୁବକ ମାଝୀ, ଅବକାରୀ ଅଧ୍ୟକ୍ଷକ ଓ ଅନ୍ୟ ଅଧିକାରୀ ତଥା କର୍ମଚାରୀ ଉପସ୍ଥିତ ରହି ମୁଖବନ୍ଧ ପାଠରେ ସହଯୋଗ କରିଥିଲେ। ପ୍ରକାଶ ଥାଉକି ପ୍ରଥମେ ଜିଲ୍ଲା ସୂଚନା ଓ ଲୋକସମ୍ପର୍କ ଅଧିକାରୀ ଶ୍ରୀ ଭବାନୀ ଶଙ୍କର ଭୂୟାଁ ସମ୍ବିଧାନ ଦିବସ ପାଳନର ତାତ୍ପର୍ଯ୍ୟ ବର୍ଣ୍ଣନା କରିଥିଲେ ଏବଂ ତତ୍ ପରେ ଅତିରିକ୍ତ ଜିଲ୍ଲପାଳ ଶ୍ରୀ ନିଲୁ ମହାପାତ୍ର ମୁଖବନ୍ଧ ପାଠ କରାଇଥିଲେ।

# ଗାନ୍ଧୀଙ୍କ ପ୍ରାସଙ୍ଗିକତା ସର୍ବଦା ରହିଛି



ଭୁବନେଶ୍ୱର (ପିଏନ୍): ସ୍ଥାନୀୟ ଶହୀଦନଗର କାର୍ଯ୍ୟାଳୟଠାରେ ସାମାଜିକ ବୌଦ୍ଧିକ ତଥା ଜାତିର ପିତା ମହାତ୍ମା ଗାନ୍ଧୀଙ୍କ ଆଦର୍ଶ ଚିନ୍ତାଧାରାକୁ ନେଇ ଗଠିତ ଅନୁଷ୍ଠାନ "ହର ଦିଲମେଁ ଗାନ୍ଧୀ"ର ଏକ ବୈଠକ ଅନୁଷ୍ଠିତ ହୋଇଯାଇଛି। ଗାନ୍ଧୀଙ୍କ ଆଦର୍ଶ, ଚିନ୍ତାଧାରାକୁ ବିଭିନ୍ନ କାର୍ଯ୍ୟକ୍ରମ ମାଧ୍ୟମରେ ଜନସାଧାରଣଙ୍କ ପାଖରେ ପହ ାଇବା ତଥା ବିଭିନ୍ନ ସାମାଜିକ ସଂଗଠନମାନଙ୍କୁ ଏକତ୍ର କରି ଗାନ୍ଧୀଙ୍କ ଚିନ୍ତାଧାରା, କାର୍ଯ୍ୟ, ମୂଲ୍ୟବୋଧ ତଥା ଦେଶପ୍ରେମର ଅର୍ଘ୍ୟ ସମାଜରେ ପରିବ୍ୟାପ୍ତ କରିବା ଲକ୍ଷ୍ୟକୁ ନେଇ ଉକ୍ତ ବୈଠକ ସ୍ୱାଧୀନତା ସଂଗ୍ରାମୀ ଉତ୍ତରଦାୟାଦ ସଂଗଠନର ଆବାହକ, ବିଶିଷ୍ଟ ସମାଜସେବୀ ଶିବ ନାରାୟଣ ମିଶ୍ରଙ୍କ ସଭାପତିତ୍ୱରେ ଅନୁଷ୍ଠିତ ହୋଇଥିଲା। ସମାଜସେବୀ ଗାନ୍ଧିବାଦୀ ବିଜୟ ତ୍ରିପାଠୀ, ଶହୀଦ ରଘୁ-ଦିବାକର ସ୍ମୃତି ସଂସଦର ସାଧାରଣ ସମ୍ପାଦକ ବ୍ରଜବନ୍ଧୁ ପରିଡ଼ା, ପୂଜ୍ୟପୂଜା ସଂସ୍କୃତି ସୁରକ୍ଷା ଅଭିଯାନର ମୁଖପାତ୍ର ସାମ୍ବାଦିକ ଅରବିନ୍ଦ ତ୍ରିପାଠୀ, ନାରାୟଣ ସେବା ଫାଉଣ୍ଡେସନ୍‌ର ପ୍ରତିଷ୍ଠାତା ସୀତାଂଶୁ ଶେଖର ମହାରଣା, ସଂଗ୍ରାମୀ ଦାୟାଦ ରାଜକୁମାର ଜେନା ଯୋଗଦେଇ ଗାନ୍ଧୀଙ୍କ ନୀତି, ଆଦର୍ଶ ଯୁଗେଯୁଗେ ରହିଛି ଓ ରହିବ ବୋଲି ମତବ୍ୟକ୍ତ କରିଥିଲେ। ଶେଷରେ ଧନ୍ୟବାଦ ଅର୍ପଣ କରିଥିଲେ ସମାଜସେବୀ ଶରତ ଚନ୍ଦ୍ର ପ୍ରଧାନ।

## ନୀଳଗିରି ଅ ଳରୁ ବ୍ରାଉନସୁଗାର ଜବତ

ବାଲେଶ୍ୱର (ପିଏନ୍)-ନୀଳଗିରି ଥାନା ଅନ୍ତର୍ଗତ ସନ୍ତରାଗଡ଼ିଆ ଅ ଳରୁ ବ୍ରାଉନ ସୁଗାର ଜବତ କରାଯାଇଛି। ବାଲେଶ୍ୱର ଜିଲ୍ଲା ଅବକାରୀ ମୋବାଇଲ ସ୍କ୍ୱାର୍ଡ଼ ଓ ନୀଳଗିରି ଅବକାରୀ ବିଭାଗ ପକ୍ଷରୁ ମିଳିତ ଚଢ଼ଉ କରାଯାଇ ୨୪୨ ଗ୍ରାମ ଧଳା ଜହର ଜବତ ସହ ଜଣଙ୍କୁ ଗିରଫ କରାଯାଇଛି। ଗିରଫ ଜଣଙ୍କ ହେଲେ ସନ୍ତରାଗଡ଼ିଆ ନିକଟ ଯୁକ ଗାଡ଼ିଆ ଅ ଳର ପର୍ଶୁରାମ ପାଣିଗ୍ରାହୀ। ଏବେ କିଛିଦିନ ହେଲା ପର୍ଶୁରାମ ଗାଁରେ ବ୍ରାଉନସୁଗାର କାରବାର ଚଳାଇ ଆସୁଥିଲା। ତେବେ ଜିଲ୍ଲା ଅବକାରୀ ମୋବାଇଲ ସ୍କ୍ୱାଡ୍ ଓ ନୀଳଗିରି ଅବକାରୀ ବିଭାଗ ପକ୍ଷରୁ ମିଳିତ ଚଢ଼ଉ କରାଯାଇ ୫ ହଜାର ଟଙ୍କା ନଗଦ ଜବତ ସହ ୨୪ ଲକ୍ଷ ୨୦ ହଜାର ଟଙ୍କାର ବ୍ରାଉନ ସୁଗାର ଜବତ କରାଯାଇଛି।

# ଇଫ୍‌କୋ ପକ୍ଷରୁ ଗୋମଙ୍ଗଳ ସମିତିକୁ ଗୋଖାଦ୍ୟ ପ୍ରଦାନ



ପାରାଦୀପ (ପିଏନ୍)-କେନ୍ଦ୍ରାପଡାରେ ଥିବା ଶ୍ରୀଶ୍ରୀ ସିଦ୍ଧବଳଦେବ ଜିଉ ଗୋମଙ୍ଗଳ ସମିତିକୁ ପାରାଦୀପ ଇଫକୋ ପକ୍ଷରୁ ଗୋଖାଦ୍ୟ ପ୍ରଦାନ କରାଯାଇଛି । ଏହି ଗୋମଙ୍ଗଳ ସମିତିରେ ୬୦ରୁ ଊର୍ଦ୍ଧ୍ୱ ଗାଇଗୋରୁ ରହୁଥିବା ବେଳେ ଆର୍ଥିକ ସଂକଟ ଯୋଗୁଁ ସେମାନଙ୍କୁ ସଠିକ ଭାବେ ଗୋଖାଦ୍ୟ ଯୋଗାଯାଇପାରୁ ନଥିବାରୁ ସମିତି ପକ୍ଷରୁ ଇଫକୋ ପାରାଦୀପ ୟୁନିଟର ନିର୍ଦ୍ଦେଶକ କେ.ଜେ. ପଟେଲଙ୍କୁ ସହଯୋଗ ନିମନ୍ତେ ଅନୁରୋଧ କରାଯାଇଥିଲା । ଏହି ମର୍ମରେ ଇଫକୋ କର୍ତ୍ତୃପକ୍ଷ ତୁରନ୍ତ ଦୁଇ ଟନରୁ ଊର୍ଦ୍ଧ୍ୱ ଗୋଖାଦ୍ୟ ସାମଗ୍ରୀ ଏହି ଗୋମଙ୍ଗଳ ସମିତିକୁ ପ୍ରଦାନ କରିଥିଲେ । ଇଫକୋ ଲୋକସମ୍ପର୍କ ଅଧିକାରୀ ପ୍ରଶନ୍ନ କୁମାର ବେଉରାଙ୍କ ନେତୃତ୍ୱରେ ଏକ ଟିମ ସେଠାରେ ପହଁଚି ସମିତିର ସଭାପତି ଫକିର ଚରଣ ଖଟୁଆ, ସମ୍ପାଦକ ସୁଶିଲ କୁମାର ସାମଲ ଏବଂ ଅନ୍ୟ ସଦସ୍ୟଙ୍କ ଉପସ୍ଥିତିରେ ଏହି ସାମଗ୍ରୀ ପ୍ରଦାନ କରିଥିଲେ । ସୂଚନା ଥାଉକି, ଜଗତସିଂହପୁର ଓ କେନ୍ଦ୍ରାପଡା ଜିଲ୍ଲା ସମେତ ଓଡିଶାର ବିଭିନ୍ନ ସ୍ଥାନରେ ଇଫକୋ ପକ୍ଷରୁ ଏଭଳି ଜନମଙ୍ଗଳକାରୀ କାର୍ଯ୍ୟ ଜାରୀ ରହିଛି ବୋଲି ଶ୍ରୀ ବେଉରା କହିଛନ୍ତି ।

# ଡଃ ଏକାଦଶୀ ପାଢ଼ୀଙ୍କ ବିୟୋଗରେ ଶୋକ

ଯାଜପୁର (ପିଏନ୍): ସାହିତ୍ୟିକ ତଥା ଗବେଷକ ଡଃ ଏକାଦଶୀ ପାଢ଼ୀଙ୍କ ବିୟୋଗରେ ଶ୍ରୀ ବିରଜା ସେବାସମିତି ପକ୍ଷରୁ ଶୋକ ପ୍ରକାଶ କରାଯାଇଅଛି। ସ୍ୱର୍ଗତ ପାଢ଼ୀ ଶିକ୍ଷକତା ସହିତ ବହୁ ପୁସ୍ତକ ରଚନା କରିଥିଲେ ଓ କେତେକ ଐତିହାସିକ ସମ୍ପର୍କରେ ଗବେଷଣାରେ ବୁଡ଼ି ରହିଥିଲେ। ସେ ବହୁ ସ୍ଥାନରେ ସମ୍ବର୍ଦ୍ଧିତ ହୋଇଥିଲେ। ଶ୍ରୀ ବିରଜା ମନ୍ଦିର ପଣ୍ଡିତ ସଭାର ସେ ଜଣେ ସକ୍ରିୟ ବାହ୍ମଣ ଥିଲେ। ଶ୍ରୀ ବିରଜା ସେବା ସମିତି ସମ୍ମାନ ତାଙ୍କୁ ପ୍ରଦାନ କରାଯାଇଥିଲା। ସ୍ୱର୍ଗତ ପାଢ଼ୀ ଥିଲେ ଜଣେ ସରଳ, ଅମାୟିକ ଓ ସ୍ପଷ୍ଟବାଦୀ। ଏଣୁ ବିରଜା ସେବା ସମିତି ପକ୍ଷରୁ ସଭାପତି ବିଶ୍ୱମ୍ଭର ମିଶ୍ର, ସମ୍ପାଦକ ସମାଜସେବୀ ପାଣ୍ଡବ ସାହୁ, ଉପସଭାପତି ପ୍ରମୋଦ ଦ୍ୱିବେଦୀ ଓ ଶିବପ୍ରସାଦ ବଳ, କର୍ମକର୍ତ୍ତା ବନବିହାରୀ ମହାପାତ୍ର, ଗଦାଧର ରାଉତ, କ୍ଷୀରୋଦ ପାଠୀ, ବୃନ୍ଦାବନ ମିଶ୍ର, ଅଧିକାରୀ ନବକିଶୋର ଦାସ, ସୁବାସ ମହାନ୍ତି, ସୁବାସ ମହାପାତ୍ର, ବ୍ରଜକିଶୋର ମହାନ୍ତି, ମହେନ୍ଦ୍ର କୁମାର ଦାସ, ଗିରିଧାରୀ ସ୍ୱାଇଁ, ରମେଶ ଚନ୍ଦ୍ର ରାଉତ, ହରିହର ବେହେରା, ବିରଜା ପ୍ରସାଦ କର, ମଧୁସୂଦନ ମହାନ୍ତି, ଶ୍ରୀନାଥ ମହାନ୍ତି ପ୍ରମୁଖ ଶୋକ ପ୍ରକାଶ କରିଥିଲେ।

# ପାରାଦୀପ ବନ୍ଦର ଏସସି/ଏସଟି ଆସୋସିଏସନ ପକ୍ଷରୁ ସମ୍ବିଧାନ ଦିବସ ପାଳିତ



ପାରାଦୀପ (ପିଏନ୍)- ପାରାଦୀପ ବନ୍ଦର ଏସସି/ଏସଟି ୱେଲଫେୟାର ଆସୋସିଏସନ ପକ୍ଷରୁ ପାରାଦୀପସ୍ଥିତ ଡଃ. ବି.ଆର. ଆମ୍ବେଦକର ପାର୍କ ପରିସରରେ ୧୬୬ତମ ସମ୍ବିଧାନ ଦିବସ ପାଳିତ ହୋଇଯାଇଛି । ଏହି ଅବସରରେ ଆସୋସିଏସନ ପକ୍ଷରୁ ସମ୍ବିଧାନ ପ୍ରଣେତା ବାବାସାହେବ ଭାରତରତ୍ନ ଡଃ. ବି.ଆର. ଆମ୍ବେଦରଙ୍କ ପ୍ରତିମୂର୍ତ୍ତିରେ ସାଧାରଣ ସମ୍ପାଦକ ଧ୍ରୁବଚନ୍ଦ୍ର ତରାଇ, ସହସମ୍ପାଦକ ଅଜୟ କୁମାର ବେହେରା, ବନ୍ଦରର ପୂର୍ବତନ ଟ୍ରଷ୍ଟି ପରେଶ ମୁର୍ମୁ, ବର୍ତମାନର ଟ୍ରଷ୍ଟି ସୁନିଲକାନ୍ତ ଦାସ, ଲିତାରାମ ହାଇବ୍ରୁ, ବିପ୍ଳବ କୁମାର ଜେନା, ମହେଶ୍ୱର ସୋରେନଙ୍କ ସମେତ ଅନ୍ୟ ବହୁ ସଦସ୍ୟମାନେ ମାଲ୍ୟାର୍ପଣ କରି ସମ୍ବିଧାନ ଦିବସ ପାଳନ କରିଥିଲେ ।


# DISPLAY CLASSIFIED

FOR ADVERTISEMENT CONTACT
Phone No. (0674) 2555116/9853400829
Fax: (0674) 2550504
E-mail : paryabekhyak@gmail.com
editorpbkc@gmail.com

TARIFF: 10 c.m.x 4cm: Rs. 8,000/- (One Month)
10c.m.x 4cm: Rs. 350/- (One day)
5c.m.x 4cm: Rs. 5,000/- (One Month)
5c.m.x 4cm: Rs. 200/- (One day)

VED BHAWAN
Creating Peace, Progress & Prosperity
For all Vedic Performances like Rudravishek, Mahalaxmi Pujan, Grahashanti Anusthan, Chandipatha, Vishnu Sahasranama Patha, Birthday Celebration, Griha Prabesh, Vastu Pujan, Bhumi Pujan, Astrological Consultation & Prediction etc.
DO YOU NEED PUNDITS / ASTROLOGERS / VASTU EXPERTS ?
Contact :
Near Mukteswar Temple,
Sarbodaya Nagar, Puri.
N-3, B-14/15, MPS Campus, Nayapalli, Bhubaneswar
Ph. 0674-2550786, Fax : 0674-2550504
Email.: yagyaanusthan@sify.com

ADMISSION ON
MPS PLAY HOME
Where awareness nurtured, innocence blossoms.
For
PRE-NURSERY, NURSERY, L.K.G. & U.K.G.
N-3B-14/15, Ekamra Kanan Road, Nayapalli, BBSR
Tel : (0674) 2556225, 2558884, Fax : 2550504
Email : maharishipublicschool@yahoo.com
Web : www.maharishipublicschool.com

Prajyan Communication

Mahaditya Publication

ADMISSION ON
MAHARISHI PUBLIC SCHOOL
your gateway to complete education
For
PRE-NURSERY, NURSERY, L.K.G., U.K.G., Std-1 to Std-VIII
Baghra Road, Baripada
Tel-06792-255227
Email : maharishipublicschool@yahoo.com
Web : www.maharishipublicschool.com




# ମା ଦକ୍ଷିଣକାଳୀ ପୂଜା ମହୋତ୍ସବ : ପୂର୍ଣ୍ଣାହୂତିରେ ସରସ୍ୱତୀ ବେଶରେ ଦର୍ଶନ ଦେଲେ ମା

ଭୁବନେଶ୍ୱର,(ପି.ଏନ): ଭୁବନେଶ୍ୱର ପ୍ରେସ ଛକ ସ୍ଥିତ ମା ଦକ୍ଷିଣକାଳୀଙ୍କ ପୀଠରେ ଅନୁଷ୍ଠିତ କାଳୀପୂଜା ମହୋତ୍ସବ ସମାପନ ହୋଇଛି । ପୂର୍ଣ୍ଣାହୂତି ଦିନ ମା ସରସ୍ୱତୀ ବେଶରେ ଭକ୍ତ ମାନଙ୍କୁ ଦର୍ଶନ ଦେଇଛନ୍ତି ମା ଦକ୍ଷିଣକାଳୀ। ପା ଦିନ ବ୍ୟାପି ଚାଲିଥିବା ଏହି ପୂଜା ମହୋତ୍ସବର ପ୍ରଥମ ଦିନ ବୁଧବାର ଅଙ୍କୁରାରୋପଣ ହୋଇ ଗୁରୁବାର ସକାଳେ କଳସ ଯାତ୍ରା ଅନୁଷ୍ଠିତ ହୋଇଥିଲା। ମନ୍ଦିରର ସମ୍ପାଦକ ଜନକର ସାହୁଙ୍କ ତତ୍ୱାବଧାନରେ ଯଥାବିଧି ରୀତିନୀତି ଅନୁସାରେ ସ୍ଥାନୀୟ ସପ୍ତମ ବାଟାଲିୟନ ପୁଷ୍କରିଣୀରୁ ପାଣି ଗ୍ରହଣ କରାଯିବା ପରେ ଘଟସ୍ଥାପନ, ମଣ୍ଡଳ ପୂଜା, ଉପଚାର ପୂଜା, ଚଣ୍ଡୀପାଠ, ସନ୍ଧିପୂଜା, ୧୦୮ ଦୀପ ଉତ୍ସର୍ଗ, କୁଷ୍ମାଣ୍ଡ ବଳିଦାନ, ଆଳତି ଓ ପୁଷ୍ପାଞ୍ଜଳି ଅନୁଷ୍ଠିତ ହୋଇ ଯଜ୍ଞ ଆରମ୍ଭ ହୋଇଥିଲା। ଆଜି ଶେଷ ଦିନରେ ସୂର୍ଯ୍ୟପୂଜା, ଗୋ-ପୂଜା, ଉପଚାର ପୂଜା, ଚଣ୍ଡୀପାଠ, ଶିବାଭିଷେକ, ନାରାୟଣ ପୂଜା, ଗୀତାପାଠ, ଆଳତି ଓ ପୁଷ୍ପାଞ୍ଜଳି ପରେ ପୂର୍ଣ୍ଣାହୂତି ଅନୁଷ୍ଠିତ ହୋଇଥିଲା। ଏହି କାର୍ଯ୍ୟକ୍ରମରେ ବିଶିଷ୍ଟ ଅତିଥି ମାନଙ୍କ ମଧ୍ୟରେ ଉ ର ବିଧାୟକ ସୁଶା' କୁମାର ରାଉତ, ମେୟର ସୁଲୋଚନା ଦାସ, ଗଙ୍ଗା ସାମଲ, କର୍ପୋରେଟର ଜୟନ୍ତୀ ସାହୁଙ୍କ ସମେତ ସମସ୍ତ କର୍ପୋରେଟର ଓ ବିଏମସି ଅଧିକାରୀ, ଥାନା ଅଧିକାରୀ ମାନେ ଯୋଗଦେଇ ମାଙ୍କ ଆଶୀର୍ବାଦ ଗ୍ରହଣ କରିଥିଲେ। ସ୍ଥାନୀୟ ଅ ଳର ହଜାର ହଜାର ଭକ୍ତ ଉପସ୍ଥିତ ରହି ଆଶୀର୍ବାଦ ଗ୍ରହଣ କରିବା ସହିତ ପ୍ରସାଦ ସେବନ କରିଥିଲେ। ସାଂସ୍କୃତିକ କାର୍ଯ୍ୟକ୍ରମ ଭଜନ ସଂନ୍ଧ୍ୟା ଓ ହୁନାର ଏକାଡେମୀର ଶିଶୁ କଳାକାର ଦ୍ୱାରା ନୃତ୍ୟ, ସଂଗୀତ ପ୍ରତିଯୋଗିତା ଓ ସମ୍ବର୍ଦ୍ଧନା ଉତ୍ସବ ଅନୁଷ୍ଠିତ ହୋଇଥିଲା। ଏଥିରେ ମୁଖ୍ୟ ଅତିଥି ଭାବେ କର୍ପୋରେଟର ଜୟନ୍ତୀ ସାହୁ ଯୋଗଦେଇ ମନ୍ଦିରର କର୍ମକ ।, ପ୍ରତିଷ୍ଠିତ ବ୍ୟକ୍ତି ବିଶେଷଙ୍କୁ ସମ୍ବର୍ଦ୍ଧିତ କରିବା ସହିତ କୃତୀ ନୃତ୍ୟ ସଂଗୀତ ପ୍ରତିଯୋଗୀ ମାନଙ୍କୁ ପୁରସ୍କାର ପ୍ରଦାନ କରିଥିଲେ। ଆଇନଜୀବୀ ସମରେନ୍ଦ୍ର ସାହୁ ମ ସଂଚାଳନ କରିଥିଲା ବେଳେ ଯୁବନେତା ତଥା ସମାଜସେବୀ ପ୍ରଶନ୍ନ କୁମାର ସାହୁ, ଭଗବାନ ଦାଶ, ଚଗଲା ଜେନା, ମିଟୁ ପରିଡା ଓ ବାବୁ ଭାଇ ଟିମର ସମସ୍ତ ସଦସ୍ୟମାନେ ସହଯୋଗ କରିଥିଲେ।

# 'ମେଘ ମହ୍ଲାର' ଆନୁକୂଲ୍ୟରେ ପୁସ୍ତକ ଉନ୍ମୋଚନ,କବିତା ପାଠ ଓ ପ୍ରତିଭା ସମ୍ବର୍ଦ୍ଧନା କାର୍ଯ୍ୟକ୍ରମ ଅନୁଷ୍ଠିତ

ପାରାଦୀପ,(ପି.ଏନ): ଅଗ୍ରଣୀ ସାହିତ୍ୟ, ସଂସ୍କୃତି, ସାମାଜିକ ସେବା ଧର୍ମୀ ଅନୁଷ୍ଠାନ 'ମହ୍ଲାର' ପକ୍ଷରୁ ଏକ ପୁସ୍ତକ ଉନ୍ମୋଚନ, କବିତା ପାଠ ଆଲୋଚନାଚକ୍ର ଓ ପ୍ରତିଭା ସମ୍ବର୍ଦ୍ଧନା କାର୍ଯ୍ୟକ୍ରମ ପାରାଦୀପ ବନ୍ଦର ଅଫିସର୍ସ କ୍ଲବ ପରିସରରେ ରବିବାର ଦିନ ଅନୁଷ୍ଠିତ ହୋଇଯାଇଛି । ଏହି ଅବସରରେ ମଧ୍ୟାହ୍ନରେ ବରିଷ୍ଠ ସ୍ତମ୍ଭକାର ଅକ୍ଷୟ କୁମାର ରାଉତ ଙ୍କ ସଭାପତିତ୍ୱରେ ଆୟୋଜିତ କବିତା ପାଠ ଆଲୋଚନାଚକ୍ର କାର୍ଯ୍ୟକ୍ରମରେ 'ସପ୍ତମ ଋତୁ' ଅନୁଷ୍ଠାନ ର ସଭାପତି ଡ଼ଃ. ସିତୁପ୍ରକାଶ ରଥ ମୁଖ୍ୟ ଅତିଥି ଭାବେ ଯୋଗ ଦେଇଥିବା ବେଳେ ବରିଷ୍ଠ ଗାଳ୍ପିକ ଡ଼ଃ.ସନ୍ତୋଷ କୁମାର ସାମଲ ମୁଖ୍ୟ ବକ୍ତା ଏବଂ ସମ୍ମାନିତ ଅତିଥି ଭାବେ ସାହିତ୍ୟିକ ଡ଼ଃ.ପ୍ରମୋଦ କୁମାର ମହାପାତ୍ର, କବୟିତ୍ରୀ ଗୀତାଞ୍ଜଳି ମହାପାତ୍ର, କମ୍ରେଡ ବାବୁରାମ ଚୌଧୁରୀ ଉପସ୍ଥିତ ଥିଲେ । ଏହି କାର୍ଯ୍ୟକ୍ରମ କୁ କବୟିତ୍ରୀ ସଂଘମିତ୍ରା ସ୍ୱାଇଁ ଏବଂ ତୁଳସୀ ବରାଳ ସଂଯୋଜନା କରିଥିଲେ । ସେହିପରି ଅପରାହ୍ନ ରେ କାର୍ଯ୍ୟକ୍ରମ ର ଦ୍ୱିତୀୟ ଅଧିବେଶନରେ 'ମେଘ ମହ୍ଲାର' ଅନୁଷ୍ଠାନର ସଭାପତି ଡ଼ଃ.କେଶବ ଚ଼ନ୍ଦ୍ର ଦଳାଇ ଙ୍କ ସଭାପତିତ୍ୱରେ ଆୟୋଜିତ ପୁସ୍ତକ ଉନ୍ମୋଚନ କାର୍ଯ୍ୟକ୍ରମରେ ସାହିତ୍ୟିକ ଓ ସ୍ତମ୍ଭକାର ଦାଶ ବେନହୁର ମୁଖ୍ୟ ଅତିଥି ଓ ଅସିତ ମହାନ୍ତି ମୁଖ୍ୟ ବକ୍ତା ଭାବେ ଯୋଗ ଦେଇଥିବା ବେଳେ ପାରାଦୀପ ପୌରାଧ୍ୟକ୍ଷ ବସନ୍ତ ବିଶ୍ୱାଳ,କବି ପିତାମ୍ବର ତରାଇ,ଇଂ.ଅତନୁ କୁମାର ସାମନ୍ତ, ନାଟ୍ୟକାର ଶ୍ରୀମନ ନାରାୟଣ ମିଶ୍ର ପ୍ରମୁଖ ଅତିଥି ଭାବେ ଉପସ୍ଥିତ ଥିବାବେଳେ ମୈନାକ ସାହିତ୍ୟ ସଂସଦ ର ସମ୍ପାଦକ ନଗେନ୍ଦ୍ର ନାଥ ସ୍ୱାଇଁ ଅତିଥି ପରିଚ଼ୟ ପ୍ରଦାନ କରିଥିଲେ କ୍ଷ ଏହି ଅବସରରେ ପିତାମ୍ବର ତରାଇ ଙ୍କ ଦ୍ୱାରା ରଚ଼ିତ 'ତିନୋଟି ଗଛର କାହାଣୀ', ଡ଼ଃ.କେଶବ ଚ଼ନ୍ଦ୍ର ଦଳାଇଙ୍କ ଆଧୁନିକ ଓଡ଼ିଆ ଗୀତି କବିତା ଏକ ଅନୁଶୀଳନ ଏବଂ ପ୍ରଭାତୀ ମାଝୀ ଙ୍କ 'କେତେ ପାଖରେ ଆକାଶ' ପୁସ୍ତକ ଉନ୍ମୋଚ଼ିତ ହୋଇଥିଲା । ସେହିପରି ଆୟୋଜିତ ଏକ ସମ୍ବର୍ଦ୍ଧନା କାର୍ଯ୍ୟକ୍ରମରେ ପରିବେଶ ସୁରକ୍ଷା ନିମନ୍ତେ ନିରବଛିନ୍ନ ଉଦ୍ୟମ ପାଇଁ ପରିବେଷବିତ ଇଂ.ଅମରେଶ ନରେଶ ସାମନ୍ତ ଙ୍କୁ ଅନୁଷ୍ଠାନ ପକ୍ଷରୁ ସମ୍ବର୍ଦ୍ଧିତ କରାଯାଇଥିଲା ।



## Affidavit

I Banambar Barada, aged about 58 yrs s/o late madhaba Barad, At -suanla, Po -chakapada, Dist-Khordha, Aadhar no 505625108080 and LIC Policy number 585543350. declare before Executive Magistrate Begunia , that Banambar Barad and Banambar Baral both the name same and one person for all future purposes.

# ଜୀବନ କୌଶଳ ଶିକ୍ଷା ମାଧ୍ୟମରେ ରକ୍ତହୀନତା ଦୂର ନିମନ୍ତେ ପ୍ରୟାସ

କନ୍ଧମାଳ,(ପିଏନ)- କନ୍ଧମାଳ ଜିଲ୍ଲାର ଅପହଂଚ ଇଲାକା ବାଲନ୍ଦାପଡା, ଲୁଇସିଙ୍ଗି, କୁଏରମାଣ୍ଡୁ ଓ ପାହିରାଜୁ ଅଂଚଳର ୪୦ ଜଣ କିଶୋରୀ ବାଳିକାଙ୍କୁ ନେଇ ୨ ଦିନିଆ ଜୀବନ କୌଶଳ ଶିକ୍ଷା ସମ୍ବନ୍ଧୀୟ ତାଲିମ୍ ଆୟୋଜିତ ହୋଇଯାଇଅଛି । ସ୍ୱେଚ୍ଛାସେବୀ ଅନୁଷ୍ଠାନ ସ୍ୱାତୀ ଓ କ୍ରାଏ, କୋଲକାତାଙ୍କ ମିଳିତ ସହଯୋଗରେ ଅନୁଷ୍ଠିତ କାର୍ଯ୍ୟକ୍ରମରେ ଶିଶୁ ମାନଙ୍କର ଅଧିକାର, ଯୌନ ପ୍ରଜନନ ସ୍ୱାସ୍ଥ୍ୟ, ସ୍ୱାସ୍ଥ୍ୟ ଓ ପୁଷ୍ଟି ଶିକ୍ଷା, ଫଳପ୍ରଦ ଯୋଗାଯୋଗ, ଆବେଗ ଜନିତ ଶିକ୍ଷା, ହିଂସା ଓ ଏହାର ପ୍ରକାର ଭେଦ ଇତ୍ୟାଦି ବିଷୟକୁ ଗୁରୁତ୍ୱ ଦେଇ କିଶୋରୀ ମାନେ ଆଗାମୀ ଦିନରେ କିପରି ସୁସଂଗଠିତ ହୋଇ ବାଲ୍ୟ ବିବାହ ଓ ମହିଳା ମାନଙ୍କ ଉପରେ ହେଉଥିବା ଅତ୍ୟାଚାରକୁ ରୋକି ପାରିବେ ତାହା ପ୍ରୟାସ କରାଯାଇଥିଲା। ତାଲିମର ଉଦ୍ଯାପନି ଦିବସରେ ଫିରିଙ୍ଗିଆ ସମନ୍ୱିତ ଶିଶୁ ବିକାଶ ପ୍ରକଳ୍ପ ଅଧିକାରିଣୀ ଶ୍ରୀମତୀ ମଞ୍ଜୁଳା ପ୍ରଧାନ ଯୋଗଦେଇ ଜୀବନ କୌଶଳ ଶିକ୍ଷା ମାଧ୍ୟମରେ କିଶୋରୀମାନେ ସଚେତନ ହୋଇ ଅଙ୍ଗନୱାଡି କେନ୍ଦ୍ରକୁ ଆସୁଥିବା ବିଭିନ୍ନ ସୁବିଧା ସୁଯୋଗକୁ ହାତେଇ ପାରିବେ ତା ଉପରେ ଗୁରୁତ୍ୱ ଦେଇଥିଲେ। ତତ୍ ସହିତ ପ୍ରତି ସପ୍ତାହର ଶନିବାର ଅଙ୍ଗନୱାଡି କେନ୍ଦ୍ରରେ ଆୟୋଜିତ ହେଉଥିବା କିଶୋରୀ ସ୍ୱାସ୍ଥ୍ୟ ଦିବସରେ ଅଧିକରୁ ଅଧିକ ଯୋଗଦାନ କରି ସ୍ୱାସ୍ଥ୍ୟ ସମ୍ପର୍କୀତ ଶିକ୍ଷା ଗ୍ରହଣ କରିବା ସହିତ ରକ୍ତହୀନତା ଦୂର କରିବା ପାଇଁ ଲୌହ ବଟିକା ନିୟମିତ ସେବନ ନିମନ୍ତେ ଆହ୍ୱାନ ଦେଇଥିଲେ। ଏଥି ସହିତ ବନ୍ଧଗଡ ସେକ୍ଟରର ସୁପରଭାଇଜର ଶ୍ରୀମତି ସଜିତା ସାହୁ ଯୋଗଦେଇ କୋରୋନା ସମୟରେ ସରକାରଙ୍କର ନିୟମକୁ ମାନି ସାମାଜିକ ଦୂରତା, ମାସ୍କର ନିଶ୍ଚିତ ବ୍ୟବହାର ଓ ବାରମ୍ବାର ହାତ ଧୋଇବା ସହିତ ସମସ୍ତ ପ୍ରକାରର ପ୍ରତିଷେଧକ ବ୍ୟବସ୍ଥା ଗ୍ରହଣ କରିବା ନିମନ୍ତେ ପରାମର୍ଶ ଦେଇଥିଲେ। ସ୍ୱାତୀର ସମ୍ପାଦକ ଇଂ ହରିଶଙ୍କର ରାଉତ ଉପସ୍ଥିତ ରହି ତାଲିମାର୍ଥୀ ମାନଙ୍କୁ ଜୀବନରେ ବିଭିନ୍ନ ସମୟରେ ଆସୁଥିବା ସଙ୍କଟ ଓ ମହିଳା ମାନଙ୍କ ଉପରେ ଲଦିଦିଆଯାଉଥିବା ଅଧିକ ଦାୟିତ୍ୱକୁ କିଭଳି ତୁଲାଇବାକୁ ହୁଏ ତାହା ଆଶା କର୍ମୀ ଓ ଅଙ୍ଗନୱାଡି କର୍ମୀଙ୍କ ନିକଟରୁ ଶିଖିବା ନିମନ୍ତେ ଉପଦେଶ ଦେଇଥିଲେ।

# ଅଜଣା ରୋଗ ନେଲାଣି ୭ ଜୀବନ, ଗୁଣିଆ ଭରଷାରେ ଗ୍ରାମବାସୀ

ମାଲକାନଗିରି, (ପିଏନ)- ମାଲକାନଗିରି ଜିଲ୍ଲାର କାଲିମେଲା ବ୍ଲକ ଅନ୍ତର୍ଗତ ଦୁର୍ଗମ ସାନଟେକଗୁଡା ଗ୍ରାମରେ ଅଜଣା ରୋଗରେ ଯାଇଛି ୭ ଗ୍ରାମବାସୀଙ୍କ ଜୀବନ । ଗ୍ରାମରେ ଏହି ଘଟଣାକୁ ନେଇ ଏକ ପ୍ରକାର ଆତଙ୍କ ଖେଳିଯାଇଥିବା ବେଳେ ଗୁଣିଆ ସାଜିଛି ଏକ ମାତ୍ର ସାହା ଭରସା ! କାଲିମେଲା ବ୍ଲକ ଦୂର୍ଗମ ଅଂଚଳ ଭାବରେ ପରିଚିତ ସାନଟେକଗୁଡା ଗ୍ରାମରେ ୫୨ ଆଦିବାସୀ ସମ୍ପ୍ରଦାୟ ର ଲୋକେ ବସବାସ କରୁଛନ୍ତି ! ସେମାନଙ୍କ ପାଇଁ ବିଶୁଦ୍ଧ ପାଣି ସାତସପନ ପାଲଟିଛି। ଗ୍ରାମରେ ଥିବା ନଳକୂଅ ପାଣି ପିଇବା ଉପଯୋଗି ନୁହେଁ । ସେଥିରେ ନାଲି ରଙ୍ଗର ଗୋଳିଆ ପାଣି ବାହାରୁଛି । ଲୋକ ମାନେ ବାଧହୋଇ ଏହି ଗୋଳିଆ ପାଣି ପିଇ ମୃତ୍ୟୁମୁଖରେ ପଡୁଥିବାର ଦେଖିବାକୁ ମିଳିଛି ।ଏଥି ସହିତ ଗ୍ରାମବାସୀମାନେ ନିକଟସ୍ଥ ନାଳ ଓ ଝରଣା ପାଣି ମଧ୍ୟ ପିଇବାକୁ ବାଧ ହେଉଛନ୍ତି। ଗ୍ରାମରେ ୩ ବର୍ଷ ତଳେ ୨ଲକ୍ଷ ଟଙ୍କା ବ୍ୟୟରେ ଏକ ପାନୀୟ ଜଳ ପ୍ରକଳ୍ପ ହୋଇଥିଲେ ମଧ୍ୟ ତାହା ଏବେ ଅକାମୀ ହୋଇପଡ଼ି ରହିଛି। ଫଳରେ ସାନଟେକଗୁଡା ଗ୍ରାମବାସୀ ବିଶୁଦ୍ଧ ପାଣି ଟୋପାଏ ପାଇପାରୁ ନଥିବାର ଅଭିଯୋଗ କରିଛନ୍ତି। ଏହି ଦୂଷିତ ପାଣି ପିଇ ପ୍ରାୟ ୨ମାସଭିତରେ ୭ରୁ ଉର୍ଦ୍ଧ୍ୱ ଲୋକଙ୍କ ଜୀବନ ଗଲାଣି। -ସାନଟେକଗୁଡା ଗ୍ରାମରେ ଗତ ୨ମାସ ଭିତରେ ୭ରୁ ଉର୍ଦ୍ଧ୍ୱ ଲୋକଙ୍କର ଜୀବନ ଯାଇଥିଲେ ମଧ୍ୟ ଲୋକମାନେ ଏବେ ବି ସଚେତନ ହୋଇନାହାନ୍ତି। ପାଣି ପିଇ ଯଦି କାହାର ଦେହ ଖରାପ ହୁଏ ଗୁଣିଆ ଦ୍ୱାରା ରୋଗୀମାନଙ୍କୁ ଝଡାଫୁଙ୍କା କରା ଯାଉଥିବାର ଦୃଶ୍ୟ ଦେଖିବାକୁ ମିଳିଛି। ଲୋକମାନେ ଡ଼ାକ୍ତରଖାନାଯିବା ପରିବର୍ତେ ଗୁଣିଆ ନିକଟକୁ ଯିବାର ଦେଖି ବାକୁ ମିଳିଛି। ଏହି ଗ୍ରାମବାସୀଙ୍କ ନିକଟରେ ଏ ପର୍ଯ୍ୟନ୍ତ ପହଂଚି ନାହିଁ ନି କୋଣସି ସରକାରୀ ସଚେତନତା। ଯାହା ଫଳରେ ଏହି ଗ୍ରାମରେ ଲୋକମାନେ ଗୁଣିଗାରେଡି ଉପରେ ଭରସା କରି ଆସୁଛନ୍ତି ।

# ଦୁର୍ନୀତି ବିରୋଧରେ ଜିଲ୍ଲାପାଳଙ୍କ ହସ୍ତକ୍ଷେପ ଦାବି କଲେ ଲୁଇପା ଡ଼ିଗ୍ରୀ ମହାବିଦ୍ୟାଳର ଅଧ୍ୟାପକ ଓ ଅଧ୍ୟାପିକା

ବାରିପଦା, (ପିଏନ)-ମୟୂରଭଞ୍ଜ ଜିଲ୍ଲା ଉଦଳା ଥାନା ଅନ୍ତର୍ଗତ ରାଢ଼ୋ ଲୁଇପା ଡ଼ିଗ୍ରୀ ମହାବିଦ୍ୟାଳୟର ଭାରପ୍ରାପ୍ତ ଅଧ୍ୟକ୍ଷ ଆଦିକନ୍ଦ ଦେଙ୍କ ବିରୋଧରେ ମହାଦୁର୍ନୀତିର ଅଭିଯୋଗ ଆଣି ଘଟଣା ଉପରେ ଜିଲ୍ଲାପାଳଙ୍କ ହସ୍ତକ୍ଷେପ କରିବା ଦାବିରେ ଆଜି ମହାବିଦ୍ୟାଳୟର ଅରବିନ୍ଦ ସେଠୀ, ସମୀର କୁମାର ନାୟକ, ହରପ୍ରିୟା ବେହେରା, ଗୀତିକା ଜେନା, ଜ୍ୟୋତିଶା ମାଝି, ମଧୁସ୍ମିତା ପାତ୍ର, ମନୋଜ ଦଳେଇ, ଗୌରାଙ୍ଗଚନ୍ଦ୍ର ମହାପାତ୍ର, ରାଜୀବ କୁମାର ଗିରି, ତପନ କୁମାର ସାହୁ, ଶୁଭଶ୍ରୀ ନନ୍ଦ, ବିପୀନ ବିହାରୀ ସିଂ, ପଙ୍କଜ କୁମାର ପଣ୍ଡା ପ୍ରମୁଖ ଅଧ୍ୟାପକ, ଅଧ୍ୟାପିକା ପ୍ରମୁଖ ଜିଲ୍ଲାପାଳ ଶ୍ରୀଭରଦ୍ୱାଜଙ୍କୁ ସାକ୍ଷାତ କରି ଏକ ସ୍ମାରକପତ୍ର ପ୍ରଦାନ କରିଥିଲେ । ଲୁଇପା ଡ଼ିଗ୍ରୀ ମହାବିଦ୍ୟାଳୟର ଅଧ୍ୟାପକ ଓ ଅଧ୍ୟାପିକାମାନଙ୍କ ଅଭିଯୋଗ ଆଧାରରେ ଅଧ୍ୟକ୍ଷ ଶ୍ରୀଦେ ଶହେ କିମ୍ବା ହଜାରେ ନୁହେଁ, ଲକ୍ଷ ଲକ୍ଷ ଟଙ୍କାର ଦୁର୍ନୀତି କରିଛନ୍ତି । ସମସ୍ତଙ୍କୁ ଚୁନ ଲଗାଇ ଏହି ସମସ୍ତ ଟଙ୍କାକୁ ଚଲୁ କରିଛନ୍ତି ମହାବିଦ୍ୟାଳୟର ଅଧ୍ୟକ୍ଷ । ତାହା ପୁଣି ୟୁଜିସି ପକ୍ଷରୁ ମହାବିଦ୍ୟାଳୟକୁ ଆସିଥିବା ଅନୁଦାନ ସହ ମହାବିଦ୍ୟାଳୟରେ କାର୍ଯ୍ୟରତ ଅଧ୍ୟାପକ, ଅଧ୍ୟାପିକ ଓ କର୍ମଚାରୀମାନଙ୍କ ଏରିଆର ଟଙ୍କା, ଅନୁସୂଚିତ ଜାତି ଓ ଜନଜାତି ଛାତ୍ରଛାତ୍ରୀମାନଙ୍କ ଷ୍ଟାଇପେଣ୍ଡ ଟଙ୍କା ସହ ମହାବିଦ୍ୟାଳୟର ପାଣ୍ଠି ଆଦି । ଏହାକୁ ନେଇ ବିବାଦ ଘେରରେ ମହାବିଦ୍ୟାଳୟର ଅଧ୍ୟକ୍ଷ ଶ୍ରୀଦେ । ଏହି ସମସ୍ତ ଅଭିଯୋଗକୁ ନେଇ ମହାବିଦ୍ୟାଳୟର ଅଧ୍ୟାପକ ସମୀର ରଞ୍ଜନ ନାୟକ ମୁଖ୍ୟମନ୍ତ୍ରୀଙ୍କୁ ନିକଟରେ ଅଭିଯୋଗ କରିଥିଲେ ଏବଂ ମୁଖ୍ୟମନ୍ତ୍ରୀଙ୍କ ନିର୍ଦ୍ଦେଶ କ୍ରମେ କପ୍ତିପଦା ଉପଜିଲ୍ଲାପାଳ ଭଗବାନ ବେହେରା ଗତ କାଲି ଉଦଳା ଥାନା ଅନ୍ତର୍ଗତ ରାଢ଼ୋ ଲୁଇପା ଡ଼ିଗ୍ରୀ ମହାବିଦ୍ୟାଳୟରେ ପହଞ୍ଚିଥିଲେ । ଉପଜିଲ୍ଲାପାଳ ତଦନ୍ତ ଶେଷ କରି ଫେରିବା ସମୟରେ ମହାବିଦ୍ୟାଳୟର ଫାଟକ ସମ୍ମୁଖରେ ତଦନ୍ତ ରିପୋର୍ଟ ସାର୍ବଜନୀନ କରାଯିବା ଦାବିରେ ମହାବିଦ୍ୟାଳୟର ଛାତ୍ର ଓ ଅନ୍ୟ ଜଣେ ସ୍ଥାନୀୟ ବ୍ୟକ୍ତି ଜାତୀୟ ପତାକା ଧରି ରାସ୍ତା ଅବରୋଧ କରିବା ସହ ଗାଡ଼ି ସମ୍ମୁଖରେ ଶୋଇ ଧାରଣାରେ ବସିଥିଲେ । ଉକ୍ତ ଘଟଣାରେ ଆଜି ଉଦଳା ଥାନା ଦାୟିତ୍ୱରେ ଥିବା ଖୁଣ୍ଟା ଥାନା ଆଇଆଇସି ସ୍ୱର୍ଣ୍ଣଲତା ମିଞ୍ଜ ଅଧ୍ୟାପକ ମନ୍ମଥ କୁମାର ପଣ୍ଡା(୪୮), ସୁଶାନ୍ତ କୁମାର ମଲ୍ଲିକ(୨୦) ଓ ରଞ୍ଜିତ୍ କୁମାର ବିଶ୍ୱାଳ(୨୪)ଙ୍କୁ ଆଇପିସି ଧାରା ୩୪୧, ୩୪୨, ୩୫୩, ୨୬୮, ୨୬୯, ୨୭୦, ୧୮୬, ୧୮୮ ଓ ୩୪ ସହ ୧୯୮୭ ମହାମାରୀ ଆକ୍ଟ-୩ ଓ ବିପର୍ଯ୍ୟୟ ପରିଚାଳନା ଆକ୍ଟ-୨୦୦୫ ଧାରା ୫୬ରେ (କେଶ ନମ୍ବର ୨୩୯/ ୨୦୨୦) ଗିରଫ କରି କୋର୍ଟ ଚାଲାଣ କରିଥିବା ସମୟରେ ମହାବିଦ୍ୟାଳୟର ଅଧ୍ୟାପକ, ଅଧ୍ୟାପିକାମାନେ ଥାନାରେ ଦେଇଥିବା ଅଭିଯୋଗ ଉପରେ ଅଦ୍ୟାବଧି କୌଣସି କାର୍ଯ୍ୟାନୁଷ୍ଠାନ ଗ୍ରହଣ କରାଯାଇ ପାରିନାହିଁ । ଅଧିକନ୍ତୁ, ବିଭିନ୍ନ ସମୟରେ ବାହାରର ବ୍ୟକ୍ତି ଓ ମହିଳାମାନଙ୍କୁ ଲଗାଇ ଅଧ୍ୟକ୍ଷ ଶ୍ରୀଦେ ମହାବିଦ୍ୟାଳୟ ପରିସରରେ ଅଧ୍ୟାପକ, ଅଧ୍ୟାପିକାମାନଙ୍କୁ ଧମକଚମକ ଦେବା ସହ ଜଣେ ଅନୁସୂଚିତ ଜନଜାତି ସମ୍ପ୍ରଦାୟର ଅଧ୍ୟାପିକା ମହାବିଦ୍ୟାଳୟକୁ ଆସୁଥିବା ସମୟରେ ରାସ୍ତାରେ ଲୋକ ଲଗାଇ ଜାତିଆଣା ଆକ୍ଷେପ ସହ ଅଶାଳୀନ ଭାଷାରେ ଗାଳିଗୁଲଜ ଓ ଧମକ ଚମକ ଦେଇଥିଲେ । କେବଳ ଏତିକି ନୁହେଁ ଅଧ୍ୟକ୍ଷ ଶ୍ରୀଦେ ତାଙ୍କ ଭାଇ ଓ ପୁଅଙ୍କୁ ମହାବିଦ୍ୟାଳୟରେ ନିଯୁକ୍ତି ପ୍ରଦାନ କରିଛନ୍ତି । ସେମାନେ ମହାବିଦ୍ୟାଳୟକୁ ଆସୁନଥିବା ବେଳେ ପ୍ରତ୍ୟେକ ମାସ ଦରମା ଉଠାଯାଉଛି । ପୁଣି କେତେକ ଅଧ୍ୟାପକଙ୍କ ଅଗୋଚରରେ ସ୍ୱାକ୍ଷରକୁ ନକଲ କରି କରାଯାଇ ଟଙ୍କା ଉଠାଯାଇଛି । ଲୁଇପା ଡ଼ିଗ୍ରୀ ମହାବିଦ୍ୟାଳୟର ଅଧ୍ୟକ୍ଷ ଶ୍ରୀଦେଙ୍କ ନାମରେ ଏହିପରି ବିଭିନ୍ନ ସଙ୍ଗୀନ ଅଭିଯୋଗ ଆଣି ମହାବିଦ୍ୟାଳୟର ଅଧ୍ୟାପକ, ଅଧ୍ୟାପିକାମାନେ ବାରମ୍ବାର ମୁଖ୍ୟମନ୍ତ୍ରୀଙ୍କ ଦୃଷ୍ଟି ଆକର୍ଷଣ କରିଆସୁଥିବା ସମୟରେ ଆଜି ଜିଲ୍ଲାପାଳଙ୍କୁ ଭେଟି ନିଜର ଅଭିଯୋଗ ଜଣାଇଛନ୍ତି । ତେବେ ଏହାର ଶେଷ କେଉଁଠି ତାହାକୁ ନେଇ ଉଠିଛି ପ୍ରଶ୍ନ । ଅଧ୍ୟକ୍ଷ ଓ ଅଧ୍ୟାପକମାନଙ୍କ ମଧ୍ୟରୁ ବଳି ପଡ଼ିବ କିଏ । ଏହି ବିବାଦ ମଧ୍ୟରେ ସତ୍ୟର ଜୟ ହେଉଛି ନା ଅସତ୍ୟର ଜୟ ହେଉଛି , ତାହା କେବଳ ପରବର୍ତି ସମୟ ହିଁ କହିବ ।




୨୬ତମ ପ୍ରତିଷ୍ଠା ଦିବସ ସମାରୋହ

ଖେଳ

ସମ୍ପୂର୍ଣ୍ଣ ନିରପେକ୍ଷ ସାଧାରଣ ଲୋକଙ୍କ ଖବର କାଗଜ

# ପର୍ଯ୍ୟବେକ୍ଷକ

Bhubaneswar Wednesday November 06 ଭୁବନେଶ୍ୱର ବୁଧବାର, ନଭେମ୍ବର ୦୬,୨୦୨୪ Daily Edition : R.N.I.No: ODIODI /1999/00717 Postal Regd. No: BN/57/18-20 www.paryabekhyak.com

## ଜାଗ୍ରତ କନ୍ଧମାଳର ପ୍ରସ୍ତୁତି ବୈଠକ ପାଳନ ହେବ ଆମ୍ବେଦକରଙ୍କ ତିରୋଧାନ ଦିବସ



ଫୁଲବାଣୀ,(ପି.ଏନ):ବିଶ୍ୱରତ୍ନ ବାବାସାହେବ ଡ଼ ଆମ୍ବେଦକର ଙ୍କ ଆଗାମୀ ଡିସେମ୍ବର ୬ ତାରିଖ ପରିନିର୍ବାଣ ଦିବସ ପାଳନ ନିମନ୍ତେ ସାମାଜିକ ସଂଗଠନ ଜାଗ୍ରତ କନ୍ଧମାଳ ତରଫରୁ ଫୁଲବାଣୀ ସାମ୍ବାଦିକ ଭବନ ଠାରେ ସଭାପତି ଅରୁଣ ନାୟକ ଙ୍କ ସଭାପତିତ୍ୱ ରେ ଅନୁଷ୍ଠିତ ହେଇଥିଲା. ବୈଠକ ରେ ସଂଗଠନ ର ସାଧାରଣ ଆଇନଜୀବୀ ସତ୍ୟନାରାୟଣ ବେହେରା କାର୍ଯ୍ୟକ୍ରମ ବିଷୟରେ ଆଲୋଚ଼ନା କରି ପ୍ରତେକ ବର୍ଷ ପରି ସରକାର ଙ୍କ ନିକଟରେ କନ୍ଧମାଳ ପାଇଁ ବିଭିନ୍ନ ଦାବି ସହିତ ରେ ଓବିଶି ଙ୍କ ନିମନ୍ତେ ଶିକ୍ଷା, ନିଯୁକ୍ତି, ରାଜନୀତି ରେ ୫୨% ସ୍ଥାନ ସଂରକ୍ଷଣ, କିରାଣୀ, ଶିକ୍ଷକ, ଏଲ. ଆଇ, ଏ. ଏନ ଏମ, ପିଅନ ଡ୍ରାଇଭର, ପଂଚ଼ାୟତ ଅଫିସର ପ୍ରମୁଖ ନିଯୁକ୍ତି କୁ ଜିଲା ଭିତିକ କରାଯିବା, ଜ଼ିଲ୍ଲାରେ ଖାଲିଥିବା, ପୋଲିସ ଅଫିସର, କନେଷ୍ଟବଲ, ପଦବୀ ପୂରଣ ବିଷୟରେ ଦାବି ଉପସ୍ଥାପନ କରାଯିବ ଓ ଯେଉଁ ଅଂଚ଼ଳ ରେ ଯାହା ବି ସମସ୍ୟା ଅଛି ଆସନ୍ତା ୨୫ ତାରିଖ ଭିତରେ କମିଟି କୁ ଜଣେଇ ବାକୁ କହିଥିଲେ, ଉପଦେଷ୍ଟା କ୍ଷୀରୋଦ ସାହାଣୀ ଜାଗ୍ରତ କନ୍ଧମାଳ ର ନିଜସ୍ୱ ଜାଗା ଓ କାର୍ଯ୍ୟାଳୟ ଉପରେ ଆଲୋଚ଼ନା କରିଥିଲେ ଓ ମାନ୍ୟବର ବିଧାୟକ ମାନଙ୍କ ଦୃଷ୍ଟି ଆକର୍ଷଣ କରିବାକୁ ପରାମର୍ଶ ଦେଇଥିଲେ, ସଂଗଠନ ର ସହସମ୍ପାଦକ ସୋମନାଥ ନାୟକ, ଅନୁସୂଚ଼ିତ ଜନଜାତି ସମ୍ପାଦକ ସୁବାସ ପଧାନ, ଅନୁସୂଚ଼ିତ ଜାତି ସଭାପତି ହୃଷିକେଶ ବେହେରା, ଅନୁସୂଚ଼ିତ ଜାତି ସମ୍ପାଦକ ମିଥୁନ ନାୟକ, କୋଷାଧକ୍ଷ ମେନକା ଅର୍ଜଲୀ, ମହିଳା ନେତ୍ରୀ କୁମୁଦିନୀ ବେହେରା,ଜି ଉଦୟଗିରି ସଭାପତି ଫିରୋଜ ଦିଗଲ. ଉପଦେଷ୍ଟା ତଥା ସିନେ ତାରକା ଜଳନ୍ଧର ବେହେରା, ଉପଦେଷ୍ଟା ଆଦିତ୍ୟ ତ୍ରିପାଠୀ, ସଦସ୍ୟ, ଉମା ମୁଖି, ଅନ୍ତର୍ଯ୍ୟାମୀ ବେହେରା, ରୋହିତ ବେହେରା ଶିବ ଭୋଇ ମୁନିସିପାଲିଟି ସଭାପତି ଦିବାକର , ସରୋଜ ଡିଗାଲ ଉପଦେଷ୍ଟା ଡ଼. ସୂର୍ଯ୍ୟ ନାରାୟଣ ବେହେରା ସହିତ ପ୍ରାୟ ପଚ଼ାଶ ଜଣ କାର୍ଯ୍ୟକର୍ତା ଉପସ୍ଥିତ ଥିଲେ. କାର୍ଯ୍ୟକ୍ରମ ନିମନ୍ତେ ଏକ କମିଟି ଗଠନ କରାଯାଇଥିଲା, ଜଳନ୍ଧର ବେହେରା, ସୁନୀଲ ବିଶ୍ୱାଳ, ରମେଶ ପଧାନ, ଖିରୋଦ ସାହାଣୀ, ଫିରୋଜ ଦିଗଲ, ଡ଼. ସୂର୍ଯ୍ୟନାରାୟଣ ବେହେରା, ମୁରଲୀ ଡିଗାଲ ଙ୍କୁ ମନୋନୀତ କରାଯାଇଥିଲା ।

## ନିଶା ସେବନ ଅପକାରିତା ଉପରେ ବାଣୀଧାରା ପକ୍ଷରୁ ଦୁଇଦିନିଆ ସଚେତନତା କର୍ମଶାଳାରେ ଯୋଗଦେବେ ରାଜ୍ୟ ପୋଲିସ ମହା ନିର୍ଦ୍ଦେଶକ



ପାରାଦୀପ,(ପି.ଏନ): ଦେଶର କିଛି ଯୁବପିଢୀ ଓ ଛାତ୍ର ଛାତ୍ରୀମାନେ ଦିନକୁ ଦିନ ଅବୈଧ ନିଶା ସେବନ ଦିଗରେ ବିପଥଗାମୀ ହେବା ଦ୍ୱାରା ଏହା ଯେ କେବଳ ସମାଜରେ କୁପ୍ରଭାବ ପକାଏ ତାହା ନୁହେଁ, ବରଂ ଏହା ଆମ ଦେଶର ମେରୁଦଣ୍ଡକୁ ଦୁର୍ବଳ କରି ଦେଉଛି । ଅବୈଧ ଡ୍ରଗ୍ସ ସେବନର ଅପକାରିତା ବିଷୟରେ ଯୁବ ପୀଢ଼ିଙ୍କ ଭିତରେ ସଚେତନତା ସୃଷ୍ଟି କରିବା ପାଇଁ 'ବାଣୀଧାରା' ସଙ୍ଗଠନ ଓଡିଶାର ବିଭିନ୍ନ ପ୍ରାନ୍ତରେ ସଚେତନଧର୍ମି କାର୍ଯକ୍ରମ କରି ଆସୁଅଛି କ୍ଷ ଆଗାମୀ ଦିନରେ ସଙ୍ଗଠନ ଏହି କାର୍ଯ୍ୟକ୍ରମକୁ ବ୍ୟାପକ କରିବାକୁ ଏବଂ ଅଧିକରୁ ଅଧିକ ସ୍ୱେଚ୍ଛାସେବୀ ତିଆରି କରିବାର ଲକ୍ଷ ରଖି ଏକ ଦୁଇ ଦିନିଆ କର୍ମଶାଳା ଆୟୋଜନ କରାଯିବାର ଯୋଜନା କରାଯାଇଛି । ଏହି କର୍ମଶାଳାରେ ରାଜ୍ୟ ପୁଲିସ୍ ମହା ନିର୍ଦ୍ଦେଶକ ଯୋଗ ଦେବାକୁ ସ୍ୱୀକୃତି ପ୍ରଦାନ କରିଥିବା ବେଳେ, ରାଜ୍ୟର ବିଭିନ୍ନ ପ୍ରାନ୍ତ ଓ ଜିଲ୍ଲାରୁ ଛାତ୍ରଛାତ୍ରୀ ମାନେ ଯୋଗଦେବାର କାର୍ଯକ୍ରମ ରହିଛି । ଏହା ନିଶ୍ଚିତ ଭାବରେ ସମାଜରେ ସଚେତନତା ସୃଷ୍ଟି କରିବା ସହ ଭାରତ ସରକାରଙ୍କ 'ନିଶା ମୁକ୍ତ ଭାରତ ଅଭିଯାନ'ର ଏକ ଅବିଚ୍ଛେଦ୍ୟ ଅଙ୍ଗ ଭଳି କାର୍ଯ୍ୟ କରିବ । ଏହି ପରିପ୍ରେକ୍ଷୀରେ 'ବାଣୀଧାରା' ସଙ୍ଗଠନର ଆବାହକ ଆଇନଜୀବୀ ଗତିକୃଷ୍ଣ ଶତପଥି, କରୁଣାକର ସାହୁ, ସତ୍ୟସୁନ୍ଦର ସାମନ୍ତରାୟ ଓ ବ୍ରଜ ସୁନ୍ଦର ଦାସ ପୋଲିସ୍ ଡି.ଜି. ୱାଇ ବି. ଖୁରାନିଆଙ୍କୁ ଧନ୍ୟବାଦ୍ ଜଣାଇବା ସହିତ ଆଗାମୀ ଦିନରେ ଓଡ଼ିଶାରେ କିପରି ଅବୈଧ ଡ୍ରଗ୍ସ କାରବାର ବନ୍ଦ କରାଯିବ ସେଥି ପ୍ରତି କଠୋର ପଦକ୍ଷେପ ନିଆଯିବ ବୋଲି କହିଥିଲେ ।

## ନୂତନ ଶବଦାହ ଗୃହ ନିମନ୍ତେ ତହସିଲଦାର ଏବଂ ବିଡ଼ିଓଙ୍କୁ ଦାବିପତ୍ର



ବାଲିଅନ୍ତା,(ପି.ଏନ): ସୋମବାର ମଧ୍ୟାହ୍ନରେ ନୂତନ ଶବଦାହ ଗୃହ ନିମନ୍ତେ ଶତାଧିକ ଲୋକ ଏକତ୍ରିତ ହୋଇ ସ୍ଥାନୀୟ ସରପଞ୍ଚ ଏବଂ ସମିତିସଭ୍ୟଙ୍କ ନେତୃତ୍ୱରେ ବାଲିଅନ୍ତା ବ୍ଲକ ବିଡ଼ିଓଙ୍କ ସମେତ ତହସିଲଦାରଙ୍କୁ ଦାବିପତ୍ର । ସୂଚ଼ନା ମୁତାବକ ବାଲିଅନ୍ତା ବ୍ଲକ ଉମାଦେଇବ୍ରହ୍ମପୁର ଗ୍ରାମ ପଞ୍ଚାୟତର ସାହାବାଜ ଭୋଇ ସାହି, ହୀରାପୁର ଭୋଇସାହି,ଗଡକଣ୍ଟୁଣିଆ ଭୋଇସାହି ଲୋକେ ଶବଦାହ ପାଇଁ ନାହିଁ ନଥିବା ଅସୁବିଧାର ସମ୍ମୁଖିନ ହେଉଛନ୍ତି । ଶବଦାହ ନିମନ୍ତେ ଏକ ଶବଦାହ ଜୁଇ ନଦୀ ପଠାରେ ଥିଲେ ମଧ ତାହା ବର୍ଷା ଦିନରେ ଶବଦାହ ପାଇଁ ତା ନିକଟକୁ ଯିବାକୁ ହେଲେ ରାସ୍ତାରେ ବେଳେ ପାଣି ଜମା ହୋଇ ରହୁଥିବାରୁ ଶବ ନଯାଇପାରି ଅନ୍ୟତ୍ର ତଥା ଜଗନ୍ନାଥ ସଡ଼କ ନୟନ ଜୋରରେ ଶବଦାହ କରାଯାଉଛି । ଯାହା ଫଳରେ ସ୍ଥାନୀୟ ଲୋକଙ୍କର ଅନେକ ଅଭିଯୋଗ ହେଉଥିବାର ଦେଖିବାକୁ ମିଳୁଚ଼ି । ଏହି ପରିପେଖିରେ ସାହାବାଜ ଭୋଇ ସାହି , ହୀରାପୁର ଭୋଇସାହୀ, କଣ୍ଟୁଣିଆ ଭୋଇସାହିର ଶତାଧିକ ପୁରୁଷ ଓ ମହିଳା ଆଜି ଏକାଠି ହୋଇ ଉମାଦେଇବ୍ରହ୍ମପୁର ଗ୍ରାମ ପଞ୍ଚାୟତର ସରପଞ୍ଚ ରମାଲତା ନାୟକ ଏବଂ ସମିତି ସଭ୍ୟ ରଂଜନ କୁମାର ମହାପାତ୍ରଙ୍କ ନେତୃତ୍ୱରେ ଏକ ଦାବି ପତ୍ର ବାଲିଅନ୍ତା ତହସିଲ ଦାର ବିମଲ୍ ଲେଙ୍କା ଏବଂ ବାଲିଅନ୍ତା ବିଡ଼ିଓ ପାବିତ୍ର ମୋହନ ସାମଲଙ୍କୁ ଦାବିପତ୍ର ପ୍ରଦାନ କରାଯାଇଅଛି । ଅନ୍ୟମାନଙ୍କ ମଧ୍ୟରେ ପ୍ରକୃତି ବନ୍ଧୁ ଦୀନବନ୍ଧୁ ଭୋଇ, ସମାଜସେବୀ ବିଜୟ ମହାରଣା, ୱାର୍ଡ଼ ସଭ୍ୟା ସୁଚ଼ିତ୍ରା ଭୋଇ ଓ ୱାର୍ଡ଼ ସଭ୍ୟ ଅଭିମନ୍ୟୁ ଭୋଇ ପ୍ରମୁଖ ଉପସ୍ଥିତ ଥିଲେ ।

## ମାଇଁ ଏନ୍‌ସିସି ଆଲୁମିନି ଆସୋସିଏସନ ପକ୍ଷରୁ ଜିଲ୍ଲାସ୍ତରୀୟ ମେଗା ପ୍ରତିଯୋଗିତା



କେନ୍ଦ୍ରାପଡ଼ା,(ପି.ଏନ): କେନ୍ଦ୍ରାପଡା ସ୍ୱୟଂଶାସିତ ମହାବିଦ୍ୟାଳୟର ମାଇଁ ଏନ୍‌ସିସି ଆଲୁମିନି ଆସୋସିଏସନ ପକ୍ଷରୁ ମେଗା ପ୍ରତିଯୋଗିତା କେନ୍ଦ୍ରାପଡା ସ୍ୱୟଂଶାସିତ ମହାବିଦ୍ୟାଳୟରେ ଅନୁଷ୍ଠିତ ହୋଇଯାଇଛି । ଏହି ପ୍ରତିଯୋଗିତା ପ୍ରତିବର୍ଷ କେନ୍ଦ୍ରାପଡା ଜିଲ୍ଲାର ବିଦ୍ୟାଳୟ ଏବଂ ମହାବିଦ୍ୟାଳୟ ସ୍ତରରେ ଆୟୋଜିତ ହୋଇଥାଏ । ଏହି ପ୍ରତିଯୋଗିତାରେ ଚଳିତବର୍ଷ ନୃତ୍ୟ, ଚିତ୍ରାଙ୍କନ, ସାଧାରଣ ଜ୍ଞାନ ଓ ପ୍ରବନ୍ଧ ଲିଖନ (ଓଡିଆ ଭାଷାରେ) ପ୍ରଭୃତି ପ୍ରତିଯୋଗିତା କରାଯାଇଥିଲା । ପ୍ରତିଯୋଗିତାରେ ୬୫୦ରୁ ଉର୍ଦ୍ଧ୍ୱ ଛାତ୍ରଛାତ୍ରୀ ଅଂଶଗ୍ରହଣ କରିଥିଲେ । ଏହି ପ୍ରତିଯୋଗିତାରେ ଭାଗ ନେବା ପାଇଁ କେନ୍ଦ୍ରାପଡା ଜିଲ୍ଲାର ସମସ୍ତ ବିଦ୍ୟାଳୟ ଏବଂ ମହାବିଦ୍ୟାଳୟ ସ୍ତରରେ ଛାତ୍ରଛାତ୍ରୀମାନଙ୍କ ମଧ୍ୟରେ ଅହେତୁକ ଉତ୍କଣ୍ଠା ଦେଖିବାକୁ ମିଳିଥିଲା । ଏହି କାର୍ଯ୍ୟକ୍ରମକୁ କେନ୍ଦ୍ରାପଡା ମହାବିଦ୍ୟାଳୟର ଅଧକ୍ଷ ଅଭିଜିତ ବୋଷ ଆନୁଷ୍ଠାନିକ ଭାବେ ଉଦ୍‌ଘାଟନ କରିବା ସହିତ ବିଭିନ୍ନ ବିଭାଗର ଅଧ୍ୟାପକ, ଅଧ୍ୟାପିକାମାନେ ଉପସ୍ଥିତ ଥିଲେ । ଏହି ପ୍ରତିଯୋଗିତା ଏନ୍‌ସିସି ବାଳକ ବିଭାଗର ଏଏନ୍‌ଓ ସତ୍ୟରଞ୍ଜନ ମିଶ୍ର ଓ ଏନ୍‌ସିସି ବାଳିକା ବିଭାଗର କ୍ୟାପ୍‌ଟେନ ସୀମା ମହାନ୍ତିଙ୍କ ତତ୍ତ୍ୱାବଧାନରେ ଅନୁଷ୍ଠିତ ହୋଇଥିବା ବେଳେ ସମସ୍ତ ଏନ୍‌ସିସି କ୍ୟାଡେଟ୍‌ମାନଙ୍କ ସହ ମାଇଁ ଏନ୍‌ସିସି ଆଲୁମିନି ଆସୋସିଏସନର ସଦସ୍ୟ ସଦସ୍ୟାମାନେ ଉପସ୍ଥିତ ରହି ଏହାକୁ ସୁପରିଚାଳନା କରିଥିଲେ । ମାଇଁ ଏନ୍‌ସିସି ଆଲୁମିନି ଆସୋସିଏସନ ପକ୍ଷରୁ ଏହି କାର୍ଯ୍ୟକ୍ରମ ପ୍ରତିବର୍ଷ ପାଳନ ହେଉଥିବା ହେତୁ ଏହା ଜିଲ୍ଲାରେ ଏକ ଅଗ୍ରଣୀ ପ୍ରତିଯୋଗିତା ଭାବେ ପରିଗଣିତ ହେଉଅଛି । ଏହି ପ୍ରତିଯୋଗିତାରେ କୃତିତ୍ୱ ହାସଲ କରିଥିବା ଛାତ୍ରଛାତ୍ରୀମାନେ ହେଲେ ଗ୍ରୁପ୍ -ଏ ନୃତ୍ୟ ପ୍ରତିଯୋଗିତାରେ କେନ୍ଦ୍ରାପଡା ପବ୍ଲିକ ସ୍କୁଲର ସମୀକ୍ଷା ଲେଙ୍କା ପ୍ରଥମ, କେନ୍ଦ୍ରାପଡା ଓଡିଶା ଆଦର୍ଶ ବିଦ୍ୟାଳୟରର ଜେ.ପ୍ରାଚିତ ରାଜନନ୍ଦିନୀ ଦ୍ୱିତୀୟ, ସେଣ୍ଟ ଯୋଶେଫ୍ ସ୍କୁଲର ଶ୍ରେୟାସି ବିଶ୍ୱାଳ ତୃତୀୟ ସ୍ଥାନ ଅଧିକାର କରିଛନ୍ତି । ଗ୍ରୁପ୍ -ବି ନୃତ୍ୟ ପ୍ରତିଯୋଗିତାରେ ଜବାହାର ନବୋଦୟ ବିଦ୍ୟାଳୟର ଦିବ୍ୟାଂଶ ପ୍ରିୟଲକ୍ଷ୍ମୀ ପ୍ରଥମ ସ୍ଥାନ, କେନ୍ଦ୍ରାପଡା ରେସିଡେନ୍ସିଆଲ ପବ୍ଲିକ ସ୍କୁଲ, ଦାନପୁରର ରାଖି ଦିଗଲ ଦ୍ୱିତୀୟ, କେନ୍ଦ୍ରାପଡା ପବ୍ଲିକ ସ୍କୁଲର ସାସ୍ୱତୀ ଯେନା ତୃତୀୟ ସ୍ଥାନ ଅଧିକାର କରିଛନ୍ତି । ଗ୍ରୁପ- ସି ନୃତ୍ୟ ପ୍ରତିଯୋଗିତାରେ ଓଡିଶା ଆଦର୍ଶ ବିଦ୍ୟାଳୟ କେନ୍ଦ୍ରାପଡାର ଗାର୍ଗି ପ୍ରିୟଦର୍ଶିନୀ ସାହୁ ପ୍ରଥମ ସ୍ଥାନ ଅଧିକାର କରିଥିବା ବେଳେ କେନ୍ଦ୍ରାପଡା ପବ୍ଲିକ ସ୍କୁଲର ନିହାରିକା ମଲ୍ଲିକ ଦ୍ୱିତୀୟ ଓ ପିଏନ୍‌ଏସ୍ କଲେଜର ଲିପ୍ସାରାଣୀ ପରିଡା ତୃତୀୟ ସ୍ଥାନ ଅଧିକାର କରିଛନ୍ତି । ଗ୍ରୁପ୍ -ଏ ସାଧାରଣ ଜ୍ଞାନ ପ୍ରତିଯୋଗିତାରେ ଜବାହାର ନବୋଦୟ ବିଦ୍ୟାଳୟର କୁମାର ସାଇ ସମ୍ଭବ ପ୍ରଥମ ସ୍ଥାନ ଅଧିକାର କରିଥିବା ବେଳେ ସରସ୍ୱତୀ ଶିଶୁ ବିଦ୍ୟାମନ୍ଦିରର ଦୀପଙ୍କର ବାରିକ ଦ୍ୱିତୀୟ, ଡେରାବିଶ ଓଡିଶା ଆଦର୍ଶ ବିଦ୍ୟାଳୟର ମଧୁପର୍ଣ୍ଣା ଜେନା ତୃତୀୟ ସ୍ଥାନ ଅଧିକାର କରିଛନ୍ତି । ଗ୍ରୁପ୍- ଡି ସାଧାରଣ ଜ୍ଞାନ ପ୍ରତିଯୋଗିତାରେ ଓଡିଶା ଆଦର୍ଶ ବିଦ୍ୟାଳୟର ଦୀପ୍ତିମାନ ଶତପଥୀ ପ୍ରଥମ, କେନ୍ଦ୍ରାପଡା ରେସିଡେନ୍ସିଆଲ ପବ୍ଲିକ ସ୍କୁଲ, ଦାନପୁରର ଅନନ୍ୟା ରୁଚିକା ମହାପାତ୍ର ଏବଂ କେନ୍ଦ୍ରାପଡା ପବ୍ଲିକ ସ୍କୁଲର ଅଙ୍କିତା ସାହୁ ଯୁଗ୍ମ ଦ୍ୱିତୀୟ ସ୍ଥାନ ଏବଂ କେନ୍ଦ୍ରାପଡା ପବ୍ଲିକ ସ୍କୁଲର ତ୍ରୟମ୍ ମହାନ୍ତି ତୃତୀୟ ସ୍ଥାନ ଅଧିକାର କରିଛନ୍ତି । ଗ୍ରୁପ୍- ସି ସାଧାରଣ ଜ୍ଞାନ ପ୍ରତିଯୋଗିତାରେ କେନ୍ଦ୍ରାପଡା ଉଚ୍ଚ ମାଧମିକ ବିଦ୍ୟାଳୟର ସୁଶ୍ରୀ ଭାଗ୍ୟଶ୍ରୀ ଦାଶ ପ୍ରଥମ ହୋଇଥିବା ବେଳେ କେନ୍ଦ୍ରାପଡା ସ୍ୱୟଂଶାସିତ ମହାବିଦ୍ୟାଳୟର କଲ୍ୟାଣୀ ଦାସ ଓ କେନ୍ଦ୍ରାପଡା ଉଚ୍ଚ ମାଧ୍ୟମିକ ବିଦ୍ୟାଳୟର ରୁଦ୍ରପ୍ରସାଦ ଦାସ ଯୁଗ୍ମ ଦ୍ୱିତୀୟ ଏବଂ କେନ୍ଦ୍ରାପଡା ସ୍ୱୟଂଶାସିତ ମହାବିଦ୍ୟାଳୟର ଭାରତ ଭୂଷଣ ସ୍ୱାଇଁ ତୃତୀୟ ସ୍ଥାନ ଅଧିକାର କରିଛନ୍ତି । ଗ୍ରୁପ୍ -ଏ ଚିତ୍ରାଙ୍କନ ପ୍ରତିଯୋଗିତାରେ ସେଣ୍ଟ ଯୋଶେଫ୍ ସ୍କୁଲର ଶ୍ରେୟା ସୁମନ ଘୋଷ୍ ପ୍ରଥମ, ବେଲତଳ ୟୁପି ସ୍କୁଲ, ପଟ୍ଟାମୁଣ୍ଡାଇର ସୂର୍ଯ୍ୟ ପ୍ରକାଶ ନାଥ ଦ୍ୱିତୀୟ ଓ ଡେରାବିଶ ହାଇସ୍କୁଲର କିସନ କୁମାର ନାୟକ ତୃତୀୟ ସ୍ଥାନ ଅଧିକାର କରିଛନ୍ତି । ଗ୍ରୁପ୍ -ବି ଚିତ୍ରାଙ୍କନ ପ୍ରତିଯୋଗିତାରେ କେନ୍ଦ୍ରୀୟ ବିଦ୍ୟାଳୟର ଏନ୍ କେ କୁନାଲ ପ୍ରଥମ ସ୍ଥାନ, ସେଣ୍ଟ ଜାଭିୟର ହାଇସ୍କୁଲର ସୂଚିସ୍ମିତା ସାହୁ ଦ୍ୱିତୀୟ, ଓଡିଶା ଆଦର୍ଶ ବିଦ୍ୟାଳୟ, ଡେରାବିଶର ସାଇ ନାରାୟଣ ବେହେରା ତୃତୀୟ ସ୍ଥାନ ଅଧିକାର କରିଛନ୍ତି । ଗ୍ରୁପ୍ -ସି ଚିତ୍ରାଙ୍କନ ପ୍ରତିଯୋଗିତାରେ ଓଡିଶା ଆଦର୍ଶ ବିଦ୍ୟାଳୟର ମନୋରଞ୍ଜନ ମହାନ୍ତି ପ୍ରଥମ, ଏମ୍ ଏନ୍ ହାଇସ୍କୁଲ, ପଟ୍ଟାମୁଣ୍ଡାଇର ସ୍ୱରୂପ କୁମାର ନାଥ ଦ୍ୱିତୀୟ, ସେଣ୍ଟ ଯୋଶେଫ୍ ସ୍କୁଲର ସିଦ୍ଧେଷ ପରିଡା ତୃତୀୟ ସ୍ଥାନ ହାସଲ କରିଛନ୍ତି । ସମସ୍ତ କୃତି ଛାତ୍ରଛାତ୍ରୀମାନଙ୍କୁ ଚଳିତମାସ ୨୪ତାରିଖ ରବିବାର ମାଇଁ ଏନ୍‌ସିସି ଆଲୁମିନି ଆସୋସିଏସନର ବାର୍ଷିକ ଉତ୍ସବରେ ପୁରସ୍କୃତ କରାଯିବାର କାର୍ଯ୍ୟକ୍ରମ ରହିଛି । ଏହି ପ୍ରତିଯୋଗିତାର ଫଳାଫଳ ମଧ ମାଇଁ ଏନ୍‌ସିସି ଆଲୁମିନି ଆସୋସିଏସନର ଫେସ୍‌ବୁକ୍ ପେଜ୍‌ରେ ପାଇପାରିବେ । ମାଇଁ ଏନ୍‌ସିସି ଆଲୁମିନି ଆସୋସିଏସନ କେନ୍ଦ୍ରାପଡା ଜିଲ୍ଲାର ପ୍ରତିଭା ଅନ୍ୱେଷଣ ପ୍ରତିବର୍ଷ ଭଳି ଆଗାମୀ ଦିନମାନଙ୍କରେ ଆୟୋଜନ କରାଯିବ ବୋଲି ଆସୋସିଏସନର ସମ୍ପାଦକ ଚିନ୍ମୟ କୁମାର ବିଶ୍ୱାଳ ଜଣାଇଛନ୍ତି ।




Printed & Puböished by Budhadev Mohapatra on behaöf of Hiranmayee Media Pvt. Ötd. & Printed at Mayur Offset Printers, Pöot No. D-1/1, Mancheswar Industriaö Estate, Bhubaneswar-751<0 & Puböished at N-4, F/24, IRC Viööage, Nayapaööi, Bhubaneswar, Dist-Khordha, Pin-751<5, Phone : (0674© 2550751/2555116, Fax No. : 2550504, E-maiö :editorpbkc@gmaiö.com, paryabekhyak@gmaiö.com

ସମ୍ପାଦକ : ଡକ୍ଟର ପବିତ୍ର ମୋହନ ସାମନ୍ତରାୟ
EDITOR : Dr. Pabitra Mohan Samantaray